


ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 42 ISSUE-354 BHUBANESWAR SUNDAY 22 JUNE 2025 PAGE-12 ₹ 6.00 | PANIKOILI | ବର୍ଷ-୪୨ ସଂଖ୍ୟା-୩୫୪ ଭୁବନେଶ୍ୱର ରବିବାର ୨୨ ଜୁନ୍ ୨୦୨୫ ପୃଷ୍ଠା-୧୨ ଟ.୬.୦୦ (ସିନ୍ଦୂରା ସହ)



## PRAYASH CLASSES

## NEET RESULT 2025

| 600+ MARKS | 550+ MARKS | 515+ MARKS | TOTAL NO. OF GOVT. MBBS | GOVT MBBS FROM INTEGRATED BATCH | TOTAL NO. OF AIIMS / SCB | IN AIR 1000 | IN AIR 10000 |
|---|---|---|---|---|---|---|---|
| 09 STUDENTS | 95 STUDENTS | 200 STUDENTS | 228 EXPECTED | 39 EXPECTED | 82 EXPECTED | 06 STUDENTS | 80 STUDENTS |

| Marks | AIR | Name |
|---|---|---|
| 634 | 180 | PABITRA |
| 631 | 219 | ABHISHEK |
| 620 | 456 | ABHAYA |
| 611 | 762 | RITISHA |
| 609 | 845 | JAYJEET |
| 607 | 967 | ALYSSA |
| 606 | 1007 | BISHAL |
| 605 | 1035 | SANDIP |
| 602 | 1250 | OMKAR |
| 599 | 1439 | DEEPAK |
| 595 | 1700 | SWETALINA |
| 594 | 1785 | AYUSHMAN |
| 592 | 2002 | PREETAM |
| 591 | 2070 | SAISUDHA |
| 591 | 2151 | SWAYAMBHU |
| 590 | 2276 | SWAYAMSU |
| 589 | 2295 | VANEESHA |
| 589 | 2339 | ARYAN |
| 588 | 2501 | BARSHARANI |
| 585 | 2769 | SAI SARANYA |
| 585 | 2800 | MANOJ |
| 584 | 2972 | UTTAM |
| 583 | 3018 | SWAYAM |
| 583 | 3076 | SWAYANSHREE |
| 583 | 3088 | SHIBSAGAR |
| 582 | 3177 | ABHIJIT |
| 581 | 3397 | BHRUTI |
| 580 | 3531 | SAAHIL |
| 580 | 3526 | SWAGATIKA |
| 579 | 3606 | ANNAPURNA |
| 578 | 3771 | RAJESH |
| 577 | 4055 | PRIYANSHU |
| 577 | 4064 | DIPTIREKHA |
| 575 | 4384 | MIHIR |
| 575 | 4468 | ASHISH |
| 574 | 4611 | IPSITA NAYAK |
| 572 | 4989 | ALIVA |
| 571 | 5158 | IPSITA KAR |
| 571 | 5158 | ANSUMAN |
| 570 | 5367 | KANHEI |
| 569 | 5596 | SUMIT ROUT |
| 568 | 5862 | TANMAY |
| 568 | 5898 | A.S ANSHUMAN |
| 568 | 5942 | P.J.SONALI |
| 568 | 6010 | KUMAR PRINCE |
| 567 | 6018 | RUDRA |
| 567 | 6078 | R.S. AMRUTA |
| 567 | 6129 | SONALI |
| 567 | 6291 | SIBASISH |
| 566 | 6487 | SUNAYANA |
| 565 | 6577 | JASHOBANT |
| 565 | 6734 | PANKAJ |
| 565 | 6831 | SMRUTI |
| 564 | 7032 | ANWESHA |
| 564 | 7135 | SUBHRANSU |
| 563 | 7245 | SUCHI |
| 563 | 7305 | SOUMYASMITA |
| 563 | 7335 | SRIKRISHNA |
| 562 | 7526 | MONALISA |
| 562 | 7568 | ANSUMAN |
| 562 | 7627 | SWABHIMAN |
| 562 | 7647 | AYUSHMAN |
| 562 | 7736 | SUMIT |
| 562 | 7747 | SWARAJ |
| 561 | 7959 | OM MEHER |
| 561 | 8007 | SWASTIK |
| 561 | 8138 | DEEPAK |
| 560 | 8386 | ARPITA |
| 560 | 8430 | ASUTOSH |
| 559 | 8574 | ROJALIN |
| 559 | 8579 | SUSHREE |
| 559 | 8725 | ABHISHEK |
| 557 | 9448 | PRIYANKA |
| 557 | 9457 | ROHIT |
| 557 | 9563 | PRATIK |
| 556 | 9569 | ANANTA |
| 556 | 9618 | SAI SUBHRA |
| 556 | 9821 | ANINDITA |
| 556 | 9835 | KISHAN |
| 556 | 9868 | SMRUTI |
| 554 | 10506 | SIMRAN |
| 554 | 10576 | HARSHIT |
| 554 | 10693 | RUDRA |
| 553 | 10804 | PRAGYAN |
| 552 | 11316 | NIHARIKA |
| 552 | 11343 | PRIYANSHU |
| 552 | 11409 | SHIBASHISH |
| 552 | 11570 | MRUTUNJAY |
| 551 | 11721 | MOTILIPSHA |
| 551 | 11868 | SOUBHAGYA |
| 551 | 11948 | SUNIL |
| 550 | 12000 | HEMANTA |
| 550 | 12067 | GOURAB |
| 550 | 12229 | NIHARIKA |
| 550 | 12295 | NATASHA |
| 549 | 12463 | SAIKISHAN |
| 549 | 12465 | SUBHASISH |
| 549 | 12627 | ABHISHEK |
| 549 | 12713 | SIDHARTHA |
| 549 | 12720 | SWOSTIK |
| 549 | 12772 | MRITYONJAY |
| 548 | 12935 | AYUSH |
| 548 | 13046 | KRISHNA |
| 548 | 13103 | UMASHANKAR |
| 548 | 13147 | ANWESHA |
| 548 | 13282 | PRIYANSHU |
| 548 | 13361 | PRIMESH |
| 547 | 13496 | PRAJAKTA |
| 547 | 13669 | SUBHASMITA |
| 547 | 13718 | OMM JYOTI |
| 546 | 14008 | SNEHASIS |
| 546 | 14083 | AJITESH |
| 546 | 14145 | ANIL |
| 546 | 14296 | BISWESWAR |
| 546 | 14301 | ULLASH |
| 545 | 14562 | ROHIT |
| 545 | 14563 | SANGRAM |
| 545 | 14661 | ARPITA |
| 545 | 14750 | SOUMIK |
| 544 | 14931 | ANKITA |
| 544 | 15061 | SWEET |
| 543 | 15778 | SWATI |
| 542 | 15930 | JYOTIRANJAN |
| 542 | 16027 | SATYASWARUP |
| 542 | 16057 | MANDEEP |
| 542 | 16142 | SUBHAM |
| 542 | 16754 | AAYUSH |
| 541 | 16626 | SUNITA |
| 541 | 16694 | PRIYANSHU |
| 540 | 17340 | MANJULATA |
| 540 | 17371 | YAGNYASENI |
| 540 | 17440 | HIMANSHU |
| 539 | 17787 | ASHUTOSH |
| 538 | 18239 | SWAYAM |
| 538 | 18649 | SUBHAJIT |
| 537 | 19169 | ARMAN |
| 536 | 19782 | ABHINAB |
| 535 | 20330 | PAYAL |
| 535 | 20528 | OM TIWARI |
| 534 | 20866 | NITISH |
| 533 | 21842 | SANJEEV |
| 533 | 22030 | SASWAT |
| 532 | 22305 | PRIYANKA |
| 532 | 22372 | ANSUMAN |
| 532 | 22434 | SHREYASEE |
| 531 | 23225 | ANUSKA |
| 531 | 23395 | BISWAJIT |
| 531 | 23437 | ADYASHA |
| 530 | 23731 | OMM PRATIK |
| 530 | 23942 | SOUBHAGYA |
| 529 | 24586 | JAGRUTI |
| 528 | 25583 | SUBHASMITA |
| 527 | 26034 | BARSHA |
| 527 | 26145 | HARMONY |
| 527 | 26309 | ASIM |
| 527 | 26463 | DIBYAJYOTI |
| 526 | 26487 | AYUSHMAN |
| 526 | 26657 | SUBHAM |
| 526 | 26821 | BISHNU |
| 526 | 27085 | SOBHALIN |
| 525 | 27601 | AADITYA |
| 525 | 27640 | SASMITA |
| 525 | 27702 | SPANDITA |
| 524 | 28179 | ANSHUMAN |
| 524 | 28186 | ANANYA |
| 524 | 28428 | RUPASHREE |
| 524 | 28476 | NIHARIKA |
| 524 | 28507 | RATNABALI |
| 524 | 28543 | SWAGAT |
| 523 | 29176 | SATWIK |
| 523 | 29466 | SUBHAM |
| 523 | 29533 | ANEESH |
| 523 | 29750 | DEBAJYOTI |
| 522 | 29933 | ABHILIPSA |
| 522 | 30004 | RAJNANDINI |
| 521 | 30737 | ANWESHA |
| 521 | 30887 | MONALISHA |
| 521 | 31269 | SOMYA |
| 520 | 31642 | REONA |
| 520 | 31854 | SOURAV |
| 520 | 31930 | DEBASMIT |
| 519 | 32449 | ARPITA |
| 519 | 32958 | SURYA |
| 519 | 32781 | SOUMYA |
| 518 | 33495 | MOUSUMI |
| 518 | 33832 | SWATI |
| 518 | 33990 | OMM |
| 517 | 34119 | SWAHA |
| 517 | 34135 | SWAYAM |
| 517 | 34273 | SWAPNAMOY |
| 517 | 34604 | RITESH |
| 516 | 35284 | BARSHA |
| 516 | 35290 | SUDEEP |
| 516 | 35340 | RUDRANARAYAN |
| 516 | 35448 | DIBYAJYOTI |
| 516 | 35475 | SAGARIKA |
| 516 | 35674 | ARPITA |
| 516 | 35890 | SUMAN |
| 515 | 36000 | SAMIKSHYA |
| 515 | 36539 | SAYAM |

JAJPUR : TANDARA, SANKHACHILA, JAJPUR, 755015, CONTACT US : +91 78538 48170 | BALASORE : GANESWARPUR, JANUGANJ, INFRONT OF TENTULIA THAKURANI, BALASORE , 756019, CONTACT +91 91247 95476

ସକାଳ
THE SAKALA



# ଆଜି ନବୀନଙ୍କ ଅସ୍ତ୍ରୋପଚାର

# ଶୁଭ ମନାସି ରାଜ୍ୟବାସୀ ଜାଳିଲେ ଅଖଣ୍ଡ ଦୀପ

■ ଉପବାସ ସହ ମନ୍ଦିରରେ ମା'ମାନଙ୍କ ପୂଜାର୍ଚ୍ଚନା ■ ବିଭିନ୍ନ ମନ୍ଦିର ନିକଟରେ ଗଣ ଦୀପଦାନ


ଚାନ୍ଦବାଲି, ଭଦ୍ରକ


ଯାଜପୁର


ଢେଙ୍କାନାଳ


ରାମମନ୍ଦିର, ଭୁବନେଶ୍ୱର


ସିମୁଳିଆ


ବାଲେଶ୍ୱର

ଭୁବନେଶ୍ୱର,୨୧।୬(ସମିସ): ସାଢ଼େ ୪ କୋଟି ଓଡ଼ିଶାବାସୀ ମୋର୍ ପରିବାର। ଏ କଥା ଥରେ ନୁହେଁ, ବାରମ୍ବାର କହିଛନ୍ତି ବିରୋଧୀଦଳ ନେତା ନବୀନ ପଟ୍ଟନାୟକ। ୨୪ ବର୍ଷ ଧରି ନିଜ ପରିବାରର ଲୋକମାନଙ୍କ ପାଇଁ ବିନା ବାକ୍ୟବ୍ୟୟରେ ସମର୍ପିତ ଭାବରେକାମ କରି ଆସିଛନ୍ତି । ପ୍ରତିଦାନରେ ଓଡ଼ିଶାବାସୀ ମଧ୍ୟ ତାଙ୍କ ଉପରେ ଅଜାଡ଼ି ଦେଇଛନ୍ତି ଆଶୀର୍ବାଦ । କ୍ଷମତାରେ ନ ଥିଲେ ମଧ୍ୟ ରାଜ୍ୟର କୋଟିକୋଟି ପରିବାର ତାଙ୍କୁ ନିଜର ମୁଖିଆ ମଣୁଛନ୍ତି । ଆଉ ଏବେ ଚିକିତ୍ସା ପାଇଁ ମୁମ୍ବାଇ ଯାଇଥିବା ନବୀନଙ୍କ ପାଇଁ ସାରା ରାଜ୍ୟବାସୀ ଅଜାଡ଼ି ଦେଇଛନ୍ତି ଅସୁମାରୀ ଶ୍ରଦ୍ଧା, ଅୟୁତ ଅୟୁତ ଆଶିଷ । ସାରା ରାଜ୍ୟରେ ଜନସାଧାରଣ ତାଙ୍କର ସୁସ୍ୱାସ୍ଥ୍ୟ ଓ ଶୀଘ୍ର ଆରୋଗ୍ୟ କାମନା କରି ଦୀପ ଜାଳିଛନ୍ତି । ଉପବାସ ରହି ମା' ମାନେ ମନ୍ଦିରମାନଙ୍କରେ ପୂଜାର୍ଚ୍ଚନା କରିଛନ୍ତି । ଆଜି ସଂଧ୍ୟାରେ ବିଭିନ୍ନ ମନ୍ଦିର ନିକଟରେ ସାଧାରଣ ଲୋକଙ୍କ ସହ ଦଳୀୟ କର୍ମୀ ଓ ନେତାମାନେ ମଧ୍ୟ ଗଣ ଦୀପଦାନ କାର୍ଯ୍ୟକ୍ରମରେ ସାମିଲ ହୋଇଛନ୍ତି।

ସୂଚନା ଅନୁସାରେ ମୁମ୍ବାଇର କୋକିଲାବେନ୍ ଧୀରୁଭାଇ ଅମ୍ବାନି ହସ୍ପିଟାଲରେ ନବୀନ ଆଜି ଅସ୍ତ୍ରୋପଚାର ପାଇଁ ଭର୍ତ୍ତି ହୋଇସାରିଛନ୍ତି। ତାଙ୍କର ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ପ୍ରଖ୍ୟାତ ଚିକିତ୍ସକ ଡ଼ାକ୍ତର ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଏକ ଡ଼ାକ୍ତର ଦଳ ତାଙ୍କର ସ୍ୱାସ୍ଥ୍ୟ ପର୍ଯ୍ୟବେକ୍ଷଣ କରୁଛନ୍ତି । ରବିବାର ସକାଳ ୬ଟାରେ ତାଙ୍କର ଅସ୍ତ୍ରୋପଚାର ହେବ। ନିଜ ଅସୁସ୍ଥତା ଓ ଚିକିତ୍ସା ନିମନ୍ତେ ମୁମ୍ବାଇ ଯିବା ସୂଚନା ନବୀନ 'ଏକ୍ସ'ରେ ଦେବା ପରେ ତାଙ୍କୁ ଭଲ ପାଉଥିବା ପ୍ରତ୍ୟେକ ଓଡ଼ିଆ ଏବେ ବିବ୍ରତ। ଗତକାଲି ଚିକିତ୍ସା ପାଇଁ ନବୀନ ମୁମ୍ବାଇ ଯିବାବେଳେ ତାଙ୍କ ବାସଭବନଠାରୁ ବିମାନବନ୍ଦର ପର୍ଯ୍ୟନ୍ତ ଯେପରି ଲୋକାରଣ୍ୟ ହୋଇଥିଲା ଓ ମହିଳାମାନେ ଲୁହଗଡ଼ାଇ ନବୀନଙ୍କ ଆରୋଗ୍ୟ କାମନା କରୁଥିଲେ ତାହା ଅନେକଙ୍କୁ ଭାବପ୍ରବଣ କରି ଦେଇଥିଲା। ଆଉ ଆଜି ରାଜ୍ୟର କୋଣ ଅନୁକୋଣରେ ପୂଜାର୍ଚ୍ଚନା ଓ ଦୀପଦାନ କରି ତାଙ୍କର ମଙ୍ଗଳ ମନାସୀଛନ୍ତି ରାଜ୍ୟବାସୀ । ଦିଲ୍ଲୀସ୍ଥିତ ଜଗନ୍ନାଥମନ୍ଦିରରେ ଓଡ଼ିଆ ସମାଜର ବହୁ ବ୍ୟକ୍ତିବିଶେଷ ଏକାଠି ହୋଇ ନବୀନଙ୍କ ଉତ୍ତମ ଚିକିତ୍ସା ପାଇଁ ଅଖଣ୍ଡ ଦୀପ ଜଳାଇଛନ୍ତି। ରାଜ୍ୟସଭା ସାଂସଦ ସୁଲତା ଦେଓ ଓ ପୂର୍ବତନ ରାଜ୍ୟସଭା ସାଂସଦ ଅମର ପଟ୍ଟନାୟକ ମଧ୍ୟ ଏହି ଅବସରରେ ଉପସ୍ଥିତ ଥିଲେ।

ବିଜେଡି ବିଧାୟକ କଳିକେଶ ସିଂହଦେଓଙ୍କ ସହ ଶତାଧିକ ଲୋକ ସମ୍ବଲପୁରର ଅଧିଷ୍ଠାତ୍ରୀ ଦେବୀ ସମଲେଶ୍ୱରୀ ମନ୍ଦିରରେ ନବୀନଙ୍କ ପାଇଁ ଅଖଣ୍ଡଦୀପ ଜଳାଇଛନ୍ତି। ବାଲେଶ୍ୱର ଜିଲ୍ଲା ବାବା ବକ୍ରେଶ୍ୱର ଶୈବ ପୀଠରେ ପୂର୍ବତନ ମନ୍ତ୍ରୀ ଜ୍ୟୋତି ପ୍ରକାଶ ପାଣିଗ୍ରାହୀଙ୍କ ନେତୃତ୍ୱରେ ଆଜି ଶହଶହ ଲୋକ ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ୧୦୮ ଦୀପ ଦାନ କରିଛନ୍ତି। ମହିଳାମାନେ ଉପବାସ ରହି ନବୀନଙ୍କ ତ୍ୱରିତ ଆରୋଗ୍ୟ କାମନା କରିଛନ୍ତି। ସେ ଶୀଘ୍ର ସୁସ୍ଥ ହୋଇ ପୁଣି ଓଡ଼ିଶାକୁ ଆସି ଲୋକଙ୍କ ସେବା ଜାରି ରଖନ୍ତୁ ବୋଲି ପ୍ରାର୍ଥନା କରିଛନ୍ତି। ଉଦଳାରେ ପୂର୍ବତନ ଉଦଳା ବିଧାୟକ ଶ୍ରୀନାଥ ସୋରେନଙ୍କ ସମେତ ଉପଖଣ୍ଡର ବହୁ ଲୋକ ଉଦଳା ହନୁମାନ ମନ୍ଦିରରେ ପହଞ୍ଚି ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ୧୦୮ ଦୀପ ପ୍ରଜ୍ୱଳନ କରି ପୂଜାର୍ଚ୍ଚନା କରିଛନ୍ତି। ସେହିପରି ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ନୀଳଗିରିରେ ମଧ୍ୟ ମା' ଭୂଧାରଚଣ୍ଡୀଙ୍କ ନିକଟରେ ଦୀପଦାନ କରାଯାଇଛି। ଯାଜପୁରରେ ଭବପ୍ରସାଦ ଦାସଙ୍କ ନେତୃତ୍ୱରେ ବିରଜା ମନ୍ଦିର ଓ ଅନ୍ୟାନ୍ୟ ସ୍ଥାନରେ ନବୀନଙ୍କ ସୁସ୍ୱାସ୍ଥ୍ୟ ଓ ସଫଳ ଅସ୍ତ୍ରୋପଚାର କାମନା କରି ବହୁ ଲୋକ ପୂଜାର୍ଚ୍ଚନା କରିଛନ୍ତି । ପୁରୀରେ ମଧ୍ୟ ଜଗନ୍ନାଥ ମନ୍ଦିର ସମ୍ମୁଖରେ ଦୀପଦାନ କରି ଲୋକମାନେ ନବୀନଙ୍କ ସୁସ୍ୱାସ୍ଥ୍ୟ କାମନା କରିଛନ୍ତି । ସେହିପରି ଦେବଗଡ଼, ଢେଙ୍କାନାଳ, କଳାହାଣ୍ଡି, ବଲାଙ୍ଗିର, କଟକ, କେନ୍ଦ୍ରାପଡ଼ା, ଜଗତସିଂହପୁର, ଗଞ୍ଜାମ, କୋରାପୁଟ ଜିଲ୍ଲାର ବିଭିନ୍ନ ସ୍ଥାନରେ ଲୋକମାନେ ଦୀପଦାନ ସହ ପୂଜାର୍ଚ୍ଚନା କରିଛନ୍ତି ।

ସନ୍ଧ୍ୟାରେ ବର୍ଷା ସତ୍ତ୍ୱେ ଶହ ଶହ ଲୋକ ରାମମନ୍ଦିର ନିକଟରେ ଏକତ୍ର ହୋଇ ସନ୍ଧ୍ୟା ଆଳତୀ ସମୟରେ ନବୀନ ଉନ୍ନତ ସ୍ୱାସ୍ଥ୍ୟ ପାଇଁ ପ୍ରାର୍ଥନା କରିଛନ୍ତି। ଏଥିରେ ବିଜେଡି ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ବିଧାୟକ ବ୍ୟୋମକେଶ ରାୟଙ୍କ ସହିତ ସୁଶାନ୍ତ ରାଉତ, ଅନନ୍ତ ନାରାୟଣ ଜେନା ପୂର୍ବତନ ବିଧାୟକ ପ୍ରଣବ ବଳବନ୍ତ ରାୟଙ୍କ ସମେତ ବହୁ ନେତା ଓ ନେତ୍ରୀ ସାମିଲ ହୋଇଛନ୍ତି।

# ପ୍ରଧାନମନ୍ତ୍ରୀଙ୍କ ଗସ୍ତ ପରେ ବିଜେପିକୁ ଘେରିଲା ବିଜେଡି

# ଡବଲ ଇଞ୍ଜିନ, ଡବଲ ଧୋକା

ଭୁବନେଶ୍ୱର,୨୧।୬(ସମିସ): ଶୁକ୍ରବାର ରାଜ୍ୟ ସରକାରଙ୍କ ବର୍ଷପୂର୍ତ୍ତି ସମାରୋହରେ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିବା ଓଡ଼ିଶାର ଭିଜନ ଡକ୍ୟୁମେଣ୍ଟକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି ବିଜେଡି । ଅନ୍ୟ ରାଜ୍ୟଗୁଡ଼ିକର ବିକାଶ ଲକ୍ଷ୍ୟ ୧୫% ରଖାଯାଇଥିବାବେଳେ ଭିଜନ ଡ଼କୁମେଣ୍ଟରେ ଓଡ଼ିଶାର ବିକାଶ ହାର ୯ ପ୍ରତିଶତ ରଖାଯିବାକୁ ନେଇ ବିଜେଡ଼ି କଟାକ୍ଷ କରିଛି । ନବୀନ ସରକାରଙ୍କ ସମୟରେ ଓଡ଼ିଶା ୧୬ ପ୍ରତିଶତ ବିକାଶ ହାର ହାସଲ କରିଥିଲା। ଏହି ପରିପ୍ରେକ୍ଷୀରେ ବିଜେପି ସରକାରଙ୍କ ଦୂରଦୃଷ୍ଟି ବା ଭିଜନ ଏତେ ସଂକୁଚିତ କାହିଁକି ବୋଲି ବିଜେଡି ପ୍ରଶ୍ନ କରିଛି । ଡ଼ବଲ ଇଞ୍ଜିନ୍ ସରକାରରେ ବିକାଶ ନୁହେଁ, ଧୋକ୍କା ଡ଼ବଲ ମିଳିଛି ବୋଲି ବିଜେଡି କଟାକ୍ଷ କରିଛି ।

ଶନିବାର ଶଙ୍ଖ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ରାଜନୈତିକ ବ୍ୟାପାର କମିଟି ସଦସ୍ୟ ସଞ୍ଜୟ କୁମାର ଦାସବର୍ମା, ପୂର୍ବତନ ମନ୍ତ୍ରୀ ସ୍ନେହାଙ୍ଗିନୀ ଛୁରିଆ ଓ ବରିଷ୍ଠ ସାଧାରଣ ସମ୍ପାଦକ ଭୃଗୁ ବକ୍ସିପାତ୍ର ରାଜ୍ୟ ବିଜେପି ସରକାରଙ୍କ ପ୍ରତିଶ୍ରୁତି ଏବେ ପ୍ରତାରଣା ପାଲଟିଛି ବୋଲି ଅଭିଯୋଗ କରିଛନ୍ତି। ଶ୍ରୀ ଦାସବର୍ମା କହିଥିଲେ ଯେ ଶ୍ରୀମନ୍ଦିର ତଥା ତୀର୍ଥକ୍ଷେତ୍ର ପୁରୀର ବିକାଶ ପାଇଁ ନବୀନ ସରକାରଙ୍କ ଦ୍ୱାରା ବ୍ୟାପକ କାର୍ଯ୍ୟକ୍ରମ କରାଯାଇଥିଲା ବେଳେ ଗତ ଏକ ବର୍ଷରେ ବିକାଶ କାର୍ଯ୍ୟ ବନ୍ଦ ହୋଇ ଯାଇଛି। ଗତ ନିର୍ବାଚନ ସମୟରେ ବିଜେପି ଶ୍ରୀମନ୍ଦିରର ରତ୍ନଭଣ୍ଡାର ଚାବି ଚୋରି ହୋଇଥିବା ଉଲ୍ଲେଖ କରି ପାତାଳରେ ବି ରହିଥିଲେ ମଧ୍ୟ ଆମେ ତାକୁ ଖୋଜି ଆଣିବୁ ବୋଲି ଦମ୍ଭୋକ୍ତି କରିଥିଲେ; କିନ୍ତୁ ସରକାରକୁ ଆସିବା ପରେ ସେମାନେ ସ୍ୱର ବଦଳାଇ ଦେଇଛନ୍ତି। ଉଚ୍ଚ ନ୍ୟାୟାଳୟରେ ସରକାର ଚାବି କଥା



■ ଏକ ବର୍ଷ ଶାସନରେ କେନ୍ଦ୍ରୀୟ ଅନୁଦାନ ୧୮.୧୯ ପ୍ରତିଶତ କମିଲା
■ ଶ୍ରୀମନ୍ଦିର ପ୍ରସଙ୍ଗରେ ବିଜେପିର ସମସ୍ତ ପ୍ରତିଶ୍ରୁତି ପ୍ରତାରଣାରେ ପରିଣତ

ସାର୍ବଜନୀନ କଥା ସାର୍ବଜନୀନ କରାଯାଇ ପାରିବ ନାହିଁ ବୋଲି କହିଛନ୍ତି। ସେହିପରି ରତ୍ନଭଣ୍ଡାରର ଗଣତି ମଣତି ହେବ ବୋଲି ପ୍ରତିଶ୍ରୁତି ମିଛ ପ୍ରମାଣିତ ହୋଇଛି। ଶ୍ରୀମନ୍ଦିର ପରିଚାଳନା କମିଟିର ଅବଧି ଶେଷ ହେବାର ୯ ମାସ ବିତି ଯାଇଥିଲେ ସୁଦ୍ଧା ଏ ପର୍ଯ୍ୟନ୍ତ ନୂତନ କମିଟି ଗଠନ ହୋଇପାରି ନାହିଁ। ଏପରିକି ଦର୍ଶନ ବ୍ୟବସ୍ଥା ମଧ୍ୟ ଅବ୍ୟବସ୍ଥିତ ହୋଇପଡ଼ିଥିବା ଖୋଦ ଗଜପତି ମହାରାଜା ଦିବ୍ୟସିଂହ ଦେବ କହିଛନ୍ତି।

୨୦୨୪-୨୫ ଆର୍ଥିକ ବର୍ଷରେ ଓଡିଶାକୁ ପୂର୍ବ ବର୍ଷ ତୁଳନାରେ ୧୮.୧୯ ପ୍ରତିଶତ ଅନୁଦାନ କମିବା ବିଜେପିର ଡବଲ ଇଞ୍ଜିନ ଡବଲ ବିକାଶ ସ୍ଲୋଗାନ ମହାମିଛ ବୋଲି ପ୍ରମାଣିତ ହୋଇଛି । ଗତ ବଜେଟରେ ଦେଶର ୧୨ଟି ସହରକୁ ଶିଳ୍ପ ସହର ଭାବେ ଗଢି ତୋଳିବା ପାଇଁ କେନ୍ଦ୍ର ସରକାର ଘୋଷଣା କରିଥିଲେ ହେଁ ଏଥିରେ ଓଡ଼ିଶାରୁ କୌଣସି ସହର ସ୍ଥାନ ପାଇନାହିଁ।

ବରିଷ୍ଠ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ କହିଛନ୍ତି ଯେ ଗତ ଏକ ବର୍ଷରେ ରାଜ୍ୟର ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇ ପଡିଛି। ରାଜ୍ୟରେ ଦୁଷ୍କର୍ମ, ଅପହରଣ, ହତ୍ୟା ମହିଳାମାନଙ୍କ ଉପରେ ନିର୍ଯାତନା ଘଟଣାରେ ଅହେତୁକ ବୃଦ୍ଧି ପାଇଛି। ରାଜ୍ୟରେ ପ୍ରତିଦିନ ୧୫ଟି ମହିଳା ଦୁଷ୍କର୍ମର ଶିକାର ହେଉଛନ୍ତି। ରାଜ୍ୟରେ ଦୁଷ୍କର୍ମ ପ୍ରାୟ ୮ ପ୍ରତିଶତ ବୃଦ୍ଧି ପାଇଥିବା ସରକାର ସ୍ୱୀକାର କରିଛନ୍ତି। ଦେଶର ଅପରାଧ ପ୍ରବଣ ରାଜ୍ୟର ତାଲିକାରେ ଓଡ଼ିଶା ଅଷ୍ଟମ ସ୍ଥାନ ହାସଲ କରିଛି । ସୁଭଦ୍ରା ଯୋଜନାରେ ବିଜେପି ପକ୍ଷରୁ ରାଜ୍ୟର ପ୍ରତ୍ୟେକ ମହିଳାଙ୍କୁ ଦୁଇ ବର୍ଷରେ ୫୦ ହଜାର ଟଙ୍କା ଦିଆଯିବ ବୋଲି କୁହା ଯାଇଥିଲା । ମାତ୍ର ଏବେ ବର୍ଷକୁ ପାଞ୍ଚ ପାଞ୍ଚ ହଜାର ଦୁଇ କିସ୍ତିରେ ଦେଇ ୧୭ ଲକ୍ଷ ଲକ୍ଷପତି ଦିଦି ସୃଷ୍ଟି କରିଥିବା ମିଛ ପ୍ରଚାର କରାଯାଉଛି। ନବୀନ ସରକାରଙ୍କ ସମୟରେ, ରାଜ୍ୟର ଆଦିବାସୀ ମାନଙ୍କ ବିକାଶ ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ଆରମ୍ଭ କରିଥିବା ବେଳେ ଏହାକୁ ବର୍ତ୍ତମାନର ସରକାର ବନ୍ଦ କରି ଦେଇଛନ୍ତି।

ବରିଷ୍ଠ ନେତା ଭୃଗୁ ବକ୍ସିପାତ୍ର କହିଛନ୍ତି ଯେ ପ୍ରଧାନମନ୍ତ୍ରୀଙ୍କୁ ଗତକାଲି ରାଜ୍ୟ ସରକାର ବିଭ୍ରାନ୍ତ କରିଛନ୍ତି । ଓଡ଼ିଶାର ବାସ୍ତବ ଚିତ୍ର ପ୍ରଧାନମନ୍ତ୍ରୀଙ୍କ ସମ୍ମୁଖରେ ଉପସ୍ଥାପନ କରାଯାଇ ନାହିଁ। ପ୍ରଧାନମନ୍ତ୍ରୀ ଯେଉଁ ଓଡ଼ିଶା ବିକାଶର ମୁଖଶାଳା ହେବ ବୋଲି କହୁଛନ୍ତି, ସେହି ରାଜ୍ୟ ଚାଳିଶ ବର୍ଷର ବ୍ୟବଧାନ ପରେ ଆଜି ମହାମାରୀ କଲେରାରେ ଆକ୍ରାନ୍ତ। ଅଧା ଓଡ଼ିଶାବାସୀ ଆଜି କଲେରା ଓ ଡ଼ାଇରିଆ ରୋଗରେ କଲବଲ ହେଉଛନ୍ତି । ଏପଟେ ରାଜ୍ୟ ସରକାର ଉତ୍ସବରେ ମାତିଛନ୍ତି। ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟମନ୍ତ୍ରୀ ଡ଼ାଇରିଆ ଡ୍ୟାନ୍ସ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଛି, ଯାହା କଲେରା ଓ ଡ଼ାଇରିଆ ରୋଗରେ ପୀଡିତ ରୋଗୀ ମାନଙ୍କ ପାଇଁ କଟା ଘାଆରେ ଚୂନ ସଦୃଶ୍ୟ ହୋଇଛି ବୋଲି ସେ ମତବ୍ୟକ୍ତ କହିଛନ୍ତି ।

## ଗୋପାଳପୁର ଗଣବଳାତ୍କାର

# ଓଡ଼ିଶାରେ ଏଆଇସିସିର ଚାରିଜଣିଆ ତଥ୍ୟ ଅନୁସନ୍ଧାନ କମିଟି

ଭୁବନେଶ୍ୱର,୨୧।୬(ସମିସ): ରାଜ୍ୟରେ ବିଜେପି ଶାସନ କ୍ଷମତାକୁ ଆସିବା ଏକବର୍ଷ ପୂର୍ଣ୍ଣ ହୋଇଛି। ଏହି ଏକ ବର୍ଷ ମଧ୍ୟରେ ସବୁ କ୍ଷେତ୍ରରେ ବିଫଳ ହୋଇଥିବା ସରକାର ନିର୍ବାଚନ ପୂର୍ବରୁ ଦେଇଥିବା ପ୍ରତିଶ୍ରୁତି ପ୍ରତାରଣାରେ ପରିଣତ ହୋଇଛି। ସାରା ରାଜ୍ୟରେ ନାରୀ ନିର୍ଯ୍ୟାତନା, ବାଳିକା ଅପହରଣ ଓ ଗଣଧର୍ଷଣ ଉଦ୍‌ବେଗ ଜନକ ଭାବରେ ବୃଦ୍ଧି ପାଇଛି। ଏହି ସବୁ ଘଟଣାକୁ ଅନୁଧ୍ୟାନ କରିବାପାଇଁ ଅଖିଳ ଭାରତ କଂଗ୍ରେସ କମିଟି ପକ୍ଷରୁ ଦୀପା ଦାସମୁନସୀଙ୍କ ଆବାହକତ୍ୱରେ ସାଂସଦ ରଞ୍ଜିତ ରଞ୍ଜାନ, ସାଂସଦ ପ୍ରଣତି ସିନ୍ଧେ, ସାଂସଦ ଏସ ଯଥୀମଣି ଓ ଶୋଭା ଓଜାଙ୍କୁ ନେଇ ଗଠିତ ଏକ ତଥ୍ୟ ଅନୁସନ୍ଧାନ କମିଟି ଓଡ଼ିଶା ଆସିଛନ୍ତି। କମିଟି ରାଜ୍ୟ ବିଭିନ୍ନ ସ୍ଥାନକୁ ଗସ୍ତ କରିଥିବା ବେଳେ ୨୪ ତାରିଖ ସକାଳ ୧୦ ଟାରେ ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କ ସହ ଆଲୋଚନା ପାଇଁ ସମୟ ମାଗିଛନ୍ତି। ଏଥିପାଇଁ ପିସିସି ସଭାପତି ଭକ୍ତ ଚରଣ ଦାସ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖି ତଥ୍ୟ ଅନୁଧ୍ୟାନ କମିଟି ଏବଂ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ ତାଙ୍କୁ ଭେଟି ଏ ସମ୍ପର୍କରେ ଆଲୋଚନା କରିବାପାଇଁ ଚାହୁଁଛନ୍ତି ବୋଲି ଦର୍ଶାଇଛନ୍ତି।

**ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ ପାଇଁ ସମୟ ମାଗିଲେ ପିସିସି ସଭାପତି**

■ ବଢ଼ିଲା ଓମ୍‌ଫେଡ୍ କ୍ଷୀର ଦର

# ଲିଟର ପିଛା ୨ରୁ ୪ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି

ଭୁବନେଶ୍ୱର, ୨୧।୬(ସମିସ): ଓମ୍‌ଫେଡ୍‌ର କ୍ଷୀର ଦର ବଢିବ କି ନାହିଁ ତାହାକୁ ନେଇ ଯେଉଁ ଆଲୋଚନା ଲାଗି ରହିଥିଲା, ତାହାର ଅନ୍ତ ଘଟିଛି। ଆଜି ଓମ୍‌ଫେଡ୍ କ୍ଷୀର ଦରୁ ବୃଦ୍ଧି ଘୋଷଣା କରାଯାଇଛି। ଖାଉଟିମାନେ ଲିଟର ପିଛା ୫୨ଟଙ୍କା ଦେଉଥିଲା ବେଳେ ଏବେ ୫୪ ଟଙ୍କା ଦେବେ। ଶନିବାରଠାରୁ ଓମଫେଡ୍ କ୍ଷୀର ଲିଟର ପ୍ରତି ଦାମ୍ ବୃଦ୍ଧି ପାଇଛି ଓ ବଜାରକୁ ଆସିଛି ଓମ୍‌ଫେଡ୍‌ର ନୂଆ ଦର। ପ୍ରିମିୟମ୍ ଓ ଟୋନ୍ଡ କ୍ଷୀର ଲିଟର ୨ଟଙ୍କା ବୃଦ୍ଧି ପାଇଥିବାବେଳେ ଗୋଲ୍ଡ କ୍ଷୀର ଲିଟର ପ୍ରତି ୪ଟଙ୍କା ବୃଦ୍ଧି ପାଇଛି।

ବାସ୍ତବରେ ବିଶ୍ୱ ଦୁଗ୍ଧ ଦିବସ ପାଳନ ଅବସରରେ ଓମ୍‌ଫେଡ୍ ଏହାର କ୍ଷୀର ଦର ବଢାଇବ ବୋଲି ସୂଚନା ଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଖାଉଟିମାନଙ୍କୁ ଝଟକା ଦେଇଥିଲେ। ଦୁଃଗ୍ଧ ଦର ବୃଦ୍ଧିକୁ ନେଇ ଗ୍ରାହକଙ୍କ ମଧ୍ୟରେ ପ୍ରତିକ୍ରିୟା ପ୍ରକାଶ ପାଇଛି।

# ନାଳରୁ ଗଳିତ ମୃତଦେହ ଉଦ୍ଧାର

କପ୍ତିପଦା, ୨୧।୬(ସମିସ): ଠାକୁରମୁଣ୍ଡା-ଶରତ ରାସ୍ତା ନୋଟ ଛକ ନିକଟରେ ଥିବା ଏକ ନାଳରେ ଜଣେ ବ୍ୟକ୍ତିଙ୍କ ମୃତଦେହ ପଡ଼ିଥିବା ଦେଖି ସ୍ଥାନୀୟ ଲୋକେ ପୁଲିସକୁ ଖବର ଦେଇଥିଲେ। ପରେ ଶରତ ପୁଲିସ ପହଞ୍ଚି ଶବକୁ ଉଦ୍ଧାର କରିବା ସହ ଶବ ବ୍ୟବଚ୍ଛେଦ କରାଇଛି। ମୃତକଙ୍କ ପରିଚୟ ମିଳିପାରିନାହିଁ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି। କୌଣସି ବ୍ୟକ୍ତି ନିଖୋଜ ଥିଲେ ସେମାନଙ୍କ ପରିବାର ଶରତ ଥାନା ଅଧିକାରୀଙ୍କ ସହିତ ଯୋଗାଯୋଗ କରିବାକୁ ନିବେଦନ କରାଯାଇଛି।

# ଅପରାଧ ଦୁନିଆରେ ବଢୁଛି ନାବାଳକଙ୍କ ଉତ୍ପାତ

■ ସାଢେ ୫ ମାସରେ ୩୦୦ ଦୁଷ୍କର୍ମ ମାମଲାରେ ନାବାଳକ ସଂପୃକ୍ତ
■ ହତ୍ୟା ଓ ନିଶା କାରବାରରେ ମଧ୍ୟ ଧରାପଡୁଛନ୍ତି
■ ନାବାଳକଙ୍କୁ ଢାଲ କରୁଛନ୍ତି ପେଶାଦାର ଅପରାଧୀ

ଭୁବନେଶ୍ୱର,୨୧।୬(ସମିସ): ଗୋପାଳପୁର ବେଳାଭୂମିରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣା ନେଇ ସାରାଦେଶରେ ଓଡ଼ିଶା ଲଜ୍ଜିତ ହୋଇଥିବା ବେଳେ ଏହି ଘଟଣାରେ ନାବାଳକଙ୍କ ସଂପୃକ୍ତି ଉଦ୍‌ବେଗଜନକ ପରିସ୍ଥିତି ସୃଷ୍ଟି କରିଛି। ଏହି ଗଣଦୁଷ୍କର୍ମ ଘଟଣାରେ ୧୦ ଜଣ ଗିରଫ ହୋଇଥିବା ବେଳେ ସେମାନଙ୍କ ମଧ୍ୟରୁ ୪ ଜଣ ହେଉଛନ୍ତି ନାବାଳକ। କେବଳ ଏହି ଗୋଟିଏ ଘଟଣା ନୁହେଁ, ଏହାପୂର୍ବରୁ ମଧ୍ୟ ଅନେକ ଦୁଷ୍କର୍ମ ମାମଲାରେ ନାବାଳକମାନଙ୍କୁ ଗିରଫ କରାଯାଇଛି। ସେମାନଙ୍କୁ ଗିରଫ କରି ସୁଧାରଗୃହକୁ ପଠାଯାଉଥିଲେ ମଧ୍ୟ ଅପରାଧ ଦୁନିଆରେ ସେମାନଙ୍କର ସଂପୃକ୍ତି ଦିନକୁ ଦିନ ବଢ଼ି ଚାଲିଛି। ଖାଲି ଦୁଷ୍କର୍ମ ନୁହେଁ, ହତ୍ୟା ଓ ନିଶା କାରବାରରେ ମଧ୍ୟ ସେମାନେ ସକ୍ରିୟ ହେଉଛନ୍ତି। ତେବେ ଅଧିକାଂଶ ମାମଲାରେ ପେଶାଦାର ଅପରାଧୀ ସେମାନଙ୍କୁ ବ୍ୟବହାର କରୁଥିବାର ମଧ୍ୟ ଦେଖାଯାଉଛି।

ପୁଲିସ ଠାରୁ ମିଳିଥିବା ତଥ୍ୟ ଅନୁସାରେ ଗତ ଜାନଆରୀ ମାସରୁ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୯୦୦ ପାର୍ କରିଛି ଦୁଷ୍କର୍ମ ମାମଲା। ବିଶେଷ କରି ଗଞ୍ଜାମ,ଖୋର୍ଦ୍ଧା,କନ୍ଧମାଳ, ବଲାଙ୍ଗୀର, ମୟୂରଭଞ୍ଜ ଆଦି ଜିଲ୍ଲାରେ ଅଧିକ ଦୁଷ୍କର୍ମ ମାମଲା ରୁଜୁ ହୋଇଛି। ମୁଖ୍ୟମନ୍ତ୍ରୀ ମୋହନ ମାଝି ୨୦୨୪ ଡିସେମ୍ବର ମାସରେ ବିଧାନସଭାରେ ଦେଇଥିବା ତଥ୍ୟ ଅନୁସାରେ ୫ ମାସରେ ୭୬୯ଟି ଦୁଷ୍କର୍ମ ମାମଲା ରୁଜୁ ହୋଇଥିବା ବେଳେ ୫୦୯ ମହିଳା ଦୁଷ୍କର୍ମ ଶିକାର ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୪୧ଜଣ ମହିଳା ଗଣଦୁଷ୍କର୍ମର ଶିକାର ହୋଇଥିଲେ। ବର୍ତ୍ତମାନ ଏହି ସାଢେ ୫ମାସରେ ଦୁଷ୍କର୍ମ ମାମଲା ୯ଶହ ପାର କଲାଣି। ଯାହାକି ପୁଲିସ ପାଇଁ ଚିନ୍ତାର କାରଣ। ତେବେ ଉଦବେଗର ବିଷୟ ହେଲା ଯେ ଏହି ୯୦୦ ଦୁଷ୍କର୍ମ ମାମଲା ମଧ୍ୟରୁର ୩୦୦ ମାମଲାରେ ନାବାଳକଙ୍କ ସଂପୃକ୍ତି ରହିଛି।

ସରକାରୀ ତଥ୍ୟରୁ ଜଣାପଡ଼ିଛି ଯେ ପ୍ରତିବର୍ଷ ନାବାଳକ ଅପରାଧରେ ସାମିଲ ହେବା ସଂଖ୍ୟା ବଢିବଢି ଚାଲିଛି। ଗତ ୨୨ ବର୍ଷ ମଧ୍ୟରେ ୨୦ ହଜାର ନାବାଳକଙ୍କୁ ବିଭିନ୍ନ ଅପରାଧ ଘଟଣାରେ ଗିରଫ କରି ସୁଧାରଗୃହକୁ ପଠାଯାଇଛି। ଛୋଟ ଅବସ୍ଥାରୁ ନାବାଳକମାନେ ଅପରାଧରେ ପାଦ ଦେବା ଚିନ୍ତାଜନକ ପରିସ୍ଥିତି ସୃଷ୍ଟି କରିଛି। ନାବାଳକମାନେ ଅପରାଧୀମାନଙ୍କ ସହ ମିଶିବା ଦ୍ୱାରା ଅପରାଧ ଘଟାଇବା ମନବୃତ୍ତି ଆସୁଛି। ଅନେକ ପେଶାଦାର ଅପରାଧୀମାନେ ନିଜ ସ୍ୱାର୍ଥ ପାଇଁ ନାବାଳକଙ୍କୁ ବ୍ୟବହାର କରୁଛନ୍ତି। ନାବାଳକଙ୍କ ପାଇଁ ଆଇନ୍ କୋହଳ ଥିବାରୁ ସେମାନଙ୍କୁ ଅପରାଧୀମାନେ ବ୍ୟବହାର କରୁଛନ୍ତି। ଅନେକ ଗରିବ ଏବଂ ଅପାଠୁଆ ପିଲା ଏଭଳି ଅପରାଧରେ ସାମିଲ ହେଉଛନ୍ତି। ସେମାନେ ଗିରଫ ହୋଇ ସୁଧାରଗୃହ ଗଲେ ମଧ୍ୟ ସେଠାରେ ସେମାନଙ୍କୁ ବଦଳିବା ପାଇଁ ଉଚିତ ଶିକ୍ଷା ଦିଆଯାଉନଥିବା ଅଭିଯୋଗ ହେଉଛି। ସେଠାରେ ଏକାଧିକ ଅପରାଧିକ ମନବୃତ୍ତି ଥିବା ପଲାଙ୍କ ସହ ମିଶିବା ଯୋଗୁଁ ସେମାନେ ଆହୁରି ବିଗିଡ଼ି ଯାଉଛନ୍ତି। ସୁଧାରଗୃହରୁ ବାହାରିବା ପରେ ପୁଣି ଅପରାଧରେ ସାମିଲ ହେଉଛନ୍ତି। ଗତ ଏପ୍ରିଲ ୨୨ରେ ଏୟାରଫିଲ୍ଡ ଥାନା ଅଞ୍ଚଳରେ ଜଣେ ଶିଶୁକୁ ଅପହରଣ କରାଯାଇ ମୁଣ୍ଡ ଜାମିନ୍ ମଗା ଯାଇଥିଲା। ଏହି ଅପରାଧରେ ଜଣେ ନାବାଳକ ମଧ୍ୟ ସାମିଲଥିଲା। ସେହିପରି ପଟିଆ ଅଞ୍ଚଳରେ ଥିବା ଏକ ବାରରେ ଗଣ୍ଡଗୋଳରେ ମଧ୍ୟ ନାବାଳଙ୍କ ସଂପୃକ୍ତି ଥିଲା।

ପିଲାମାନଙ୍କ ମଧ୍ୟରେ ଏଭଳି ମନୋବୃତ୍ତିକୁ ନେଇ ଅନେକ ପୁଲିସ ଅଧିକାରୀ ଏବଂ ସାମାଜିକ କର୍ମୀ ଚିନ୍ତା ପ୍ରକଟ କରିଛନ୍ତି। ସୁଧାରଗୃହରେ ପିଲାମାନଙ୍କୁ ଉପଯୁକ୍ତ ଶିକ୍ଷା ଦିଆଯିବା ସହିତ ଯେଉଁ ଅପରାଧୀ ଏହି ପିଲାମାନଙ୍କୁ ବ୍ୟବହାର କରୁଛନ୍ତି, ସେମାନଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ କରିବାକୁ ସେମାନେ ଦାବି କରିଛନ୍ତି। ନହେଲେ ଆଗକୁ ପରିସ୍ଥିତି ଅସମ୍ଭାଳ ହୋଇପଡ଼ିବ ବୋଲି ସେମାନେ ସତର୍କ କରାଇଛନ୍ତି।



ପନ୍ତଙ୍କ ରେକର୍ଡ ଶତକ

▶ପୃଷ୍ଠା ୧୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
# THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-354 ♦BHUBANESWAR ♦SUNDAY ♦22 JUNE 2025 ♦PAGE-12 ♦₹ 6.00

♦ବର୍ଷ-୪୨ ♦ସଂଖ୍ୟା-୩୫୪ ♦ଭୁବନେଶ୍ୱର ♦ରବିବାର ♦୨୨ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦ (ସିନ୍ଦୂରା ସହ)

## ନିବେଶ ନିମନ୍ତେ କମ୍ପାନୀଙ୍କୁ ମିଳୁନାହାନ୍ତି ପ୍ରମୋଟର
# ନିବେଶକଙ୍କ ବିଶ୍ୱାସ ହରାଉଛି ଓଡ଼ିଶା

- ଆର୍ସେଲର ମିତ୍ତଲ, ଜେଏସ୍‌ଡବ୍ଲ୍ୟୁ ପ୍ରକଳ୍ପ ରାସ୍ତାରେ ୱାରୀ
- ଢେଙ୍କାନାଳ ୱାରୀ ପ୍ରକଳ୍ପର ହୋଇଛି ଦୁଇଥର ଶିଳାନ୍ୟାସ
- ଗୁଜରାଟ ଓ ମହାରାଷ୍ଟ୍ରକୁ ସ୍ଥାନାନ୍ତରଣ ହୋଇପାରେ ପ୍ରକଳ୍ପ
- ନିଷ୍ପତ୍ତିର ଦିନକ ପରେ କମ୍ପାନୀର ସ୍ପଷ୍ଟୀକରଣ ବଢ଼ାଇଲା ଦ୍ୱନ୍ଦ୍ୱ

■ ଭୁବନେଶ୍ୱର, ୨୧।୬ (ସମିସ): ସରକାର ଓଡ଼ିଶାରେ ବିପୁଳ ନିବେଶର ସ୍ୱପ୍ନ ଦେଖାଉଛନ୍ତି। ୨୦୩୬ ସୁଦ୍ଧା ରାଜ୍ୟ ଶିଳ୍ପ ସମୃଦ୍ଧ ହେବ ବୋଲି କହୁଛନ୍ତି। ମାତ୍ର ବିଡ଼ମ୍ବନା ହେଉଛି ରାଜ୍ୟରେ ଶିଳ୍ପ ସ୍ଥାପନ ନିମନ୍ତେ ପ୍ରତିଶ୍ରୁତି ଦେଇଥିବା ଅନେକ କମ୍ପାନୀ ଓ ନିବେଶକଙ୍କୁ ପ୍ରମୋଟର ମିଳୁନାହାନ୍ତି। ରାଜ୍ୟର ସାମ୍ପ୍ରତିକ ସ୍ଥିତି, ରାଜନୈତିକ ଅସ୍ଥିରତା, ଆଇନଶୃଙ୍ଖଳା ପରିସ୍ଥିତି ଓଡ଼ିଶାରେ ନିବେଶ ନିମନ୍ତେ ନିବେଶକଙ୍କୁ ଅନାଗ୍ରହୀ କରିଛି। ନିବେଶକମାନେ ଓଡ଼ିଶା ଉପରୁ ଆସ୍ଥା ହରାଇବାରେ ଲାଗିଛନ୍ତି। ଗତ ସରକାର ସମୟରେ ଶିଳ୍ପ ସ୍ଥାପନ ନିମନ୍ତେ ବୁଝାମଣା କରିଥିବା ଅନେକ ସଂସ୍ଥା ଏଯାଏ ଜମି ଅଧିଗ୍ରହଣ କ୍ଷେତ୍ରରେ ଯାବତୀୟ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ସ୍ଥାନୀୟ ଅଞ୍ଚଳରେ ଶାସକ ଦଳର ନେତାମାନଙ୍କ ରାଜନୈତିକ ହସ୍ତକ୍ଷେପ ଓ ଆଇନଶୃଙ୍ଖଳା ସ୍ଥିତି ସେମାନଙ୍କୁ ଓଡ଼ିଶାରେ ଶିଳ୍ପ ସ୍ଥାପନ ନିମନ୍ତେ ବୀତସ୍ପୃହ କରିଛି। ପରିଣାମ ସ୍ୱରୂପ କଟକ ଜିଲ୍ଲାର ନରାଜରେ ପ୍ରସ୍ତାବିତ ଜେଏସ୍‌ଡ଼ବ୍ଲ୍ୟୁ ଇଭି କାରଖାନା, କେନ୍ଦ୍ରାପଡ଼ାରେ ଆର୍ସେଲର ମିତ୍ତଲ-ନିପ୍ପନ ଷ୍ଟିଲ କାରଖାନା ବିଳମ୍ବିତ ହୋଇ ଚାଲିଛି। ଏହି ଦୁଇ ପ୍ରକଳ୍ପର ଭବିଷ୍ୟତ ଏବେ ବି ଅନିଶ୍ଚିତ। ଏହି ସମୟରେ ସୌର ମଡ୍ୟୁଲ୍ ନିର୍ମାତା ୱାରୀ କମ୍ପାନୀର ଢ଼େଙ୍କାନାଳ ପ୍ରକଳ୍ପ ମଧ୍ୟ ଅନିଶ୍ଚିତା ମଧ୍ୟକୁ ଠେଲି ହୋଇ ଯାଇଛି।

ଦେଶର ଅଗ୍ରଣୀ ସୋଲାର ମଡ୍ୟୁଲ ନିର୍ମାତା ୱାରୀ ଢେଙ୍କାନାଳ ପ୍ରକଳ୍ପ ଗୁଜରାଟ, ମହାରାଷ୍ଟ୍ରକୁ ସ୍ଥାନାନ୍ତର କରିବା ନିମନ୍ତେ ବିଏସ୍‌ଇ ଓ ଏନ୍‌ଏସ୍‌ଇକୁ ଅବଗତ କରିଛି। ରାଜ୍ୟ ସରକାର ଓ ସ୍ଥାନୀୟ ପ୍ରଶାସନର ଅସହଯୋଗ କାରଣରୁ କମ୍ପାନୀ ଏହି ପ୍ରକଳ୍ପରୁ ଓହରି ଯିବାକୁ ନିଷ୍ପତ୍ତି ନେଇଥିବା କୁହାଯାଉଛି। ୱାରୀ ପକ୍ଷରୁ ପ୍ରାୟ ୨୫ ହଜାର କୋଟି ଟଙ୍କା ନିବେଶରେ ଢ଼େଙ୍କାନାଳରେ ▶ପୃଷ୍ଠା-୭

## ୨୪ରୁ ପୁଣି ବଢ଼ିବ ବର୍ଷା

■ ଭୁବନେଶ୍ୱର, ୨୧।୬ (ସମିସ): ରାଜ୍ୟର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ହ୍ରାସ ପାଇଛି। ମାତ୍ର ରବିବାରଠାରୁ ମୌସୁମୀ ନିମ୍ନ ଚାପ ପ୍ରଭାବରେ ରାଜ୍ୟରେ ବର୍ଷାର ପ୍ରଭାବ ସାମାନ୍ୟ ବୃଦ୍ଧି ପାଇବ। ତେବେ ଉତ୍ତର ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ସମ୍ଭାବନା ଥିବାରୁ ୨୪ତାରିଖରୁ ରାଜ୍ୟରେ ବର୍ଷାର ପ୍ରଭାବ ବୃଦ୍ଧି ପାଇବ ଏବଂ ଅଧିକାଂଶ ସ୍ଥାନରେ ପ୍ରବଳ ବର୍ଷା ହୋଇପାରେ ବୋଲି ପାଣିପାଗ ବିଭାଗ ଆକଳନ କରିଛି। ଏହି ଘୂର୍ଣ୍ଣିବଳୟ ▶ପୃଷ୍ଠା-୭

SIKSHA 'O' ANUSANDHAN
(DEEMED TO BE UNIVERSITY)
SAAT-2025
Empowering students for a brighter future
MANAGEMENT PROGRAMMES OFFERED
■ BBA
■ MBA
■ Integrated MBA
■ MBA (Hospital Administration)
■ MBA (Artificial Intelligence and Data Science)
APPROVAL & RECOGNITIONS
■ Approved by UGC and AICTE
■ Re-accredited by NAAC with A++ Grade
■ Granted with Category-1 Graded Autonomy by UGC
■ NBA Accredited Programmes
NIRF INDIA RANKINGS 2024
■ 14th Best in University Category
■ 62nd Best in Management Category
INTERNATIONAL RANKINGS 2025
■ Ranked in QS World Rankings 2025
■ Ranked in Times World Rankings 2025
To apply for admission through SAAT, Please visit: www.soa.ac.in

## ଫୁଲୁଛି ସୁବର୍ଣ୍ଣରେଖା; ବଢୁଛି ବିପଦ
# ବାଲିଆପାଳରେ ସ୍ଥିତି ଗମ୍ଭୀର

- ପାଣିଘେରରେ ୮ ପଞ୍ଚାୟତର ୨୦ହଜାର ଲୋକ
- ସୁଅରେ ଭାସି ଯୁବକ ନିଖୋଜ



■ କାଳିପଦା/ଲଙ୍ଗଳେଶ୍ୱର/ଭୋଗରାଇ, ୨୧।୬ (ସମିସ): ଉପରମୁଣ୍ଡରେ ପ୍ରବଳ ବର୍ଷା ସାଙ୍ଗକୁ ଝାଡ଼ଖଣ୍ଡ ଗାଲୁଡିହି ବ୍ୟାରେଜ୍ ଗେଟ୍ ଖୋଲାଯିବାରୁ ଗତକାଲିଠୁ ସୁବର୍ଣ୍ଣରେଖା ନଦୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି। ଫଳରେ ମୟୂରଭଞ୍ଜ ଓ ବାଲେଶ୍ୱର ଜିଲ୍ଲାର କିଛି ବ୍ଲକ୍‌ରେ ସ୍ଥିତି ବିଗିଡ଼ିବାରେ ଲାଗିଛି। ବାଲେଶ୍ୱର ଜିଲ୍ଲା ରାଜଘାଟଠାରେ ସୁବର୍ଣ୍ଣରେଖା ବିପଦ ସଂକେତ (୧୦.୩୬ ମିଟର) ଉପରେ ପ୍ରବାହିତ ହେଉଥିବା ବେଳେ ବାଲିଆପାଳ, ଭୋଗରାଇ, ବସ୍ତା ଓ ଜଳେଶ୍ୱର ବ୍ଲକ୍‌ରେ ସ୍ଥିତି ଗମ୍ଭୀର ହେବାରେ ଲାଗିଛି। ବନ୍ୟା ଯୋଗୁଁ ବାଲିଆପାଳ ▶ପୃଷ୍ଠା-୭

## ନେଦାର ୨ ହଜାର ଲୋକ ସ୍ଥାନାନ୍ତର

■ ସାରସକଣା, ୨୧।୬ (ସମିସ): ମୟୂରଭଞ୍ଜ ଜିଲ୍ଲା ସାରସକଣା ବ୍ଲକ ଶୀର୍ଷା ପଞ୍ଚାୟତ ନେଦା ଗ୍ରାମର ତଳିଆ ଅଞ୍ଚଳରେ ନଈବଢ଼ି ପାଣି ପଶିଯିବା ସହ ରାସ୍ତା ଉପରେ ପ୍ରାୟ ୩ ଫୁଟ୍ ଉଚ୍ଚର ପାଣି ପ୍ରବାହିତ ହେଉଛି। ଫଳରେ ଯାତାୟାତରେ ବାଧା ଉପୁଜିଛି। ସୁବର୍ଣ୍ଣରେଖାର ଜଳସ୍ତର ବଢୁଥିବାରୁ ନେଦା ଗ୍ରାମରୁ ପ୍ରାୟ ୨୦୦୦ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ସେମାନଙ୍କୁ ମାଗଣା ରନ୍ଧା ଓ ଶୁଖିଲା ଖାଦ୍ୟ ଯୋଗାଇ ଦିଆଯାଉଛି। ବନ୍ୟା ପ୍ରଭାବିତ ଅଞ୍ଚଳର ଲୋକଙ୍କୁ ରିଲିଫ ଓ ଉଦ୍ଧାର କାର୍ଯ୍ୟ ▶ପୃଷ୍ଠା-୭

Join EXCELSIOR to RISE HIGHER

TOP 20-A1 Rankers 2025

Devidat 570 Marks — AHSE -2025 College Topper
Dambarudhar 581 Marks — AHSE -2022 State Topper
Dolagobinda 568 Marks
Suchismita 566 Marks
Sairudra 565 Marks
Pinaki 563 Marks
Swapnashree 562 Marks
Rajat 560 Marks
Ipsita 558 Marks
Somyaranjan 558 Marks
Akash 558 Marks
Snehamayee 555 Marks
Madhusudan 555 Marks
Suchismita T 555 Marks
Adiya Ananya 555 Marks
Manusmita 554 Marks
Ipsita M 554 Marks
Anwesha 553 Marks
Saisna 552 Marks
Lopamudra 552 Marks
Ashwini 552 Marks
Subrat 552 Marks

Result Analysis AHSE-2025

| PERCENTAGE | MARKS | STRENGTH |
|---|---|---|
| 90% & ABOVE | 540 & ABOVE | 73 |
| 85% & ABOVE | 510 & ABOVE | 133 |
| 500 & ABOVE | | 148 |
| 80% & ABOVE | 480 & ABOVE | 199 |
| 75% & ABOVE | 450 & ABOVE | 239 |
| 70% & ABOVE | 420 & ABOVE | 273 |
| 60% & ABOVE | 360 & ABOVE | 314 |

| | | |
|---|---|---|
| TOTAL STUDENTS APPEARED | 314 | % |
| TOTAL STUDENTS PASSED | 314 | 100% |
| TOTAL 1st DIVISION | 314 | 100% |
| HIGHEST INDIVIDUAL SCORE IN AHSE 2025 | | 570 |
| NO. OF STUDENTS WHO EXCEEDED THEIR 10th% | | 221 |
| NO. OF STUDENTS WHO MAINTAINED THEIR 10th% | | 76 |

26 STUDENTS WITH 90% IN 10TH HAD JOINED WITH US.
73 STUDENTS HAVE SECURED 90% IN A.H.S.E. EXAM.

IMPROVEMENT ANALYSIS

| 10TH DATA | PERCENTAGE | 12TH RESULT DATA |
|---|---|---|
| 26 STUDENTS | ABOVE 90% | 73 STUDENTS |
| 53 STUDENTS | ABOVE 85% | 60 STUDENTS |
| 84 STUDENTS | ABOVE 80% | 66 STUDENTS |
| 103 STUDENTS | ABOVE 75% | 40 STUDENTS |
| 33 STUDENTS | ABOVE 70% | 34 STUDENTS |
| 15 STUDENTS | ABOVE 60% | 41 STUDENTS |

OUR BEST ACADEMIC ACHIEVEMENT IN A.H.S.E. 2025 -
PRANAKRUSHNA MAHANTA, WHO HAD SECURED 72% IN MATRIC
SECURED 92% IN A.H.S.E. EXAM.

ଉତିଷ୍ଠତ ଜାଗ୍ରତ

Excelsior Science Residential Higher Secondary School (CHSE)
Permanently Recognized by Govt. of Odisha
Chhotraypur, Jajpur Road, Jajpur

For Admission please Contact:
CHSE - 9437189122, 9437064112, 8457022795, 9437071103, 7978075324, 8328948954.
CBSE - 7008136699, 8249205993, 8596846553.

## ବିଜେଡିର ସାମ୍ବାଦିକ ସମ୍ମିଳନୀ

# ଲଘୁ ଖଣିଜ ଚୋରାଚାଲାଣକାରୀ ବିଧାୟକଙ୍କ ସମର୍ଥକ

ବଡ଼ଚଣା, ୨୧।୬(ସମିସ)

ଗତ ଏକ ବର୍ଷ ମଧ୍ୟରେ ବଡ଼ଚଣାରେ ବିକାଶ ପରିବର୍ତ୍ତେ ବିନାଶ ଚାଲିଛି। ବିଧାୟକଙ୍କ ସମର୍ଥିତ ଲଘୁ ଖଣିଜ ପଦାର୍ଥ ଚୋରାଚାଲାଣ ମାଫିଆମାନଙ୍କ ଦ୍ୱାରା କୋଟି କୋଟି ଟଙ୍କାର ରାଜସ୍ୱ କ୍ଷତିହେଉଛି ବୋଲି ଅଭିଯୋଗ ହେଉଛି। ଆଜି ଚଣ୍ଡିଖୋଲସ୍ଥିତ ରାଜୀବ ମେମୋରିଆଲ କେନ୍ଦ୍ର ଠାରେ ବଡଚଣା ବିଜେଡି ପକ୍ଷରୁ କ୍ୟାପଟେନ ରାଜନାରାୟଣ ମହାପାତ୍ରଙ୍କ ନିର୍ଦ୍ଦେଶରେ ଏକ ସାମ୍ବାଦିକ ସମ୍ମିଳନୀରେ ଏହି ଅଭିଯୋଗ କରାଯାଇଛି। ଗତ ଏକ ବର୍ଷ ଭିତରେ ସମଗ୍ର ବଡଚଣା ବ୍ଲକରେ ବାଲି, ମାଟି, ମୋରମ୍, ମାଙ୍କଡ଼ା ପଥର ଚୋରା ଚାଲାଣ କରି ମାଫିଆମାନେ ଲାଲେ ଲାଲେ ହେଉଥିବା ବେଳେ ବିଧାୟକଙ୍କ ପ୍ରଚ୍ଛନ୍ନ ସମର୍ଥନ ଯୋଗୁଁ ପ୍ରଶାସନ କୋଟିକୋଟି ଟଙ୍କାର ରାଜସ୍ୱ କ୍ଷତି ସହିବାକୁ ପଡୁଛି। ଏହା ବିରୁଦ୍ଧରେ ବଡଚଣା ବ୍ଲକ ବିଜେଡି ପକ୍ଷରୁ ଗତ ଏପ୍ରିଲ ୨୦ ତାରିଖରେ ଏକ ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କରାଯାଇଥିଲା। କିଛି ମାସର ବିରତି ପରେ ଲଘୁ ଖଣିଜ ପଦାର୍ଥ ମାଫିଆମାନେ ପୁଣି ସକ୍ରିୟ ହୋଇଛନ୍ତି।



ଗୁରୁବାର ବିଳମ୍ବିତ ରାତ୍ରିରେ ବଡ଼ଚଣା ଥାନା ଅଧିକାରୀ ମଧୁସ୍ମିତା ନାୟକ ପାଟ୍ରୋଲିଂ କରୁଥିବା ସମୟରେ କିଛି ସନ୍ଦିଗ୍ଧ ଗାଡ଼ିକୁ ବଡ଼ଚଣା ଗଣ୍ଡି ଛକରେ ଅଟକାଇ ଥିଲେ। ଚାଳକ ଏହା ଜାଣିପାରି ଚୋରା ମାଙ୍କଡ଼ା ପଥର ଟ୍ରକ୍ ଛାଡ଼ି ପଳାଇଥିଲେ। ଫଳରେ ପୁଲିସ୍ ଚାଳକଙ୍କୁ ଧରି ନ ପାରି ଗାଡ଼ିଗୁଡିକୁ ଜବତ କରିଥିଲା। ଗାଡ଼ି ନଂ. ଓଆର୍୦୪ଇ ୨୨୭୯ ମାଲିକ ନବଜ୍ୟୋତି ଜେନା, ଗାଡ଼ି ନଂ. ଓଆର୍୦୯ଡି ୫୩୪୭ ମାଲିକ ସନ୍ତୋଷ କୁମାର ବଳ, ଗାଡ଼ି ନଂ. ଓଆର୍୦୪ଡି୮୧୧୮ ମାଲିକ ସୁନିଲ କୁମାର ଦାଶଙ୍କର ତିନୋଟି ଚୋରା ମାଙ୍କଡ଼ା ପଥର ଟ୍ରକ୍‌କୁ ବଡଚଣା ପୁଲିସ ଜବତ କରିଛି। ଖୁବଶୀଘ୍ର ଏହି ଚୋରା ମାଙ୍କଡ଼ା ରପ୍ତାନୀ କରୁଥିବା ଲୋକଙ୍କ ବିରୁଦ୍ଧରେ ଆଇନ ଅନୁଯାଇ ତଦନ୍ତ କରାଯିବ ସହିତ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ବୋଲି ଥାନା ଅଧିକାରୀ ମଧୁସ୍ମିତା ନାୟକ ଗଣମାଧ୍ୟମକୁ ଜଣାଇଛନ୍ତି। ଅପରପକ୍ଷରେ ଚୋରା ମାଙ୍କଡ଼ା ପଥର ପୁଲିସ ଦ୍ୱାରା ଜବତ ହୋଇଥିବା ଟ୍ରକ୍ ମାଲିକମାନଙ୍କ ସହିତ ବିଧାୟକଙ୍କ ବିଭିନ୍ନ ସମୟର ଫଟୋ ବିଭିନ୍ନ ସାମାଜିକ ଗଣମାଧ୍ୟମରେ ଘୁରି ବୁଲୁଛି ବୋଲି ବିଜେଡି ଅଭିଯୋଗ କରିଛି। ବିଶେଷ କରି ବୈରୀ ଓ ବାଲିଚନ୍ଦ୍ରପୁର ପୁଲିସ ସହିତ ଚୋରାଚାଲାଣକାରୀଙ୍କ ମଧ୍ୟରେ ମଧୁଚନ୍ଦ୍ରିକା ରହିଛି ବୋଲି ଅଭିଯୋଗ ହେଉଛି। ଜବତ ହୋଇଥିବା ଗାଡି ଗୁଡ଼ିକର କାଗଜ ପତ୍ର ଯାଞ୍ଚ କରି ଗାଡ଼ି ମାଲିକମାନଙ୍କ ପ୍ରତି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଚଣ୍ଡିଖୋଲ ଆଞ୍ଚଳିକ ପରିବହନ ଅଧିକାରୀଙ୍କୁ ଅନୁରୋଧ କରାଯଇଛି ବୋଲି ବିଜେଡି କହିଛି। ଆଗାମୀ ଦିନରେ ବଡଚଣା ବ୍ଲକରେ ହେଉଥିବା ଲଘୁ ଖଣିଜ ପଦାର୍ଥ ଚୋରାଚାଲାଣକୁ ବନ୍ଦ କରା ନ ଯାଏ ତେବେ ବଡଚଣା ବିଜେଡି ରାଜରାସ୍ତାକୁ ଓହ୍ଲାଇବ ବୋଲି ଚେତାବନୀ ଦିଆଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ବଡଚଣା ବ୍ଲକ ବିଜେଡି ସଭାପତି ତାପସ ରାୟ, ଯାଜପୁର ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ଗଣେଶ୍ୱର ବରାଳ, ବ୍ଲକ ବିଜେଡି ଉପସଭାପତି ଦିଲ୍ଲିପ କୁମାର ସାମଲ, ମନ୍ମଥସାହେବ ରାୟ, ନିରଞ୍ଜନ ବିଶ୍ୱାଳ, ପ୍ରଦୀପ୍ତ କୁମାର ମହାନ୍ତି, ଧନେଶ୍ୱର ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

## ଷ୍ଟେଟ ବ୍ୟାଙ୍କ ପ୍ରତିଷ୍ଠା ଦିବସରେ ରକ୍ତଦାନ ଶିବିର



ବ୍ୟାସନଗର, ୨୧।୬(ସମିସ): ଭାରତୀୟ ଷ୍ଟେଟ ବ୍ୟାଙ୍କର ୭୦ତମ ପ୍ରତିଷ୍ଠା ଦିବସ ଅବସରରେ ଯାଜପୁର ରୋଡସ୍ଥିତ ମୁଖ୍ୟ ବ୍ରାଞ୍ଚ ତରଫରୁ ଏକ ବିଶାଳ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏସ୍‌ବିଆଇ ଯାଜପୁର ରୋଡ୍‌ର ମୁଖ୍ୟ ପ୍ରବନ୍ଧକ ଜ୍ୟୋତିଶଙ୍କର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସ୍ୱେଚ୍ଛାକୃତ ରକ୍ତଦାନ ଶିବିରକୁ ଯାଜପୁର ରୋଡ ଚାମ୍ବର ଅଫ କମର୍ସର ସମ୍ପାଦକ ସଦାଶିବ ଦାଶ, ଯାଜପୁର ସଚେତନ ନାଗରିକ ମଞ୍ଚର ଆବାହକ ସରୋଜ ବେହେରା, ବ୍ୟାସନଗର ସ୍ୱୟଂଶାସିତ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ କୁଶଚନ୍ଦ୍ର ପ୍ରଧାନ ପ୍ରମୁଖ ଯୋଗ ଦେଇ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ତେବେ ପ୍ରଥମ ଥର ପାଇଁ ବ୍ୟାଙ୍କ ତରଫରୁ ରକ୍ତଦାନ ପରି ଏକ ମହନୀୟ କାର୍ଯ୍ୟ କରାଯାଇଥିବାରୁ ଅତିଥିମାନେ ଏହାର ପ୍ରଶଂସା କରିଥିଲେ। କଟକ କେନ୍ଦ୍ରୀୟ ବ୍ଲଡ ବ୍ୟାଙ୍କର ଡ. କିଶୋର ଚନ୍ଦ୍ର ବେହେରା, ବିଜୟ କୁମାର ସ୍ୱାଇଁ, ରାମପ୍ରସାଦ ରାୟ, ସଞ୍ଜୟ ପାତ୍ର, ସୁଜିତ ସାହୁ, ଟେକ୍ନିସିଆନ ସୌମ୍ୟ ରଞ୍ଜନ ସାହୁ ରକ୍ତ ସଂଗ୍ରହ କରିଥିଲେ। ସମସ୍ତ ରକ୍ତାଦାତାଙ୍କୁ ମାନପତ୍ର ଏବଂ ପୁରସ୍କାର ପ୍ରଦାନ କରାଯାଇଥିଲା। ବ୍ୟାଙ୍କର କର୍ମଚାରୀ ବିକି ବେହେରା ଏବଂ ଅନ୍ୟମାନେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ନାବାଳିକା ଅପହରଣ ଓ ଦୁଷ୍କର୍ମକାରୀକୁ ୧୦ ବର୍ଷ ଜେଲ୍

ଯାଜପୁର, ୨୧।୬(ସମିସ): ଜନୈକା ୧୪ ବର୍ଷୀୟା ନାବାଳିକାକୁ ଅପହରଣ ଓ ଦୁଷ୍କର୍ମ କରିଥିବା ଅଭିଯୋଗରେ ଅଭିଯୁକ୍ତକୁ ୧୦ ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରାଯାଇଛି। ବିବରଣୀରୁ ପ୍ରକାଶ ଯେ, ଯାଜପୁର ଜିଲା କୁଆଖିଆ ଥାନା ଅଞ୍ଚଳ ନୂଆ ମିର୍ଜାପୁର ଗ୍ରାମର ସଞ୍ଜୟ ମଲ୍ଲିକ (୩୦) ଜନୈକା ୧୪ ବର୍ଷୀୟା ନାବାଳିକାକୁ ଗତ ୨୦୧୮ ମସିହା ଜୁଲାଇ ୧୨ତାରିଖ ରାତିରେ ଅପହରଣ କରିନେଇ ସେ କାର୍ଯ୍ୟ କରୁଥିବା ଚେନ୍ନାଇକୁ ନେଇ ପଳାଇଯାଇଥିଲା। ସେଠାରେ ନାବାଳିକାର ଇଚ୍ଛା ବିରୁଦ୍ଧରେ ଜୋର ଜବରଦସ୍ତ ବିବାହ କରି ୧୫ଦିନ ଧରି ତାକୁ ବଳାତ୍କାର କରିଥିଲା। ଅପହରଣ କରିନେଇଥିବା ଘଟଣା ନାବାଳିକାର ମା’ କୁଆଖିଆ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଏହି ଲିଖିତ ଅଭିଯୋଗ ଆଧାରରେ କୁଆଖିଆ ଥାନାଧିକାରୀ ଥାନା କେଶ ନଂ. ୧୧୦/୧୮ ମୁତାବକ ଏକ ଅପହରଣ ମାମଲା ରୁଜୁ କରିଥିଲା। ତଦନ୍ତର ୧୮ଦିନ ପରେ ଅଭିଯୁକ୍ତ ସଞ୍ଜୟ ନାବାଳିକାକୁ ତା’ ଘରେ ଆଣି ରଖିଥିବା ଖବର ପାଇ ପୁଲିସ ନାବାଳିକାକୁ ଉଦ୍ଧାର କରିବା ସହ ଅଭିଯୁକ୍ତ ସଞ୍ଜୟକୁ ଗିରଫ କରି କୋର୍ଟଚାଲାଣ କରିଥିଲା। ପରେ ନାବାଳିକାକୁ ଡାକ୍ତରୀମାଇନା କରାଯିବାରୁ ସେ ଦୁଷ୍କର୍ମ ହୋଇଥିବା ପୁଲିସ ଜାଣିବାକୁ ପାଇଥିଲା। ଏହି ମାମଲାର ଶନିବାର ଦିନ ଚୂଡ଼ାନ୍ତ ଶୁଣାଣି କରି ୮ ଜଣ ସାକ୍ଷୀଙ୍କ ସାକ୍ଷ୍ୟ ଓ ପ୍ରମାଣକୁ ଆଧାରକରି ସ୍ୱତନ୍ତ୍ର ପୋକ୍‌ସୋ ବିଚାରପତି ଶରତ କୁମାର ଦେହୁରୀ ଅଭିଯୁକ୍ତ ସଞ୍ଜୟକୁ ୧୦ ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିବା ସହ ୧୦ହଜାର ଟଙ୍କା ଜରିମାନା କରିଛନ୍ତି। ଏହି ଜରିମାନା ଅର୍ଥ ଅନାଦେୟରେ ଅଭିଯୁକ୍ତକୁ ପୁନଶ୍ଚ ୨ବର୍ଷ ଜେଲ୍ ଦଣ୍ଡାଦେଶ ହେବ ବୋଲି ରାୟରେ ଉଲ୍ଲେଖ ଅଛି। ପୀଡ଼ିତା ନାବାଳିକାକୁ ୭ଲକ୍ଷ ଟଙ୍କା କ୍ଷତି ପୂରଣ ଦେବାକୁ ଜିଲା ଆଇନ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦିଆଯାଇଛି। ଏହି ମାମଲାଟିକୁ ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପବ୍ଲିକ ପ୍ରସିକ୍ୟୁଟର ପାର୍ଥ ରାୟ ପରିଚାଳନା କରିଥିଲେ।

## ଦଶରଥପୁରରେ ଯୋଗ ଦିବସ



ଦଶରଥପୁର, ୨୧।୬(ସମିସ): ଦଶରଥପୁର ବ୍ଲକର ବିଭିନ୍ନ ଶିକ୍ଷାନୁଷ୍ଠାନ, ଯୁବକ ସଙ୍ଘ, ବ୍ୟାୟାମ ଶାଳ ମାନଙ୍କରେ ଯୋଗ ଦିବସ ଉପଲକ୍ଷେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ବ୍ଲକ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ଶିବିରରେ ଯୋଗ ଗୁରୁ ସତ୍ୟବ୍ରତ ସାମଲ ଓ ବିକେ ରଞ୍ଜିତ ଯୋଗଶିକ୍ଷା ଦେଇଥିଲେ। ଏହି ଅବସରରେ ବିଡିଓ ଆକାଶ ପଟ୍ଟନାୟକ ଅତିରିକ୍ତ ବିଡ଼ିଓ ତ୍ରିଲୋଚନ ସେଠୀଙ୍କ ସମେତ ବ୍ଲକର ସମସ୍ତ କର୍ମଚାରୀ ଉପସ୍ଥିତି ଥିବା ବେଳେ ବ୍ଲକ ଅନ୍ତର୍ଗତ ଥାଲୁକୁଡି ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ଠାରେ ଅନୁଷ୍ଠିତ ଯୋଗ ଶିବିରକୁ ପ୍ରଧାନ ଆଚାର୍ଯ୍ୟ ପ୍ରଫୁଲ୍ଲ କୁମାର ଆଚାର୍ଯ୍ୟ ଶୁଭାରମ୍ଭ କରିବା ସହିତ ପ୍ରତିଦିନ ଯୋଗ କଲେ ଶରୀର ସୁସ୍ଥ ଏବଂ ନିରୋଗ ରହିବାରେ ସହାୟକ ହୋଇଥାଏ ବୋଲି ମତବ୍ୟକ୍ତ କରିଥିଲେ। ଯୋଗ ଗୁରୁ ପଞ୍ଚାନନ ଦାଶ ଶିବିରରେ ଉପସ୍ଥିତ ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀ, ଗୁରୁଜୀ, ଗୁରୁମାଙ୍କୁ ଯୋଗ ଶିକ୍ଷା ପ୍ରଦାନ କରିଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କୁ ନେଇ ଯୋଗ ସମ୍ବନ୍ଧୀୟ ଚିତ୍ରାଙ୍କନ, ପ୍ରବନ୍ଧ, ବକ୍ତୃତା ଆଦି ପ୍ରତିଯୋଗିତା ଅନୁଷ୍ଠିତ ହେବା ସହିତ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ଶିବିର ପରିଚାଳନାରେ ଗୁରୁଜୀ ପ୍ରଶାନ୍ତ ପଣ୍ଡା, ନିତ୍ୟାନନ୍ଦ ଦଳାଇ, ବିଦ୍ୟାଧର ପଣ୍ଡା, ସଞ୍ଜୟ ସାହୁ, କୁଳମଣି ରଣା, ଉଦୟନାଥ ଭଞ୍ଜ, ବିରଜା ପ୍ରସାଦ ନାୟକ, ଗୁରୁମା ସବିତା ସ୍ୱାଇଁ, ବୈଜୟନ୍ତୀ ସାମଲ, ସସ୍ମିତା ରାୟ, ସସ୍ମିତା ବେହୁରିଆ, ଅନ୍ନପୂର୍ଣ୍ଣା ସାହୁ, ମନୋରମା ଦାଶ, ପ୍ରିୟଦର୍ଶିନୀ କର ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ଚୋରା ଦେଶୀ ମଦ ଜବତ; ୨ ଗିରଫ

ସୁକିନ୍ଦା, ୨୧।୬(ସମିସ): କାଳିଆପାଣି ପୁଲିସ ଦ୍ୱାରା ସ୍ଥାନୀୟ ଅଞ୍ଚଳରୁ ଚୋରା ଦେଶୀ ମଦ ଜବତ କରିବା ସହ ଏହି ଘଟଣାରେ ସମ୍ପୃକ୍ତ ଦୁଇ ଜଣକୁ ଗିରଫ କରି କୋର୍ଟଚାଲାଣ କରିଛି। ସୂଚନା ମୁତାବକ କାଳିଆପାଣି ଥାନା ଅନ୍ତର୍ଗତ କାଟେପୂର୍ତ୍ତିନଗର ଅଞ୍ଚଳର ଶ୍ୟାମସୁନ୍ଦର ବାସ୍କେ ଓ କଙ୍କଡ଼ାହାଡ ଅଞ୍ଚଳର ଗୋପୀନାଥ ଟୁଡୁଙ୍କ ଠାରୁ ପୁଲିସ ଚୋରା ଦେଶୀ ମହୁଲି ମଦ ଜବତ କରିବା ସହ ୬୬/୨୦୨୫ରେ ଏକ ମାମଲା ରୁଜୁ କରି ଉଭୟଙ୍କୁ କୋର୍ଟଚାଲାଣ କରିଥିବା ଥାନା ଏସ୍‌ଆଇ ଅନ୍ତର୍ଯ୍ୟାମୀ ଶ୍ରୀଚନ୍ଦନ ସୂଚନା ଦେଇଛନ୍ତି।

## ଟ୍ରକ୍ ଚାଳକଙ୍କ ହୃଦ୍‌ଘାତରେ ମୃତ୍ୟୁ

ଧର୍ମଶାଳା, ୨୧।୬(ସମିସ): ଧର୍ମଶାଳା ଥାନା ଅନ୍ତର୍ଗତ ୧୬ ନମ୍ବର ଜାତୀୟ ରାଜପଥ ଜାରକା ନିକଟରେ ଜଣେ ଟ୍ରକ୍ ଡ୍ରାଇଭରଙ୍କ ହୃଦ୍‌ଘାତରେ ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ସୂଚନା ମୁତାବକ ଟିଏନ୍‌୨୪ଏଡି ୭୫୭୯ ନଂ. ଟ୍ରକ୍ କଟକ ଅଞ୍ଚଳରୁ କିଛି ଜିନିଷ ବୋଝେଇ କରି କଲିକତା ଅଭିମୁଖେ ଯାଉଥିବା ବେଳେ ଚଣ୍ଡିଖୋଲରେ ତାଙ୍କ ଛାତିରେ ଯନ୍ତ୍ରଣା ଅନୁଭବ କରିଥିଲେ। ପରେ ଟ୍ରକ୍‌ରେ ଥିବା ହେଲ୍‌ପର ଟ୍ରକ୍ ଚଳାଇ ଜାରକା ଆସି ରାସ୍ତା କଡ଼ରେ ଟ୍ରକ୍ ଲଗାଇ ସ୍ଥାନୀୟ ଲୋକଙ୍କ ସହାୟତାରେ ୧୦୮ ଆମ୍ବୁଲାନ୍ସ ଯୋଗେ ତାଙ୍କୁ ଧର୍ମଶାଳା ଡାକ୍ତରଖାନାକୁ ନେଇଥିଲେ। ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିବା ଜଣାଯାଇଛି। ତାଙ୍କ ନାମ ଦଣ୍ଡପାଣି ବୟସ ୪୫ ବର୍ଷ। ତେବେ ଡ୍ରାଇଭରର ଏଭଳି ମୃତ୍ୟୁ ଏଠାରେ ଏକ ଆଲୋଚ୍ୟର ବିଷୟ ହୋଇଛି।

## ବାଲମୁକୁଳି ବଜାର ଅଳିଆ ଆବର୍ଜନାରେ ଭର୍ତ୍ତି



ସିଂହପୁର, ୨୧।୬(ସମିସ): ହଇଜା ପାଇଁ ଯାଜପୁର ଜିଲ୍ଲା ରେଡ୍ ଜୋନରେ ଥିବା ବେଳେ ପରିମଳ ବ୍ୟବସ୍ଥାକୁ ବିଶେଷ ଧ୍ୟାନ ଦିଆଯାଉଛି ପାଣି ଉତ୍ସ ଗୁଡ଼ିକୁ ବିଶୋଧନ କରାଯାଉଥିବା ବେଳେ ବ୍ଲିଚିଂ ମଧ୍ୟ କରାଯାଉଅଛି। ତହସିଲ ପକ୍ଷରୁ ବିଭିନ୍ନ ହୋଟେଲ, ମିଠା ଦୋକାନରେ ଚଢାଉ କରି ବାସି ଖାଦ୍ୟ ପାଇଁ ଫାଇନ କରାଯାଉଥିବା ବେଳେ ବିଞ୍ଝାରପୁର ଅଞ୍ଚଳରେ ଥିବା ବିଭିନ୍ନ ଫଳ ଦୋକାନ ପାଇଁ ହଇଜା ସଂକ୍ରମଣର ଆଶଙ୍କା ଏବେ ଘନୀଭୂତ ହେବାରେ ଲାଗିଛି। ବିଞ୍ଝାରପୁର ଅଞ୍ଚଳର ବିଭିନ୍ନ ସ୍ଥାନରେ କୁଢ଼ ହୋଇଥିବା ଅଳିଆ ସଫା କରାଯାଉଥିବା ବେଳେ ବାଲମୁକୁଳୀ ବଜାରରେ ଅଳିଆ କୁଢ଼ ବଢ଼ିବାରେ ଲାଗିଛି। ଆଉ ଏହି କୁଢ଼ ପାଇଁ ସ୍ଥାନୀୟ ଫଳ ଦୋକାନୀ ଦାୟୀ କୁହାଯାଉଥିବା ବେଳେ ପ୍ରଶାସନ କୌଣସି କାର୍ଯ୍ୟାନୁଷ୍ଠାନ ନେଉନଥିବା ଅଭିଯୋଗ ଆସିଛି। ଅଭିଯୋଗ ଅନୁଯାୟୀ ବାଲମୁକୁଳୀ ହାଟ ନିକଟସ୍ଥ ନାଳ ପାଖରେ ସ୍ଥାନୀୟ ଫଳ ଦୋକାନୀ ମାନେ ଏଠି ପଚା ସଢ଼ା ଫଳ ଗଦା କରୁଛନ୍ତି। ପଚା ଫଳ କୁଢ଼ ଗଦା ହୋଇ ରହିବା ଫଳରେ ଦୁର୍ଗନ୍ଧ ବ୍ୟାପୁଛି। ଖାଲି ସେତିକି ନୁହଁ ଏହି କୁଢ଼ ଅଳିଆ ଉପରେ ମାଛି ବସୁଥିବା ବେଳେ ହଇଜା ବ୍ୟାପୁଥିବା ଅଭିଯୋଗ କରିଛନ୍ତି ସ୍ଥାନୀୟ ବାସିନ୍ଦା। ହଇଜା ପାଇଁ ଯେତେବେଳେ ପରିବେଶ ସ୍ୱଚ୍ଛ ରଖିବାକୁ ନିର୍ଦ୍ଦେଶ ଅଛି ସ୍ଥାନୀୟ ପ୍ରଶାସନ ଏହି ନିର୍ଦ୍ଦେଶକୁ କେତେ ମାନୁଛି ତାହା ସ୍ପଷ୍ଟ ଜଣାପଡୁଛି।

## ରୋଟାରୀ କ୍ଲବ ତରଫରୁ ଛତା ବଣ୍ଟନ

ଧର୍ମଶାଳା, ୨୧।୬(ସମିସ): ଧର୍ମଶାଳା ବ୍ଲକ ଜାରକା ରୋଟାରୀ କ୍ଲବ ତତଫରୁ ବର୍ଷାଦିନ ପାଇଁ ଗରିବ, ଅସହାୟ ଓ ଭିକାରୀ ମାନଙ୍କୁ ଆଜି ଛତା ବଣ୍ଟନ କରାଯାଇଛି। ଆଜି ରୋଟାରୀ କ୍ଲବର ସଦସ୍ୟମାନେ ଜାରକା ବଜାର, ଶାନ୍ତି ବଜାର ଓ ଧର୍ମଶାଳା ହାଟ ପ୍ରଭୃତି ସ୍ଥାନ ମାନଙ୍କରେ ଏଭଳି ଲୋକମାନଙ୍କୁ ଠାବକରି ଛତା ବଣ୍ଟନ କରା କରିଥିଲେ। ଏହି କାର୍ଯ୍ୟକ୍ରମରେ ରୋଟାରୀ କ୍ଲବ ଜାରକାର ସଭାପତି ରାଜେନ୍ଦ୍ର ପ୍ରସାଦ ପଲେଇ, ସମ୍ପାଦକ ଜୟପ୍ରକାଶ ତ୍ରିପାଠୀ, ବରିଷ୍ଠ ସଭ୍ୟ ଲକ୍ଷ୍ମୀକାନ୍ତ ଚଉପଟନାୟକ୍, ଧରଣୀଧର ଦାଶ, ପ୍ରମୋଦ ସାମଲ, ଜୟଗୁରୁ ପାତ୍ର ଓ ଅନ୍ୟ ସଭ୍ୟ ମାନେ ସହଯୋଗ କରିଥଲେ।




## ପୂର୍ବତନ ବ୍ଲକ ଅଧ୍ୟକ୍ଷ ବିଶ୍ୱଜିତ ଦାସ ନିଲମ୍ବିତ

ଯାଜପୁର, ୨୧।୬(ସମିସ): ଗତ ୬ ତାରିଖରେ ବିଜେପିର ଆତଙ୍କରାଜ ବିରୁଦ୍ଧରେ ‘କଳା ଦିବସ’ ପାଳନ କରି ବିଜେପି ବିରୁଦ୍ଧରେ ନିଜର ଆଭିମୁଖ୍ୟ ସ୍ପଷ୍ଟ କରିଥିଲେ ପୂର୍ବତନ ବିଧାୟକ ଇଂ.ପ୍ରୀତିରଞ୍ଜନ ଘଡାଇ। ବିଜେପି ବିରୋଧରେ କଡା ଆଭିମୁଖ୍ୟ ଗ୍ରହଣ କରି ସାରା ରାଜ୍ୟରେ ଚର୍ଚ୍ଚା ସୃଷ୍ଟି କରିଥିବା ଇଂ. ଘଡାଇ ଆଜି ଦଳ ବିରୋଧୀ କାର୍ଯ୍ୟ ସୁକିନ୍ଦାର ପୂର୍ବତନ ବ୍ଲକ ଅଧ୍ୟକ୍ଷ ବିଶ୍ୱଜିତ ଦାସଙ୍କୁ ବିଜୁ ଜନତା ଦଳରୁ ନିଲମ୍ବନ କରିଛନ୍ତି। ଶନିବାର ସୁକିନ୍ଦା ବ୍ଲକ ବିଜୁ ଜନତା ଦଳ ସଭାପତି ବିବେକାନନ୍ଦ ଘୋଷ ଏକ ପ୍ରେସ୍ ବିଜ୍ଞପ୍ତି ଜାରି କରି ବିଶ୍ୱଜିତ୍‌ଙ୍କୁ ଦଳ ବିରୋଧି କାର୍ଯ୍ୟ ପାଇଁ ନିଲମ୍ବିତ କରାଯାଇଥିବା ପ୍ରକାଶ କରିଛନ୍ତି।

## ୩ଟି ବାଲି ବୋଝେଇ ହାଇୱା ଜବତ



ଧର୍ମଶାଳା, ୨୧।୬(ସମିସ): ଯାଜପୁର ଜିଲ୍ଲା ରସୁଲପୁର ତହସିଲ ଅନ୍ତର୍ଗତ ମାଣତୀର ଗ୍ରାମ ଦେଇ ଯାଉଥିବା ଏକ ବାଲିବୋଝେଇ ହାଇୱା ଗାଡିକୁ ଗ୍ରାମବାସୀ ଅଟକ ରଖି ପୁଲିସ ଜିମା ଦେଇଛନ୍ତ। ସୂଚନା ମୁତାବକ ରସୁଲପୁର ତହସିଲ ଅନ୍ତର୍ଗତ ଜବରା ବାଲି ଘାଟରୁ ବାଲି ବୋଝେଇ କରି ୩ଗୋଟି ହାଇୱା ଗାଡି ମାଣତୀର ଗ୍ରାମ ଦେଇ ଆସୁଥିବା ବେଳେ ରାସ୍ତା ଖରାପ ହେଉଥୁବା ଅଭିଯୋଗ କରି ଗ୍ରାମବାସୀମାନେ ୩ ଟି ବାଲି ବୋଝେଇ ଗାଡିକୁ ଅଟକ ରଖିଥିଲେ। ଖବର ପାଇ ଧର୍ମଶାଳା ପୋଲିସ ସେଠାରେ ପହଞ୍ଚି ଗାଡି ୩ଟିକୁ ସେଠାରୁ ଆଣି ଥାନାରେ ଅଟକ ରଖି ତଦନ୍ତ ତଦନ୍ତ ଜାରି ରଖିଛି।

## ସମାଜସେବୀଙ୍କ ହୃଦ୍‌ଘାତରେ ପରଲୋକ

ଧର୍ମଶାଳା, ୨୧।୬(ସମିସ): ଧର୍ମଶାଳା ବ୍ଲକ ଅନ୍ତର୍ଗତ ଚୋରମୁହାଁ ପଞ୍ଚାୟତ ବଡ଼ ମଙ୍ଗଳପୁର ଗ୍ରାମର ବିଶିଷ୍ଟ ଶିକ୍ଷାବିତ ଭକ୍ତଚରଣ ମହାନ୍ତିଙ୍କ ପୁଅ ସମାଜସେବୀ ଭାରତ କେଶରୀ ମହାନ୍ତି (୭୫)ଙ୍କ ଭୋର ୩ଟା ସମୟରେ କଟକ ବାଦାମବାଡି ସ୍ଥିତ ବାସଭବନରେ ହୃଦ୍‌ଘାତରେ ପରଲୋକ ହୋଇଯାଇଛି। ମୃତ୍ୟୁ ଶଯ୍ୟା ନିକଟରେ ତାଙ୍କ ବଡ଼ ଭାଇ ପ୍ରାଧ୍ୟାପକ କଳିଙ୍ଗ କେଶରୀ ମହାନ୍ତି, ଭାଉଜ, ଦୁଇପୁଅ, ବୋହୂ, ପୁତୁରା ଉପସ୍ଥିତ ଥିଲେ। ତାଙ୍କ ମୃତ୍ୟୁରେ ଆଖପାଖ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଚୋରକୁ ଧରି ପୁଲିସ ଜିମା ଦେଲେ ଗ୍ରାମବାସୀ

ଧର୍ମଶାଳା, ୨୧।୬(ସମିସ): ଧର୍ମଶାଳା ଥାନା ଅନ୍ତର୍ଗତ ନରସିଂହପୁର ଗ୍ରାମରୁ ଗତକାଲି ବିଳମ୍ବିତ ରାତିରେ ଦୁର୍ବୃତ୍ତ ଘରେ ପଶି ଚୋରି କରି ନେଇ ଯାଇଥିଲେ। ତେବେ ଆଜି ଭୋର ସମୟରେ ଗ୍ରାମର କିଛି ଲୋକ ଚୋରି କରିଥିବା ସ୍ଥାନୀୟ ଅଞ୍ଚଳର ଦୁଇ ନାବାଳକଙ୍କୁ ଧରି ପଚରାଉଚରା ପରେ ସେ ମାନିଥିବା ବେଳେ ଗ୍ରାମବାସୀ ଉଭୟ ନାବାଳକଙ୍କୁ ପୁଲିସ ଜିମା ଦେଇଛନ୍ତି। ଏମାନେ ନରସିଂହପୁର ଗ୍ରାମର ସତ୍ୟଭାମା ତରାଇଙ୍କ ଘରେ ପସି ଲକ୍ଷାଧିକ ଟଙ୍କାର ସୁନା ଅଳଙ୍କାର ସହ ୫୦ହଜାରରୁ ଅଧିକ ଟଙ୍କା ଚୋରି କରିନେଇଥିଲେ। ରାତିରେ ଘର ଲୋକେ ଶୋଇଥିବା ବେଳେ କେହି ଦୁର୍ବୃତ୍ତମାନେ ଘରେ ପସି ଚୋରି କରିନେଇଥିଲେ। ଘରେ ଚୋରି ହୋଇଥିବା ଜାଣିବା ପରେ ପରିବାର ଲୋକେ ଖୋଜା ଖୋଜି କରିବାରୁ ଘର ପଛ ପଟ ରାସ୍ତା ଦେଇ ଚୋର ଯାଇଥିବା ଚିହ୍ନ ଦେଖିବାକୁ ପାଇଥିଲେ। ସନ୍ଦେହରେ ପରିବାର ଲୋକେ ଓ ଗ୍ରାମବାସୀ ମିଳିତ ଭାବେ ଯାଇଁ ନୀଳକଣ୍ଠପୁର ନିକଟସ୍ଥ ଏକ ଘର ପାଖରୁ ଦୁଇ ନାବାଳକଙ୍କୁ କାବୁ କରିଥିଲେ। ଏହି ଦୁଇ ନାବାଳକ ଚୋରି କରି ନୀଳକଣ୍ଠପୁର ଗ୍ରାମରେ ଜଣଙ୍କ ଘରେ ଦେଇଥିବା ମାନିଥିଲେ। ପରେ ପୁଲିସ ପହଞ୍ଚି ଉକ୍ତ ଦୁଇ ନାବାଳକଙ୍କୁ ଥାନରେ ଅଟକ ରଖି ପଚରାଉଚରା କରିବା ପରେ ମୂଖ୍ୟ ଅଭିଯୁତ ଫେରାର ହୋଇଯାଇଥିବା ଜଣାପଡ଼ିଛି। ଧର୍ମଶାଳା ଥାନା ଅଞ୍ଚଳରେ ଦିନକୁ ଦିନ ଚୋରି ବଢୁଥିବା ବେଳେ ଚୋରି ରୋକିବାରେ ପୁଲିସ ବିଫଳ ହୋଇଛି।

## ନବୀନଙ୍କ ଆରୋଗ୍ୟ କାମନା କରି ଦୀପଦାନ

ଯାଜପୁର/ ଦଶରଥପୁର, ୨୧।୬ (ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କର ଆସନ୍ତାକାଲି ମୁମ୍ବାଇରେ ଅସ୍ତ୍ରୋପଚାର ହେବ। ଏହି ଅବସରରେ ଯାଜପୁରର ଅଧିଷ୍ଠାତ୍ରୀ ଦେବୀ ମା’ ବିରଜାଙ୍କ ପୀଠରେ ବିଜୁ ଜନତା ଦଳ ପକ୍ଷରୁ ସମୂହ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଜେଡି ନେତା ଭବ ପ୍ରସାଦ ଦାସଙ୍କ ନେତୃତ୍ୱରେ ଯାଜପୁର ପୌରପାଳିକାର ଅଧ୍ୟକ୍ଷା ରଞ୍ଜୁଲତା ହୋତା, ବଳଭଦ୍ର ଦାସଙ୍କ ସମେତ ସମସ୍ତ କାଉନସିଲର ସାମିଲ ହୋଇ ମା’ ବିରଜାଙ୍କ ନିକଟରେ ସମୂହ ଦୀପଦାନ କରି ନବୀନଙ୍କ ଦ୍ରୁତ ଆରୋଗ୍ୟ କାମନା କରିଥିଲେ। ଏହି ଅବସରରେ ଯାଜପୁର ନିର୍ବାଚନ ମଣ୍ଡଳୀର ବିଭିନ୍ନ ଅଞ୍ଚଳରୁ ବିଜେଡିର ଯୁବ, ମହିଳା କର୍ମୀମାନେ ମଧ୍ୟ ସାମିଲ ହୋଇଥିଲେ।



ସେହିପରି ଜିଲ୍ଲା ବିଜେଡି ସଭାପତି ସରୋଜ ମହାପାତ୍ରଙ୍କ ନେତୃତ୍ୱରେ ଦଶରଥପୁର ତହସିଲ କାର୍ଯ୍ୟାଳୟ ନିକଟସ୍ଥ ସନ୍ତୋଷୀ ମା’ ମନ୍ଦିରରେ ସମୂହ ଦୀପଦାନ କରଯାଇଛି। ଏଥିରେ ବରିଷ୍ଠ ବିଜେଡି ନେତା କର୍ଣ୍ଣାଟ କେଶରୀ ଦାସ, ଜିଲ୍ଲା ପରିଷଦ ସଭ୍ୟ ପାର୍ଥସାରଥୀ ମହାପାତ୍ର, ଜିଲ୍ଲା ପରିଷଦ ସଭ୍ୟା ମନସ୍ୱିନୀ ଦାସ, ମାମିନା ମଲ୍ଲିକ, ବ୍ଲକ ବିଜୁ ଜନତା ଦଳର ସଭାପତି ଅଜୟ ମହାନ୍ତି, ସରପଞ୍ଚ କୁଞ୍ଜବିହାରୀ ଦାସ, ରାଜଶ୍ରୀ ସାମଲ, ସୀତାକାନ୍ତ ଶତପଥୀ, ପ୍ରଭାତ ନାୟକ, ଜ୍ୟୋତିରଞ୍ଜନ ପରିଡ଼ା, ଅମୀୟ ଜେନା, ଶିଶିର ଧଳ, ଏସ୍‌କେ ନାଦର, ପ୍ରଭାତ ନାୟକ, ପ୍ରଶାନ୍ତ ମଲ୍ଲିକ, ମହେଶ୍ୱର ସାହୁ, ପିତାମ୍ବର ଦାସ, ଉମାକାନ୍ତ ମଲ୍ଲିକ, ଚନ୍ଦ୍ରକାନ୍ତ ମହାପାତ, ସୁଦର୍ଶନ ସେନାପତି, ପ୍ରତାପ ନାୟକ, ଗେଡ଼ି ସାହୁ, କମଳ ଦାସଙ୍କ ସମେତ ବହୁ ସଂଖ୍ୟାରେ ଯୁବ, ମହିଳା କାର୍ଯ୍ୟକର୍ତ୍ତା ଦ୍ୱୀପ ପ୍ରଜ୍ୱଳନ କରି ମା’ ସନ୍ତୋଷୀଙ୍କ ନିକଟରେ ପ୍ରାର୍ଥନା କରିଥିଲେ।

## ପୂର୍ବତନ ବିଜେଡି ସଭାପତିଙ୍କ ପରଲୋକରେ ଶୋକ

ବ୍ୟାସନଗର, ୨୧।୬(ସମିସ)

ବ୍ୟାସନଗର ପୌର ପରିଷଦ ପୂର୍ବତନ ବିଜେଡି ସଭାପତି ତଥା କାଉନସିଲର ବ୍ରଜକିଶୋର ରାଉତଙ୍କର ୬୬ ବର୍ଷ ବୟସରେ ପରଲୋକ ଘଟିଛି। କିଛିଦିନ ହେବ ସେ ଅସୁସ୍ଥ ହୋଇ ଭୁବନେଶ୍ୱରର ଏକ ଘରୋଇ ମେଡ଼ିକାଲରେ ଚିକିତ୍ସିତ ହେଉଥିଲେ। ଏହି ଖବର ପ୍ରଚାର ପରେ ସମଗ୍ର ସହରରେ ଶୋକର ଛାୟା ଖେଳି ଯାଇଥିଲା। ସ୍ୱର୍ଗତ ରାଉତ ଜଣେ ଦକ୍ଷ ରାଜନେତା ଭାବେ ପ୍ରଥମେ ଜନତା ଦଳ ଓ ପରେ ବିଜେଡିର ବ୍ୟାସନଗର ପୌର ପରିଷଦରୁ ୨ ଥର କାଉନସିଲର, ଯାଜପୁରରୋଡ଼ ଟ୍ରକ୍ ମାଲିକ ସଂଘର ଦୀର୍ଘଦିନ ଧରି ସାଧାରଣ ସମ୍ପାଦକ ଭାବେ କାର୍ଯ୍ୟ ତୁଲାଇଥିବା କନ୍ହେଇପୁର ଦୁର୍ଗା ମନ୍ଦିରର ଉପଦେଷ୍ଟା, ଯାଜପୁରରୋଡ଼ ବାର୍ ଆସୋସିଏସନର ସକ୍ରିୟ ସଭ୍ୟ ଥିଲେ। ସ୍ୱର୍ଗତ ରାଉତ ଦୀର୍ଘ ବର୍ଷ ଧରି ବ୍ୟାସନଗର ବିଜେଡିର ସଭାପତି ପଦରେ ରହିଥିଲେ। ତାଙ୍କ ମରଶରୀରକୁ ଏକ ଶୋଭାଯାତ୍ରାରେ ସହରର ପରିକ୍ରମା କରି ପ୍ରଥମେ ଯାଜପୁର ରୋଡ୍ ଟ୍ରକ୍ ମାଲିକ ସଂଘ, ବସ୍ ମାଲିକ ସଂଘ,



ବ୍ୟାସନଗର ପୌର ପରିଷଦ କାର୍ଯ୍ୟାଳୟ, କନ୍ହେଇପୁରସ୍ଥିତ ବାସଭବନ ପରେ ଜନ୍ମସ୍ଥାନ ତୋରଦା ଗ୍ରାମକୁ ଶେଷ ଦର୍ଶନ ପାଇଁ ନିଆଯାଇଥିଲା। ତାଙ୍କର ମୃତ୍ୟୁ ଖବର ପାଇ କୋରେଇ ପୂର୍ବତନ ବିଧାୟକ ଅଶୋକ ବଳ, ଶ୍ରମିକ ନେତା ମାୟାଧର ନାୟକ, ବିଜେଡି ଉପସଭାପତି ପ୍ରଣବ ପ୍ରକାଶ ଦାସ, ପୂର୍ବତନ ମନ୍ତ୍ରୀ ପ୍ରୀତିରଞ୍ଜନ ଘଡ଼ାଇ, କଂଗ୍ରେସ ସଭାନେତ୍ରୀ ବନ୍ଦିତା ପରିଡ଼ା, ପୌରାଧ୍ୟକ୍ଷ ସୁବାସ ବଳ, ପୂର୍ବତନ ପୌରପାଳ ରସାନନ୍ଦ ମହାନ୍ତି, ଆଇନଜୀବୀ ବିବେକାନନ୍ଦ ମହାନ୍ତି, ଅଶୋକ ଦାସ ଫାଉଣ୍ଡେସନର ଅଧ୍ୟକ୍ଷ ଭବ ପ୍ରସାଦ ଦାସ, କାଉନସିଲର ମନୀନ୍ଦ୍ର ସାହୁ, ପାର୍ଥସାରଥୀ ନାୟକ, ଶିବାନନ୍ଦ ନାୟକ, ସିଦ୍ଧାର୍ଥ ସାମଲ, ମନୋଜ ପରିଡ଼ା, ତୋରଦା ଗ୍ରାମ କମିଟି ସଭାପତି ବିଦ୍ୟାଧର ମହାନ୍ତି, ସମ୍ପାଦକ ରବିନାରାୟଣ ପୁହାଣ, ଅମୀୟ ବାରିକ, ଶିଶିର ରାଉତ, ପୁଷ୍ପରାଜ ନାୟକ, କିଶୋର ରାଉତ, ହୃଦାନନ୍ଦ ସାମଲ, ନରେନ୍ଦ୍ର ଜେନା ପ୍ରମୁଖ ବହୁ ବିଶିଷ୍ଟ ବ୍ୟକ୍ତି ଶେଷ ଦର୍ଶନ କରିଥିଲେ। କୋରେଇ ବିଧାୟକ ଆକାଶ ଦାସ ନାୟକ ଏବଂ ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ଘଡ଼ାଇ ଶୋକ ପ୍ରକାଶ କରିଛନ୍ତି। ତୋରଦା ଗ୍ରାମ ଶ୍ମଶାନରେ ଗ୍ରାମବାସୀଙ୍କ ଉପସ୍ଥିତିରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ତାଙ୍କର ଏକମାତ୍ର ପୁତ୍ର ବିଶାଳ ମୁଖାଗ୍ନି ଦେଇଥିଲେ।

# ଜିଲ୍ଲା ପ୍ରଶାସନ ପକ୍ଷରୁ ଡାଇରିଆ ନିରାକରଣ ଅଭିଯାନ ଜାରି

**ଯାଜପୁର, ୨୧।୬(ସମିସ):** ଯାଜପୁର ଜିଲ୍ଲାରେ ଝାଡାବାନ୍ତି ତଥା ଡାଇରିଆ ନିୟନ୍ତ୍ରଣ ନିମନ୍ତେ ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ପଦକ୍ଷେପ ଗ୍ରହଣ କରାଯାଉଛି। ସଂକ୍ରମଣ ଓ ଡାଇରିଆ ରୋକିବା ପାଇଁ ଜିଲ୍ଲାର ସରକାରୀ ବେସରକାରୀ ଟ୍ୟୁବ୍ ୱେଲ୍, କୂପ, ଓଭର ହେଡ୍ ଟ୍ୟାଙ୍କ ଗୁଡ଼ିକୁ ବିଶୋଧନ କରାଯିବା ସହିତ ଜିଲ୍ଲା ପ୍ରଶାସନ ପକ୍ଷରୁ ଝାଡାବାନ୍ତି ଓ ଡାଇରିଆ ପ୍ରତି ଜନ ସଚେତନତା ବ୍ୟାପକ କରାଯାଉଛି। ଖୋଲା କୂଅ ର ପାଣି ବ୍ୟବହାର ନ କରିବା, ପାଣିକୁ ସିଧାସଳଖ ନପିଇ ଫୁଟାଇ ଛାଣି ପିଇବା, ବାହାର ଖାଦ୍ୟ ନଖାଇ ରନ୍ଧା ଯାଇଥିବା ଗରମ ଖାଦ୍ୟ ଖାଇବା, ଖୋଲା ସ୍ଥାନରେ ମଳ ତ୍ୟାଗ ନ କରି ସର୍ବଦା ଶୌଚାଳୟ ବ୍ୟବହାର କରିବା, ନିୟମିତ ସାବୁନ୍ ରେ ହାତ ଧୋଇବା, ନିଜ ଘର ଓ ପରିବେଶକୁ ପରିଷ୍କାର ରଖିବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ଜନ ସାଧାରଣଙ୍କୁ ପରାମର୍ଶ ଦିଆଯାଇଛି। ଆଜି ସନ୍ଧ୍ୟା ସୁଦ୍ଧା ମିଳିଥିବା ତଥ୍ୟ ଅନୁଯାୟୀ ଜିଲ୍ଲାରେ ୧୧୨ ଜଣ ନୂଆ ରୋଗୀ ଆଡମିଟ ହୋଇଥିବାବେଳେ ୯୬ ଜଣ ସ୍ୱଳ୍ପ ପତଳା ଝାଡା ଏବଂ ୧୬ ଜଣ ଅତ୍ୟଧିକ ପତଳା ଝାଡା ହେଉଥିବା ରୋଗୀ ଆଡମିଟ ହୋଇଛନ୍ତି। ୧୪ ଜଣ ରୋଗୀଙ୍କୁ ରେଫେର କରାଯାଇଛି ଏବଂ ୧୦୬ ଜଣଙ୍କୁ ଡିସଚାର୍ଜ କରାଯାଇଛି। ବର୍ତ୍ତମାନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସହ ଅନ୍ୟାନ୍ୟ ଚିକିତ୍ସାଳୟ ରେ ମୋଟ ୧୩୫ ଜଣ ରୋଗୀ ଚିକିତ୍ସିତ ହେଉଛନ୍ତି ଯେଉଁଥିରେ ୧୩୦ ଜଣ ସ୍ୱଳ୍ପ ପତଳା ଝାଡା ଏବଂ ୫ ଜଣ ଅତ୍ୟଧିକ ପତଳା ଝାଡା ହେଉଥିବା ର ସୂଚନା ମିଳିଛି। ପ୍ରତ୍ୟେକ ଘରେ ସାବୁନ ବଣ୍ଟନ ଚାଲୁରହିଛି ଏବଂ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରତିଦିନ ଏହାର ତଦାରଖ କରାଯାଉଛି। କୌଣସି ପରିସ୍ଥିତି ରେ ନଦୀ ଜଳ ବ୍ୟବହାର ନକରିବାକୁ ପରାମର୍ଶ ଦିଆଯାଇଛି।ସରକାରଙ୍କ ଦ୍ୱାରା ଖୋଲାଯାଇଥିବା ଗଭୀର ନଳକୂପ ଓ ପାଇପ ୱାଟର ସପ୍ଲାଇର ପାଣିକୁ ପାନୀୟ ଜଳ ରୂପେ ବ୍ୟବହାର କରିବାକୁ ପରାମର୍ଶ ଦିଆଯାଉଛି। ଟ୍ୟାଙ୍କର ଗୁଡିକରେ ପାଣି ଭର୍ତ୍ତି ପୂର୍ବରୁ ଏହାକୁ ଭଲଭାବେ ପରିଷ୍କାର କରିବାକୁ ଜଳଯୋଗାଣ ବିଭାଗ କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି।ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ପରାମର୍ଶ ବାର୍ତ୍ତା ମାଇକ ମାଧ୍ୟମରେ ବହୁଳ ପ୍ରଚାର କରିବାକୁ ବିଡ଼ିଓ ମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

# ସୁକିନ୍ଦାରୁ ଜଳ ନମୁନା ସଂଗ୍ରହ ଜାରି

**ସୁକିନ୍ଦା, ୨୧।୬(ସମିସ):** ବର୍ତ୍ତମାନ ପରିସ୍ଥିତିରେ ଯାଜପୁର ଜିଲ୍ଲାର ସୁକିନ୍ଦା ଅଞ୍ଚଳକୁ ଡାଇରିଆର ହଟସ୍ପଟ୍ ଅଞ୍ଚଳ ଭାବେ ସରକାରଙ୍କ ପକ୍ଷରୁ ଘୋଷଣା କରାଯିବ ପରେ ବିଭିନ୍ନ ପଞ୍ଚାୟତରେ ଥିବା ଜଳ ଉତ୍ସ ଗୁଡ଼ିକୁ ବିଶୋଧନ କରିବା ସହ ଜଳ ନମୁନା ସଂଗ୍ରହ ଜାରି ରହିଛି। ଏହି ଦିଗରେ ସୁକିନ୍ଦା ବ୍ଲକ ଓ ତହସିଲ ପ୍ରଶାସନ ନିର୍ଦ୍ଦେଶରେ ଗ୍ରାମ୍ୟ ଜଳଯୋଗାଣ ବିଭାଗ, ବ୍ଲକରେ କାର୍ଯ୍ୟରତ



ଓଏଲ୍ଏମ କର୍ମଚାରୀ ଓ ଅଙ୍ଗନବାଡ଼ି କର୍ମୀ ବିଭିନ୍ନ ପଞ୍ଚାୟତରେ ଥିବା ଜଳ ଉତ୍ସ ଗୁଡ଼ିକୁ ବିଶୋଧନ କରାଯିବା ସହ ସେଗୁଡ଼ିକର ଜଳ ନମୁନା ସଂଗ୍ରହ କରୁଛନ୍ତି। ସରକାରଙ୍କ ପକ୍ଷରୁ ସାବୁନ, ହାଲୋଜେନ ବାଟିକା, ଓଆର୍ଏସ୍ ବଣ୍ଟନ କରାଯାଉଛି। ଜଳ ନମୁନା ପରୀକ୍ଷଣ ପାଇଁ ସରକାରଙ୍କ ପକ୍ଷରୁ କିଟ୍ ଯୋଗାଇ ଦିଆଯାଉଛି। ଯେଉଁ ଉତ୍ସ ଗୁଡ଼ିକର ଜଳ ପାନୀୟ ଉପଯୋଗୀ ନଥାଏ ସେଗୁଡିକୁ ପୁନଃ ବିଶୋଧନ କରାଯାଉଛି।

# ଭଦ୍ରକରେ ନିୟନ୍ତ୍ରଣକୁ ଆସୁନି ଝାଡ଼ାବାନ୍ତି



**ଭଦ୍ରକ, ୨୧।୬(ସମିସ):** ଭଦ୍ରକରେ ନିୟନ୍ତ୍ରଣକୁ ଆସୁନି ଝାଡ଼ାବାନ୍ତି ସ୍ଥିତି। ବିଭିନ୍ନ ବ୍ଲକ ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଦୈନନ୍ଦିନ ନୂଆ ନୂଆ ଆକ୍ରାନ୍ତଙ୍କ ଭର୍ତ୍ତି ଲାଗି ରହିଛି। ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କ ସୂଚନା ଅନୁଯାୟୀ ଗୁରୁବାର ଜିଲ୍ଲାର ବିଭିନ୍ନ ସରକାରୀ ଚିକିତ୍ସାଳୟରେ ୮୮ ରୋଗୀ ଚିକିତ୍ସିତ ହେଉଥିବା ବେଳେ ଗତକାଲି ୧୩୯ ନୂଆ ଆକ୍ରାନ୍ତ ଭର୍ତ୍ତି ହୋଇଥିଲେ। ତେବେ ଗତକାଲି ୧୪୯ ରୋଗୀ ମଧ୍ୟ ସୁସ୍ଥ ହଇ ଫେରିଥିଲେ। ସେହିପରି ଆଜି ୫୭ ଆକ୍ରାନ୍ତ ଭର୍ତ୍ତି ହୋଇଥିବା ବେଳେ ୫୫ ସୁସ୍ଥ ହୋଇ ଘରକୁ ଫେରିଛନ୍ତି। ଆଜି ଜିଲ୍ଲାର ମୁଖ୍ୟ ଚିକିତ୍ସାଳୟ ସମେତ ବିଭିନ୍ନ ଚିକିତ୍ସାଳୟରେ ୬୯ ଜଣ ଚିକିତ୍ସିତ ହେଉଛନ୍ତି। ତେବେ ଝାଡବାନ୍ତିକୁ ନେଇ ଭୟଭୀତ ନହୋଇ ସଚେତନ ରହିବାକୁ ଜିଲ୍ଲା ଚିକିତ୍ସାଧିକାରୀ ପରାମର୍ଶ ଦେଇଛନ୍ତି। ଭଲକରି ହାତ ଧୋଇବା, ଦୂଷିତ ଜଳ ନପିଇ ବିଶୋଧିତ ଜଳ ପିଇବା ପ୍ରତି ଲୋକମାନେ ଅଧିକ ଧ୍ୟାନ ଦେବାକୁ ଅନୁରୋଧ କରିଛନ୍ତି। ସେହିପରି ଅନେକ ଗାଁରେ ଏବେବି ସଚେତନତା କାର୍ଯ୍ୟକ୍ରମ ଚାଲୁ ରହିଥିବା ସହିତ ବିଭିନ୍ନ ଦିଗ ପ୍ରତି ବିଭାଗୀୟ କର୍ମକର୍ତ୍ତା ତୀକ୍ଷ୍ଣ ନଜର ରଖିଛନ୍ତି ବୋଲି ଜିଲ୍ଲା ଭାରପ୍ରାପ୍ତ ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ସୁଧିର ରଞ୍ଜନ ନାୟକ କହିଛନ୍ତି।

# ଧର୍ମଶାଳାରେ କମୁଛି ଆକ୍ରାନ୍ତଙ୍କ ସଂଖ୍ୟା

**ଧର୍ମଶାଳା, ୨୧।୬(ସମିସ):** ଧର୍ମଶାଳା ବ୍ଲକ ଅନ୍ତର୍ଗତ ବିଭିନ୍ନ ଗ୍ରାମରେ ଦେଖାଦେଇଥିବା ଝାଡାବାନ୍ତି ସଂକ୍ରମଣ ଧିରେ ଧିରେ କମୁଥିବା ପରିଲିଖିତ ହୋଇଛି। ଏହି ବ୍ଲକର ବିଭିନ୍ନ ଗ୍ରାମରେ ଗତ କିଛି ଦିନ ହେଲା ଝାଡାବାନ୍ତି ସଂକ୍ରମଣ ଉଗ୍ରରୁପ ନେଇଥିଲା ବେଳେ ଏବେ କିନ୍ତୁ ଏହା ଧିରେ ଧିରେ ଅକ୍ତଆରକୁ ଆସୁଛି। ପୂର୍ବରୁ ଯେଉଁ ପରିମାଣରେ ଆକ୍ରାନ୍ତମାନେ ଡାକ୍ତର ଖାନାକୁ ଆସୁଥିଲେ ଏବେ ସେଥିରେ କିଛିଟା ରୋକ ଲାଗିଛି। ଧର୍ମଶାଳା ଡାକ୍ତରଖାନାରେ ଶୁକ୍ରବାର ସନ୍ଧ୍ୟାସୁଦ୍ଧା ରସୁଲପୁର ୪୮ ଜଣ ଆକ୍ରାନ୍ତ ଚକିତ୍ସିତ ହୋଇଥିବା ବେଳେ ଆଜି ମାତ୍ର ଜଣେ ଆକ୍ରାନ୍ତ ଆସିଛନ୍ତି। ଗତକାଲି ଧର୍ମଶାଳା ସ୍ୱାସ୍ଥ୍ୟକେନ୍ଦ୍ରରେ ୪୮ ଜଣ ଆକ୍ରାନ୍ତ ଚିକିତ୍ସିତ ହେଉଥିବା ବେଳେ ଆଜି ଧର୍ମଶାଳା ଡାକ୍ତରଖାନାରେ ୪୨ ଜଣ ଆକ୍ରାନ୍ତ ଚିକିତ୍ସିତ ହେଉଛନ୍ତି। ସ୍ୱାସ୍ଥ୍ୟ ବିଭାଗ ଓ ପ୍ରଶାସନ ପକ୍ଷରୁ ବିଭିନ୍ନ ଅଞ୍ଚଳ ବୁଲି ଲୋକମାନଙ୍କୁ ସଚେତନ କରିବା ସହ ସେଠାରେ ରହିଥିବା ପାଣି ଉତ୍ସ ଗୁଡିକୁ ବ୍ଲିଚିଂ କରି ବିଶୋଧନ କରୁଛନ୍ତି। ତେବେ ଏହି ରୋଗ ଧୀରେ ଧୀରେ କମି କମି ଆସୁଥିବା ଧର୍ମଶାଳା ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ସୁଧିର କୁମାର ସାହୁ ସୂଚନା ଦେଇଛନ୍ତି।

# କଲାଣ୍ଡ ଗାଁରେ ବ୍ଲକ୍ ପ୍ରଶାସନର ତନାଘନା

**କବାଟବନ୍ଧ, ୨୧।୬(ସମିସ):** ଧର୍ମଶାଳା ବ୍ଲକ ଅନ୍ତର୍ଗତ ଏଣ୍ଡଳବା ଗ୍ରାମପଞ୍ଚାୟତର କଲାଣ୍ଡର ଗୋଟିଏ ପରିବାରରୁ ୪ ଜଣ ବ୍ୟକ୍ତି ଡାଇରିଆ ଆକ୍ରାନ୍ତ ହୋଇ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି ହେବା ପରେ ବ୍ଲକ ପ୍ରଶାସନ ପକ୍ଷରୁ ଉକ୍ତ ଗ୍ରାମରେ ତନାଘନା ଆରମ୍ଭ ହୋଇଛି। ଆଉ କୌଣସି ପରିବାରକୁ କିଭଳି ଡାଇରିଆ ନ ବ୍ୟାପିବ ସେଥିପାଇଁ ପ୍ରତିଷେଧକ ମୂଳକ ବ୍ୟବସ୍ଥା ଗ୍ରହଣ କରାଯାଇଛି। ଉକ୍ତ ଗ୍ରାମର ଆଶା ଦିଦି ଏବଂ ଅଙ୍ଗନବାଡି କର୍ମୀ ଘରକୁ ଘର ବୁଲି ଲୋକମାନଙ୍କୁ ସଚେତନ କରିବା ସହ ପ୍ରତି ପରିବାରକୁ ହାଲୋଜେନ ବଟିକା, ଓଆର୍ଏସ୍ ଦ୍ରବଣ, ସାବୁନ ଏବଂ ବ୍ଲିଚିଂ ପାଉଡର ବଣ୍ଟନ ଜାରି ରଖିଛନ୍ତି। ସ୍ଥାନୀୟ ସ୍ୱାବଲମ୍ବୀ କାରିଗର ବିଜୟ କୁମାର ପ୍ରଧାନ ସମସ୍ତ ସରକାରୀ ଓ ବେସରକାରୀ କୂପ ଓ ନଳକୂପରେ ବ୍ଲିଚିଂ ପକାଇ ବିଶୋଧନ କରିଥିବା ଦେଖାଯାଇଥିଲା। ସ୍ଥାନୀୟ ଏମ୍‌ବିକେ ଏବଂ ସିଆରପି ଜଳ ଉତ୍ସର ନମୁନା ସଂଗ୍ରହ କରି ପରୀକ୍ଷା କରୁଥିବାର ଦେଖା ଯାଇଥିଲା। ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରୁ ଏକ ୨ ଜଣିଆ ଡ଼ାକ୍ତରୀ ଦଳ ଉକ୍ତ ଗ୍ରାମରେ ପହଞ୍ଚି ଯୋଗାଇ ଦିଆଯାଉଥିବା ସ୍ୱାସ୍ଥ୍ୟ ସେବାର ଅନୁଧ୍ୟାନ କରିଥିଲେ। ଖବର ପାଇ ଧର୍ମଶାଳା ବିଡିଓ ଜ୍ୟୋତିର୍ମୟ କର ଉକ୍ତ ଗ୍ରାମରେ ପହଞ୍ଚି ଡାଇରିଆ ଆକ୍ରାନ୍ତ ପରିବାରକୁ ଭେଟି ଆଲୋଚନା କରିଥିଲେ। ନଦୀ ଜଳ ବ୍ୟବହାର ନ କରିବାକୁ ଗ୍ରାମବାସୀଙ୍କୁ ପରାମର୍ଶ ଦେଇଥିଲେ। ସରକାରଙ୍କ ସ୍ୱାସ୍ଥ୍ୟ ମାର୍ଗଦର୍ଶିକା ପାଳନ କରିବାକୁ ଗ୍ରାମବାସୀଙ୍କୁ ସଚେତନ କରିଥିଲେ। ବିଡିଓଙ୍କ ସହ ସ୍ଥାନୀୟ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିମନ୍ୟୁ ସାହୁ, ସହକାରୀ ଯନ୍ତ୍ରୀ ପ୍ରଦୋଷ ଦାଶ, ଏଡିଇଓ ପବିତ୍ର ମୋହନ ଦାଶ, ସ୍ୱାସ୍ଥ୍ୟ ପରିଦର୍ଶକ ପ୍ରମୁଖ ଉକ୍ତ ଗ୍ରାମରେ ପହଞ୍ଚି ଡାଇରିଆ ଯେପରି ଘରକୁ ଘର ନ ବ୍ୟାପେ ଲୋକମାନଙ୍କୁ ସଚେତନ କରିଥିଲେ।



### ବିଜେଡି ପକ୍ଷରୁ ହଇଜା ସଚେତନତା କାର୍ଯ୍ୟକ୍ରମ

# ବ୍ଲିଚିଂ, ହାଲୋଜିନ, ଓଆର୍ଏସ୍ ବଣ୍ଟନ



**କବାଟବନ୍ଧ, ୨୧।୬(ସମିସ):** ଧର୍ମଶାଳାରେ ହଇଜା ଆତଙ୍କ ସୃଷ୍ଟି କରିଥିବା ବେଳେ ବିଭିନ୍ନ ପଞ୍ଚାୟତର ଗାଁ ଗାଁ ବୁଲି ଲୋକଙ୍କୁ ସଚେତନ କରୁଛି ଧର୍ମଶାଳା ବିଜେଡି। ଏହି ମହାମାରୀ ହଇଜା ରୋଗ ସମ୍ବନ୍ଧରେ ଲୋକମାନଙ୍କୁ ସଚେତନ କରିବା ସହିତ ବିଶୋଧନ ସାମଗ୍ରୀ ମଧ୍ୟ ବଣ୍ଟନ କରୁଛନ୍ତି। ଘର ଘର ବୁଲି ବ୍ଲିଚିଂ, ହାଲୋଜିନ, ଓଆରଏସ୍ ବଣ୍ଟନ କରିବା ସହିତ ଭୟଭୀତ ନ ହେବା ପାଇଁ ଲୋକମାନଙ୍କୁ ପରାମର୍ଶ ଦେଇଛନ୍ତି। ଧର୍ମଶାଳାର ପୂର୍ବତନ ବିଧାୟକ ପ୍ରଣବ କୁମାର ବଳବନ୍ତରାୟଙ୍କ ନିର୍ଦ୍ଦେଶ କ୍ରମେ ବିଜୁ ଜନତା ଦଳ ବ୍ଲକ ସଭାପତି ପ୍ରସନ୍ନ କୁମାର ରାଉତଙ୍କ ତତ୍ତ୍ୱାବଧାରେ କର୍ମକର୍ତ୍ତାମାନେ ଘର ଘର ବୁଲି ଲୋକମାନଙ୍କୁ ସଚେତନ କରୁଛନ୍ତି। ବ୍ଲକର ବିଭିନ୍ନ ଅଞ୍ଚଳରେ ଥିବା ଆଦିବାସୀ ସମ୍ପ୍ରଦାୟର ଲୋକମାନେ ସଚେତନ ଅଭାବରୁ ଏହି ରୋଗରେ ଆକ୍ରାନ୍ତ ହେବାର ସମ୍ଭାବନା ଯଥେଷ୍ଟ ଅଧିକ ରହିଛି। ଶନିବାର ୧୧ ନମ୍ବର ଜୋନ ଚକ୍ରଧରପୁର ପଞ୍ଚାୟତ ଅଧୀନ ବଲାଙ୍ଗିଆ ଗାଁରେ ପହଞ୍ଚି ଲୋକ ମାନଙ୍କୁ ସଚେତନ କରିଥିଲେ। ଘର ପରିବେଶକୁ ସଫାସୁତୁରା ରଖିବା, ପାଣିକୁ ଗରମ କରି ଛାଣି ପାନୀୟ ଜଳ ଭାବେ ବ୍ୟବହାର କରିବା, ଗରମ ଖାଦ୍ୟ ଖାଇବା, ଖାଇବା ପୂର୍ବରୁ ସାବୁନରେ ଭଲ ଭାବରେ ହାତ ଧୋଇବା, ଫଳ ଖାଉଥିଲେ ତାହାକୁ ଭଲ ଭାବରେ ଧୋଇକରି ଖାଇବା, ବାହାରେ ଅସ୍ୱାସ୍ଥ୍ୟକର ପରିବେଶରେ ପ୍ରସ୍ତୁତ ହେଉଥିବା ଖାଦ୍ୟ ନ ଖାଇବା, ବାସି ଖାଦ୍ୟକୁ ବର୍ଜନ କରିବା ଆଦି ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ବିଜୁଜନତା ଦଳ ଯୁବ ନେତା ସୁବ୍ରତ ଧଳ, ପ୍ରମୋଦ ବରାଳ, ୧୧ ନମ୍ବର ଜୋନ ସଂଯୋଜକ ବିକାଶ ଦାସ, ଚକ୍ରଧରପୁର ପଞ୍ଚାୟତ ସଭାପତି ପ୍ରଦୀପ ପାଳ, ଶୁଭାଶିଷ ମହାନ୍ତି, ବୁଲୁ ବେହେରା, ପ୍ରମୋଦ କୁମାର ଦାସ, ଅଞ୍ଜିରା ସଭାପତି ସୁଶାନ୍ତ କୁମାର ସ୍ୱାଇଁ, ସୋସିଆଲ ମିଡିଆ ସଂଯୋଜକ ଆଲୋକ ବେହେରା ଏବଂ ସୁଧାଂଶୁ ମହାନ୍ତି, ଦେବେନ୍ଦ୍ର ଦାସ ଏବଂ ଅନ୍ୟାନ୍ୟ କାର୍ଯ୍ୟକର୍ତ୍ତାମାନେ ଉପସ୍ଥିତ ଥିଲେ।

### ଅନ୍ତର୍ଜାତୀୟ ଯୋଗ ଦିବସ

# ଯୋଗ ଭଲ କରିବ ରୋଗ



ଯାଜପୁର

**ଯାଜପୁର, ୨୧।୬(ସମିସ):** ଆଜି ଏକାଦଶତମ ଆନ୍ତର୍ଜାତୀୟ ଯୋଗଦିବସ ଅବସରରେ ଯାଜପୁର ଜିଲ୍ଲା ସଦର ମହକୁମା ଇଣ୍ଡୋର ଷ୍ଟାଡିୟମ୍ ଠାରେ ଜିଲ୍ଲାପାଳ ପି. ଅନ୍ୱେଷା ରେଡ୍ଡୀଙ୍କ ଅଧ୍ୟକ୍ଷତାରେ 'ଏକ ପୃଥିବୀ ଏକ ସ୍ୱାସ୍ଥ୍ୟ ପାଇଁ ଯୋଗ' ଥିମ୍ ଆଧାରରେ ଯୋଗ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସାଂସଦ ଯାଜପୁର ଡା. ରବୀନ୍ଦ୍ର ନାରାୟଣ ବେହେରା ଯୋଗଦେଇ, ଯୋଗ କରନ୍ତୁ, ନିଜକୁ ରୋଗ ଠାରୁ ଦୂରେଇ ରଖନ୍ତୁ ଏବଂ ସର୍ବଦା ସୁସ୍ଥ ରୁହନ୍ତୁ ବୋଲି ସମସ୍ତଙ୍କୁ ପରାମର୍ଶ ଦେଇଥିଲେ। ଜିଲ୍ଲାପାଳ ପି. ଅନ୍ୱେଷା ରେ‡ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ

ପୌର ପରିଷଦ ଅଧ୍ୟକ୍ଷା ରଞ୍ଜୁଲତା ହୋତା ଅତିଥି ଭାବେ ଯୋଗଦେଇଥିଲେ। ପତଞ୍ଜଳି ଯୋଗ ଶିକ୍ଷକ ସୁବାସ ଚନ୍ଦ୍ର ତ୍ରିପାଠୀ, ମନ୍ମଥ କୁମାର ସାମଲ, କିରଣ କୁମାର ମଲ୍ଲିକ, ଗୋପୀନାଥ ସେଠୀ, ଆନନ୍ଦ ଚନ୍ଦ୍ର ସାହୁ ଉପସ୍ଥିତ ରହି ଯୋଗ ଶିକ୍ଷା ଦେଇଥିଲେ। ଏହି ସାମୁହିକ ଯୋଗାଭ୍ୟାସରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅଶୋକ କୁମାର ବେହୁରିଆ, ଉପଜିଲ୍ଲାପାଳ ତାପସ ରଞ୍ଜନ ଦେହୁରୀ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ କାମିନୀ ରଞ୍ଜନ ପଟ୍ଟନାୟକ, ବିଦ୍ୟାଳୟ ଏବଂ କଲେଜର ଛାତ୍ର ଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ, ବୁଦ୍ଧିଜୀବୀ, ବରିଷ୍ଠ ନାଗରିକ ଏବଂ ଗଣମାଧ୍ୟମ ପ୍ରତିନିଧି ବୃନ୍ଦ ଉପସ୍ଥିତ ଥିଲେ। ଶେଷରେ ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାୟକ ସମସ୍ତେ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

**ବ୍ୟାସନଗର:** ବ୍ୟାସନଗର ସ୍ୱାସ୍ଥ୍ୟ ସୁରକ୍ଷା ମଞ୍ଚ ଓ ବ୍ୟାସନଗର ପୌର ପରିଷଦ ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ଇଣ୍ଡୋର ଷ୍ଟାଡିଅମ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ମୁଖ୍ୟଅତିଥି ଭାବେ କୋରାଇ ବିଧାୟକ ଆକାଶ ଦାସନାୟକ ଯୋଗଦେଇଥିଲେ। ସ୍ୱାସ୍ଥ୍ୟ ସୁରକ୍ଷା ମଞ୍ଚର ମୁଖ୍ୟ ସଂଯୋଜକ ଡ. ଚିନ୍ତାମଣି ପାଢ଼ୀଙ୍କ ସଭା ପରିଚାଳନାରେ ଅନୁଷ୍ଠିତ ଉକ୍ତ କାର୍ଯ୍ୟକ୍ରମରେ ମଞ୍ଚ ସମ୍ପାଦକ ଶିଶିର କୁମାର ରାଉତ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ କାର୍ଯ୍ୟକାରୀ ସଭାପତି ବଜ୍ରବାହୁ ସୀମାନ୍ତ କେଶରୀ ସାମଲ ଅତିଥି ପରିଚୟ ପ୍ରଦାନ କରିଥିଲେ। ଅନ୍ୟତମ ଅତିଥିଭାବେ ବ୍ୟାସନଗର ପୌରପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଦୀପ କୁମାର ପାଢ଼ୀ ଯୋଗଦେଇଥିଲେ। ଯୋଗଗୁରୁ ବ୍ରିଜେଶ କୁମାର ପତି ଓ ବିଭୂରଞ୍ଜନ ପାଲ ୩୦ ପ୍ରକାରର ଯୋଗାଭ୍ୟାସ ଶିକ୍ଷା ଦେବାସହିତ ଯୋଗ ଦିବସର ଶପଥ ପାଠ କରାଇଥିଲେ। ଉପସଭାପତି ଦେବଦତ୍ତ ରାୟ, ଦୀପକ କୁମାର ପରିଡ଼ା, ସହ ସମ୍ପାଦକ ଭରତ ଚନ୍ଦ୍ର ବିଶ୍ୱାଳ, ଯୁଗ୍ମ ସମ୍ପାଦକ ପ୍ରଣବେନ୍ଦୁ ଜେନା, କୋଷାଧ୍ୟକ୍ଷ ଜିତେନ୍ଦ୍ର କୁମାର ରାଉତ ପରିଚାଳନା କରିଥିଲେ।




ବ୍ୟାସନଗର

**ଦାନଗଦି:** ଟାଟା ଷ୍ଟିଲ୍ କଳିଙ୍ଗନଗର ଓ ନୀଳାଚଳ ଇସ୍ପାତ ନିଗମ (ଏନ୍ଆଇଏନଏଲ୍) ପକ୍ଷରୁ ଯୋଗ ଦିବସ ପାଳିତ ହୋଇଯାଇଛି। କଳିଙ୍ଗନଗର ଟାଉନସିପର ୱେଲନେସ୍ କର୍ଣ୍ଣର୍ ବ୍ୟାନର୍ ଅଧୀନରେ ଜଏଣ୍ଟ ଡିପାର୍ଟମେଣ୍ଟାଲ୍ କାଉନସିଲ୍, ଷ୍ଟିଲ୍ ଏବଂ ମିଲ୍ସ ଏବଂ ଅକ୍ୟୁପେସନାଲ୍ ହେଲଥ ସେଣ୍ଟର୍ ଦ୍ୱାରା ଏକ ଯୋଗ ଅଧିବେଶନ ଆୟୋଜିତ ହୋଇଥିଲା। ଟାଟା ଷ୍ଟିଲ୍ କଳିଙ୍ଗନଗରର ଚିଫ୍, କୋଲ୍ଡ ରୋଲିଂ ମିଲ୍, ପ୍ରବୀଣ ଥାମ୍ପୀ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ସେ ଗତ ସପ୍ତାହରେ ଆୟୋଜିତ 'ସର୍ବୋତ୍ତମ ଯୋଗ ଆସନ' ପ୍ରତିଯୋଗିତାର ବିଜେତାଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ସିକ୍ୟୁରିଟି ବିଭାଗ ମଧ୍ୟ ସେମାନଙ୍କ ଟ୍ରେନିଂ ଗ୍ରାଉଣ୍ଡରେ ପୃଥକ୍ ପୃଥକ୍ ଯୋଗ ଅଧିବେଶନ ଆୟୋଜନ କରିଥିଲା। ଏହି ଅବସରରେ ୨୫୦ରୁ ଅଧିକ କର୍ମଚାରୀ ଏବଂ ସେମାନଙ୍କ ପରିବାରବର୍ଗ ଅଂଶଗ୍ରହଣ କରିଥିଲେ। ସେହିଭଳି ନୀଳାଚଳ ଇସ୍ପାତ ନିଗମ ଲିମିଟେଡ୍ (ଏନଆଇଏନଏଲ୍) ପକ୍ଷରୁ ମଧ୍ୟ ପ୍ଲାଣ୍ଟ ଏବଂ ଟାଉନସିପରେ ଆୟୋଜିତ ବିଭିନ୍ନ ଯୋଗ ଅଧିବେଶନରେ ୨୫୦ରୁ ଅଧିକ କର୍ମଚାରୀ ଏବଂ ସେମାନଙ୍କ ପରିବାବର୍ଗ ଅଂଶଗ୍ରହଣ କରିଥିଲେ।



ଦାନଗଦି

**ବିଞ୍ଝାରପୁର:** ବିଞ୍ଝାରପୁର ବ୍ଲକ ପରିସରରେ ଯୋଗ ଦିବସ ପାଳନ ହୋଇଯାଇଛି। ବ୍ଲକ ବିଡିଓ ହିତାଂଶୁ ଶେଖର ସାମଲ ଯୋଗ ଦେଇ ଯୋଗ ଶିବିରକୁ ଶୁଭାରମ୍ଭ କରିବା ସହ କିପରି ମଣିଷ ସୁସ୍ଥ ଓ ନିରୋଗ ରହିବା ସହ ଆଧାତ୍ମିକ ଚିନ୍ତା ଚେତନା କୁ ଉଦ୍ଦିବୀତ କରିଥାଏ ତାହା ନେଇ ମତ ପୋଷଣ କରିଥିଲେ। ଏହି କାର୍ଯ୍ୟକ୍ରମରେ କାର୍ଯ୍ୟାଳୟର କର୍ମଚାରୀ ସମେତ ସ୍ଥାନୀୟ ଅଞ୍ଚଳର ବୁଦ୍ଧୀଜୀବି, ସମାଜସେବୀ, ବ୍ଲକ ଉପାଧ୍ୟକ୍ଷ ସେକ୍ ଇର୍ସାଦ୍, ବ୍ଲକ ଅଧ୍ୟକ୍ଷାଙ୍କ ପ୍ରତିନିଧି ତଥା ସମାଜସେବୀ କୈଳାସ ସେଠୀ ପ୍ରମୁଖ ଯୋଗ ଦେଇଥିଲେ।

**ସିଂହପୁର:** ଖରସ୍ରୋତା ମହାବିଦ୍ୟାଳୟରେ ଯୋଗ ଦିବସ ଅନୁଷ୍ଠିତ ହୋଇଛି। ଅଧ୍ୟକ୍ଷ ପ୍ର. ଡ. ନିରଞ୍ଜନ ଗୁରୁ ଏହାକୁ ଉଦ୍‌ଘାଟନ କରିଥିଲେ।



ସିଂହପୁର

ମହାବିଦ୍ୟାଳୟର ଅଧ୍ୟାପକ ଅଧ୍ୟାପିକାମାନେ ଏହି କାର୍ଯ୍ୟକ୍ରମରେ ଭାଗ ନେଇଥିଲେ। ଯୋଗ ପ୍ରଶିକ୍ଷକ ଅଧ୍ୟାପକ ପୂର୍ଣ୍ଣଚନ୍ଦ୍ର ସାମଲ ସମସ୍ତଙ୍କୁ ଯୋଗାଭ୍ୟାସ କରାଇଥିଲେ। ଅଧ୍ୟାପକ ଜଳଧର ସାହୁ, ଅଧ୍ୟାପିକା ସ୍ମୃତିସ୍ମିତା ନାୟକ ଜାତୀୟ ସେବା ଯୋଜନାର ଅଧ୍ୟାପକ ପଦ୍ମନାଭ ବେହେରା ଓ ଅଧ୍ୟାପିକା ଝରଣା ଦେହୁରୀ ଯୁବ ରେଡ୍‌କ୍ରସର ସ୍ୱେଚ୍ଛାସେବୀଙ୍କୁ ପ୍ରେରଣା ଦେଇଥିଲେ।



ବିଞ୍ଝାରପୁର

# ତପନ ହତ୍ୟାକାଣ୍ଡ ଅଭିଯୁକ୍ତ ଗିରଫ


**ବରୁଆଁ, ୨୧।୬(ସମିସ):** ବରୁଆଁ ପଞ୍ଚାୟତ କଚେରୀଗାଁଠାରେ ବାଲି ମାଫିଆଙ୍କ ସଂଘବଦ୍ଧ ଆକ୍ରମଣରେ ତପନ ଲେଙ୍କାର ମୃତ୍ୟୁ ଘଟଣାର ଅନ୍ୟତମ ଅଭିଯୁକ୍ତ ପ୍ରକାଶ ମଳିକ ଓରଫ ମଧୁଆ (୩୦)ଙ୍କୁ ଗିରଫ କରାଯାଇଛି। ଏହି ହତ୍ୟାକାଣ୍ଡରେ ସାମିଲ ଥିବା ୫ ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ଚନ୍ଦନ ନାୟକଙ୍କୁ ପୂର୍ବରୁ ଗିରଫ କରି କୋର୍ଟଚାଲାଣ କରିଥିବା ବେଳେ ଅନ୍ୟମାନେ ଫେରାର୍ ହୋଇଯାଇଥିଲେ। ସଦର ଥାନା ଅଧିକାରିଣୀ ଚିନ୍ମୟୀ ବେହେରା କୌଣସି ସୂତ୍ରରୁ ଖବର ପାଇ ଭଦ୍ରକ ଜିଲ୍ଲାର ଭଣ୍ଡାରିପୋଖରୀ ଥାନା ଅନ୍ତର୍ଗତ ରହଣିଆ ଗ୍ରାମରେ ରାତିଅଧିଆ ଚଢଉ କରି ଅଭିଯୁକ୍ତ ପ୍ରକାଶକୁ ଗିରଫ କରିଥିଲେ।



# ପୁସ୍ତକ ଓ ପତ୍ରିକା ପରିଚୟ

## ବାପାଙ୍କ ସହ ଶେଷ ଜହ୍ନରାତି

ବିପ୍ଳବ





ପଶ୍ଚିମା ପବ୍ଲିକେଶନ୍ସ
୧୮୮୨, ନୟାପଲ୍ଲୀ
ଭୁବନେଶ୍ୱର
ପ୍ରଥମ ସଂସ୍କରଣ: ୨୦୨୪
ମୂଲ୍ୟ: ୧୩୯ ଟଙ୍କା

ପ୍ରତିଟି ସନ୍ତାନଙ୍କ ପାଇଁ ବାପା ଜଣେ ମାର୍ଗଦର୍ଶକ, ଶୁଭଚିନ୍ତକ, ପ୍ରେରଣାଦାତା । ବାପାଙ୍କ ଉପସ୍ଥିତିରେ ଜହ୍ନରାତି ବି ଅଧିକ ଆକର୍ଷଣୀୟ ଲାଗିଥାଏ । ପୁଣି ସେ ନ ଥିଲେ ସବୁଠି ଖେଳି ଯାଏ ନିରବତା, କରୁଣର ସ୍ୱର । ଗାଳ୍ପିକ ବିପ୍ଳବଙ୍କ 'ବାପାଙ୍କ ସହ ଶେଷ ଜହ୍ନରାତି' ପୁସ୍ତକର ଗପଗୁଡ଼ିକ ଏହାର ଏକ ଏକ ଜ୍ୱଳନ୍ତ ଉଦାହରଣ । ଏହି ପୁସ୍ତକର ଅଧିକାଂଶ ଗପରେ ବାପାଙ୍କ ସହିତ ନିବିଡ଼ ସଂପର୍କର ଚିତ୍ର ପ୍ରତିଫଳିତ ହୋଇଛି । ବୁଢ଼ା ବୟସରେ ରୋଗୀଣା ବାପାଙ୍କୁ କୌଣସି ଔଷଧ ସୁସ୍ଥ କରି ପାରେନା, ବରଂ ଟିକିଏ ଭଲ ପାଇବା, ଦି' ପଦ କଥା, ଟିକେ ହସଖୁସି, ଆଉ କିଛି ସମୟର ଆବଶ୍ୟକତା ଥାଏ । ଏହା ପ୍ରମାଣିତ ହୋଇଛି 'ବାପା' ଗପରେ । ପୁଅର ଟିକିଏ ଆତ୍ମୀୟପୂର୍ଣ୍ଣ କଥାବାର୍ତ୍ତା କିଭଳି ଜଣେ ଅସୁସ୍ଥ ବୁଢ଼ା ବାପାକୁ ବିଛଣାରୁ ଉଠାଇ ଦେଉଛି, ତାହା ଅତି ମାର୍ମିକ ଭାବେ ବର୍ଣ୍ଣନା କରାଯାଇଛି ଏହି ଗପରେ । ଏହି ପୁସ୍ତକରେ ସଂକଳିତ 'ବାପା ନଥିବା ପୃଥିବୀ', 'ଶେଷ ମାଣବସା', 'ବିଜୟ ଉତ୍ସବ', 'ବାପାଙ୍କ ସହ ଶେଷ ଜହ୍ନରାତି', 'ଘାସଫୁଲ', 'ଅମଣିଷ', 'ପିତା ଓ ପୁତ୍ର', 'ବାପା', 'ମୁଖା', 'ଧୋବେଇ କୋରଟିଆ', 'ଭାଇଭାଗ' ଆଦି ଗପଗୁଡ଼ିକ ମନଛୁଆଁ ହୋଇଛି । କାହାଣୀରେ ନୂତନତ୍ୱ, ସରଳ ଭାଷା, କଥନୀୟ ଶୈଳୀ ଗପଗୁଡ଼ିକକୁ ଅଧିକ ଆକର୍ଷଣୀୟ କରିଛି । ଏହି ପୁସ୍ତକର ଗପଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

## ରେବତୀ

ସଂପାଦିକା : ସୁବାସିନୀ ଜେନା





ଓଟି ରୋଡ୍
ବାଲେଶ୍ୱର-୭୫୬୦୦୧
ମୂଲ୍ୟ: ୭୦ ଟଙ୍କା

ଶ୍ରୀମତୀ ସୁବାସିନୀ ଜେନାଙ୍କ ସଂପାଦିତ 'ରେବତୀ'ର ୨୦୨୫ ଜୁନ୍ ସଂଖ୍ୟାର ସାହିତ୍ୟଠାରୁ ରୋଷେଇଶାଳ ପର୍ଯ୍ୟନ୍ତ ପ୍ରତିଟି ବିଭାଗ ଆକର୍ଷଣୀୟ ଓ ହୃଦୟସ୍ପର୍ଶୀ ହୋଇଛି । ଚଳିତ ସଂଖ୍ୟାରେ ଡକ୍ଟର ରାଧାରଞ୍ଜନ ପଟ୍ଟନାୟକଙ୍କ 'ମୁକ୍ତିକାମୀ ସାହିତ୍ୟର ମୁଖବନ୍ଧ'ରେ ଫକୀରମୋହନଙ୍କ କଥା ସାହିତ୍ୟ ସଂପର୍କରେ ଏକ ତଥ୍ୟଭିତ୍ତିକ ଉଚ୍ଚକୋଟୀର ଆଲୋଚନା ପ୍ରକାଶ ପାଇଛି । ସେହିପରି ସ୍ୱାଗତିକା ସେଠୀଙ୍କ 'ତନ୍ତର ତନୁମନ'ରେ ଓଡ଼ିଶା ବାନ୍ଧକଳାର ସୂକ୍ଷ୍ମ କାରୁକାର୍ଯ୍ୟ ଉପରେ ମାର୍ମିକ ଉପସ୍ଥାପନା କରାଯାଇଛି । ସେଭଳି ସୁରଚିତା ବେହେରାଙ୍କ 'ଚିନାମାଟିର ଚମକ'ରେ ଉତ୍ତର ପ୍ରଦେଶର ଖୁର୍ଜା ସହରରେ ଚିନାମାଟିର ସାମଗ୍ରୀ ପ୍ରସ୍ତୁତି, ବ୍ୟବସାୟ ଆଦି ସଂପର୍କରେ ମନଛୁଆଁ ବର୍ଣ୍ଣନା କରାଯାଇଛି । ସେହିପରି ସବିତା ବାରିକଙ୍କ 'କରୋନା କବିତା କାରୁଣ୍ୟର ଗାଥା', ଐତିହାସିକ ସତ୍ୟବାଦୀ ବଳିଆସିଂହଙ୍କ 'ମଣିନାଗଙ୍କ ମହିମା', ଲଳିତ ମୋହନ ମିଶ୍ରଙ୍କ 'ମହେନ୍ଦ୍ରଗିରିର ମୋହ', ପାରମିତା ଷଡ଼ଙ୍ଗୀଙ୍କ 'ମଥାନର ମାୟା' ଆଦି ପ୍ରବନ୍ଧ ଓ ଫିଚରଗୁଡ଼ିକ ମନଛୁଆଁ ହୋଇଛି । କବିତା ବିଭାଗରେ ବାସୁଦେବ ସୁନାନୀ, ରତ୍ନାକର ରାଉତ, ମୋହିତ ଚକ୍ରବର୍ତ୍ତୀ, ପ୍ରଭାତ ନଳିନୀ ମହାପାତ୍ର, ଡକ୍ଟର ସିନ୍ଧୁ ସେନ୍, ଲିପିକା ଦାସ ପ୍ରମୁଖଙ୍କ କବିତାରେ ଜୀବନ, ଦର୍ଶନ ଓ ସାମାଜିକ ବାସ୍ତବତାର ଚିତ୍ର ପ୍ରତିଫଳିତ ହୋଇଛି । ସେହିପରି ବିଜୟ ନାୟକ, ବିରଜା ରାଉତରାୟ, ସିଗ୍ମା ନାୟକଙ୍କ ଗପଗୁଡ଼ିକ ମାର୍ମିକ ହୋଇଛି । 'ରେବତୀ'ର ନିୟମିତ ବିଭାଗଗୁଡ଼ିକ ମଧ୍ୟ ଆକର୍ଷଣୀୟ ଓ ସୁଖପାଠ୍ୟ ହୋଇଛି । 'ରେବତୀ'ର ଜୁନ୍ ସଂଖ୍ୟାଟି ପାଠକୀୟ ଆଦର ଲାଭ କରିବ ବୋଲି ଆଶା କରାଯାଏ । ■

## ପଲ୍ଲୀପୁଷ୍ପ

ସଂପାଦକ : ସତ୍ୟବ୍ରତ ସାହୁ




ଶ୍ରୀ ଶ୍ରୀକ୍ଷେତ୍ର ସାହିତ୍ୟ ଓ ସାଂସ୍କୃତିକ ପରିଷଦ
ପଲ୍ଲାସାହି, ଯାଜପୁର- ୭୫୫୦୩୬
ମୂଲ୍ୟ: ୧୦୦ ଟଙ୍କା

ଶ୍ରୀ ଶ୍ରୀକ୍ଷେତ୍ର ସାହିତ୍ୟ ଓ ସାଂସ୍କୃତିକ ପରିଷଦ ପକ୍ଷରୁ ପ୍ରକାଶିତ ତୃତୀୟ ବାର୍ଷିକ ମୁଖପତ୍ର ୨୦୨୫ 'ପଲ୍ଲୀପୁଷ୍ପ' ଆମର ହସ୍ତଗତ ହୋଇଛି । ଓଡ଼ିଶାର ଅନେକ ବରିଷ୍ଠ ଓ ଯୁବ ଲେଖକଙ୍କ କବିତା, ଗପ, ପ୍ରବନ୍ଧ ଆଲୋଚନା, ଅନୁବାଦ, ଏକାଙ୍କିକା ଆଦିରେ ଏହି ପତ୍ରିକାଟି ସମୃଦ୍ଧଶାଳୀ ହୋଇଛି । କବିତା ବିଭାଗରେ ଡକ୍ଟର ନୃସିଂହ ଚରଣ ଷଡ଼ଙ୍ଗୀ, ଡକ୍ଟର ଶ୍ରୀହରି ଧଳ, ଡକ୍ଟର ସତ୍ୟ ନାୟକ, ଡକ୍ଟର ସୁମନ କଲ୍ୟାଣ ବେହେରା, ଡ. କଳ୍ପନା ମଞ୍ଜରୀ ବେଉରିଆ, ହେମନ୍ତ ନାୟକ, ବନ୍ଦନା ସାହୁ ପ୍ରମୁଖଙ୍କ କବିତାରେ ମାନବୀୟ ଭାବାବେଗ, ସାଂପ୍ରତିକ ସମାଜର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଛି । ସେହିପରି ଅଧ୍ୟାପକ ଅଶୋକ କୁମାର ନାୟକଙ୍କ 'ଫକୀରମୋହନ ସାହିତ୍ୟରେ ବ୍ୟଞ୍ଜନା', ଡକ୍ଟର କବିତା ମହାନ୍ତିଙ୍କ 'ଭାରତର ଆଲୋକ ସ୍ୱାମୀ ବିବେକାନନ୍ଦ', ମଧୁସୂଦନ ମହାପାତ୍ରଙ୍କ 'ଯାଜପୁରର ଯୁଗାନ୍ତକାରୀ ନାରୀକବି 'ରେବା ରାଏ', ଡକ୍ଟର ରଶ୍ମିତା ତ୍ରିପାଠୀଙ୍କ 'ଜାତୀୟତାର ବାର୍ତ୍ତାବହ ଗୋପବନ୍ଧୁ ଦାସ' ଆଦି ପ୍ରବନ୍ଧ ଓ ସମାଲୋଚନାଗୁଡ଼ିକ ଉଚ୍ଚକୋଟୀର ଓ ଗବେଷଣାଧର୍ମୀ ହୋଇଛି । ସେଭଳି ରାମଚନ୍ଦ୍ର ଦାଶଙ୍କ 'ଭୋକର ପୃଥିବୀ', ସ୍ନେହଲତା ଧୀରଙ୍କ 'ପାହାନ୍ତି ସ୍ୱପ୍ନ', ଭାଗିରଥୀ ପାଣିଗ୍ରାହୀଙ୍କ 'ପୁଅ ପାଇଥିଲି ଦିଅଁକୁ ପୂଜି' ଆଦି ଗପଗୁଡ଼ିକ ମନଛୁଆଁ ହୋଇଛି । ସେହିପରି ଗୀତି କବିତା, ଶିଶୁ କବିତା, ଏକାଙ୍କିକା, ଅନୁବାଦ ଆଦି ମଧ୍ୟ ହୃଦୟସ୍ପର୍ଶୀ ହୋଇଛି । 'ପଲ୍ଲୀପୁଷ୍ପ' ପାଠକମାନଙ୍କ ଦ୍ୱାରା ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

# ପ୍ରାର୍ଥନା



ଛନ୍ଦା ମିଶ୍ର



ନୂଆବର୍ଷର ପ୍ରଥମ ଦିନରେ ଏପରି ଘଟଣାଟିଏ ଦେଖିବ ବୋଲି ବିଲ୍‌କୁଲ ବି ଭାବି ନଥିଲା ଅବନୀ । ସେ ଭାବିଥିଲା, ଆଉ ଯାହା ହେଉ କି ନହେଉ ଏଥର ନୂଆବର୍ଷରୁ ସେ ନିଜ ଶରୀରର ଠିକ୍ ଭାବେ ଯତ୍ନ ନେବ, ନହେଲେ ଯେମିତି ତା'ର ସାଙ୍ଗ ଦୁଇ ଜଣଙ୍କୁ ଡାଇବେଟିସ୍ ହେଲାଣି ନା... । ହେଲେ ଭୋର୍‌ରେ ମର୍ଣ୍ଣିଂ ୱାକ୍ ସମୟରେ ଏ ଅଭାବନୀୟ ଦୃଶ୍ୟଟି, ହୃଦୟକୁ ତା'ର କୋରି ପକାଇଲା । ମନ ତା'ର ବିକଳ ହୋଇ ଉଠିଲା । ଏଡେ ସୁନ୍ଦର କଅଁଳିଆ ଶିଶୁଟିକୁ କିଏ ଏତେ ନିଷ୍ଠୁର ଯେ, ଏମିତି କପଡ଼ା ଗୁଡ଼େଇ ରାସ୍ତା କଡ଼ ଆମ୍ବ ଗଛ ତଳେ ଛାଡ଼ି ଦେଇ ଯାଇଛି !

କଳା ମଚମଚ ଗୋଛାଏ ବାଳ ମୁଣ୍ଡରେ, ଗୋରା ତକତକ ଚେହେରା, ନିଦରେ ଶୋଇ ବି ଶିଶୁଟି ଗୋଲାପି ଓଠରେ ମୁରୁକି ମୁରୁକି ହସି ଦେଉଥିଲା । ଅବନୀ ଦେଖିବା ପୂର୍ବରୁ ଆଉ ଚାରି ପାଞ୍ଚ ଜଣ ସେଠାରେ ପହଞ୍ଚି ଯାଇଥିଲେ । ଗଛ ଉପରେ ଥାଇ ଆଠ ଦଶଟି ମାଙ୍କଡ଼ ବି ଚାହିଁ ରହିଥିଲେ ତଳକୁ । ଭାଗ୍ୟକୁ ବୁଲା କୁକୁରଙ୍କ ଆଖିରେ ପଡ଼ିନି, ନହେଲେ... । ଓଃ ଆଉ ଆଗକୁ ଭାବି ପାରୁନଥିଲା ଅବନୀ । ଲୋକେ ବି ସେଇ କଥା କହୁଥିଲେ, "କୁକୁର ଝୁଣି ଖାଇ ଯାଇଥାନ୍ତେ ଛୁଆଟିକୁ, କେମିତି ହେଇଥିବ ସେ ମାଆଟି କେଜାଣି, ନିଜ ଗର୍ଭରୁ ଜନ୍ମ ଦେଇ କେହି କ'ଣ ଏମିତି ଫୋପାଡ଼ି ଦେଇ ପାରେ !"

ଧୀରେ ଧୀରେ ଭିଡ଼ ବଢୁଥିଲା । କିଏ କହୁଥିଲା, "କାହାର ପାପର ଫଳ ହେଇଥିବ... ଆଉ କିଏ କହୁଥିଲା, ବୋଧେ ପୁଅ ଭାବିଥିଲା, ଝିଅ ଜନ୍ମ ହେଲା, ତେଣୁ... ।" ତେବେ ସମସ୍ତେ କଳିକାଳକୁ ଦୋଷ ଦେଉଥିଲେ, ସତେ ଯେମିତି ଆଗରୁ କେବେ ଏମିତି ହୋଇ ନଥିଲା, ଏଇ ପ୍ରଥମ କରି ଏପରି ଘଟଣା ଘଟିଛି! କେହି କିନ୍ତୁ ଛୁଆଟିକୁ ଛୁଉଁ ନଥିଲେ । କି ଜାତି ନେଇ କି ଜାତି ହେଇଥିବ, କହି । ଅବନୀ ଭାବୁଥିଲା, ଯଦି ସମ୍ଭବ ହେଇଥାନ୍ତା, ତେବେ ସେ ନିଶ୍ଚୟ ଛୁଆଟିକୁ କୋଳେଇ ନେଇଥାନ୍ତା । କିନ୍ତୁ ସେ ତ ନିଜେ ଅବିବାହିତ, ବେକାର...ନିଜ ରକ୍ଷଣ ଯେଉଁଠି ଅସମ୍ଭବ... । ଜଣେ ସ୍ଥାନୀୟ ପୋଲିସ୍‌କୁ ଫୋନ୍ କରିଥିଲେ ।

"ପୋଲିସ୍ ଆସି କ'ଣ କରିବ କରୁ, କାଇଁ କାଦୁଅକୁ ଯିବା ଗୋଡ଼ ଧୋଇବା ।" ମନ୍ତବ୍ୟ ଦେଇଥିଲେ, ସବ୍‌ଜାନତା ପରି ଅଣ୍ଟାରେ ହାତ ଦେଇ ଛିଡ଼ା ହୋଇଥିବା ବୃଦ୍ଧ ଜଣେ ।

ଏଇ ସମୟରେ ଘଟିଗଲା ଆଉ ଗୋଟିଏ ଅଘଟଣ । ମା' ମାଙ୍କଡ଼ଟିଏ ଗଛ ଉପରୁ ନିଜ ଛୁଆ ସହିତ ପାଖ ଗଛକୁ ଡେଇଁଲା ବେଳକୁ ତାକୁ ଜାବୁଡ଼ି ଧରିଥିବା ଛୁଆଟି ଖସି ପଡ଼ିଥିଲା ତଳକୁ । ଆଉ ଠିକ୍ ଏଇ ସମୟରେ ଦ୍ରୁତ ଗତିରେ ଆସୁଥିବା ବାଇକ୍‌ଟିଏ ତାକୁ ଧକ୍କା ଦେଇ ଚାଲିଗଲା । ଛୁଆଟି ସେଇଠି କୁଁ କୁଁ ହୋଇ ପ୍ରାଣ ତ୍ୟାଗୀ ଦେଲା ପରି ମନେ ହେଲା । ଲୋକମାନେ ଆହାଃ ଚୁ ଚୁ କରୁଥିଲେ ବି ମାଙ୍କଡ଼ ପଲ ଗଛ ଉପରେ ଥିବାରୁ ଛୁଆଟି ପାଖକୁ ଆସିବାକୁ କେହି ସାହସ କଲେ ନାହିଁ । କିନ୍ତୁ ଦୁଇଟି ବୁଲା କୁକୁର ନୂଆ ବର୍ଷରେ ଭଲ ଆହାରଟିଏ ମିଳିଲା ଭାବି ତାକୁ ଟାଣି ନେବାକୁ ଧାଇଁ ଆସିଲେ ।

ହେଲେ ମାଆ, ଯେତେ ଯା' ହେଲେ ମାଆ ନା...

ଦୁର୍ବଳିଆ ମାଆ ମାଙ୍କଡ଼ଟି ଖିଁ ଖିଁ କରି ଖିଙ୍କାରି ହୋଇ ଦୌଡ଼ି ଆସିଲା, ଆଉ ବୁଲା କୁକୁରମାନେ ନେବା ପୂର୍ବରୁ ମଲା ଛୁଆଟିକୁ ନିଜ ଛାତିରେ ଜାକି ଚଢ଼ିଗଲା ଗଛ ଉପରକୁ । ଛୁଆଟିର ମୁହଁକୁ ବିକଳ ହୋଇ ଆଉଁସି ପକାଇଲା । ବାରମ୍ବାର ତା' ମୁହଁକୁ ଏପଟ ସେପଟ କରି ଦେଖୁଥିଲା । ସେଠାରୁ ଆଖି ଫେରେଇ ଆଣିଲା ଅବନୀ । ପେଟ ଭିତରଟା ତା'ର ଘାଣ୍ଟି ହେଇଗଲା ।

ଏବେ ସମସ୍ତଙ୍କ ଧ୍ୟାନ ପୁଣି ଫେରି ଆସିଲା ମଣିଷ ଶିଶୁ ନିକଟକୁ । ପୋଲିସ୍ ଆସି ସାରିଥିଲା । କ'ଣ କ'ଣ ଲେଖା ପଢ଼ା କରି ଦୁଇ ଚାରି ଜଣଙ୍କ ଦସ୍ତଖତ ନେଇ ଛୁଆଟିକୁ ନେଇ ପୋଲିସ୍ ଗାଡ଼ି ଚାଲିଗଲା । ପୋଲିସ୍ ନେଲା ବେଳେ ଜଣାପଡ଼ିଲା, ଶିଶୁଟି ପୁଅ ବୋଲି । ତାହେଲେ ନିଶ୍ଚେ ଅବୈଧ ହେଇଥିବ ବୋଲି ସବ୍‌ଜାନତା ଜଣକ ନିଜ ମତ ଦେଇ, "ଦେଖୁଛ ମୁଁ କେତେ କଥା ଜାଣିଛି!" ଏଇ ଭଙ୍ଗୀରେ ସମସ୍ତଙ୍କ ଉପରେ ନିଜର ଆଖି ବୁଲେଇ ଆଣିଲେ । ଭିଡ଼ ଭାଙ୍ଗିଲା ।

ଉଦାସ ମନ ନେଇ, ଆଉ ଆଜି ଚାଲିବାକୁ ଯିବନି ଭାବି, ଅବନୀ ଫେରିଲା ତା' ମେସ୍‌କୁ । ନୂଆବର୍ଷରେ ଚାଲିବା ନହେଲା ନାହିଁ, ଆଜି ଟିକେ ମନ୍ଦିର ଯାଇ ଦିଅଁ ଦର୍ଶନ କରିବ ଭାବି ଗାଧୋଇ ସାରି ମନ୍ଦିରରେ ପହଞ୍ଚିଲା । ଭାବିଥିଲା, ତା'ର ଚାକିରି ଓ ଆର୍ଥିକ ଅନାଟନ ବିଷୟରେ କହି ଠାକୁରଙ୍କୁ କିଛି ମାଗୁଣି କରିବ । ହେଲେ ଠାକୁରଙ୍କ ଆଖିରେ ତା' ଆଖି ମିଶିଗଲା ଯେମିତି, ଆଖିରେ ତା'ର ଲୁହ ଭରି ଗଲା । ଆଖି ଆଗରେ ନାଚି ଉଠିଲା ମଲା ଛୁଆକୁ ଧରି ବିକଳ ହେଉଥିବା ମା' ମାଙ୍କଡ଼ର ମୁହଁଟି, ମନେ ପଡ଼ିଗଲା, କପଡ଼ାରେ ଗୁଡ଼େଇ ହୋଇ ଶୋଇଥିବା ନିଷ୍ପାପ ମଣିଷ ଶିଶୁଟି । ଥାକ ଥାକ କରି ରଖି ଥିବା ନିଜର ସବୁ ଅଳି ଅର୍ଦ୍ଦଳିକୁ ପାଶୋରି ଦେଇ ତା' ହୃଦୟ ବ୍ୟାକୁଳ ହୋଇ କହି ଉଠିଲା, ଠାକୁରେ, ପୁନର୍ବାର ଯଦି ଜନ୍ମ ଦେବ, ତେବେ ମତେ ମଣିଷପଣିଆ ଥିବା ମାଙ୍କଡ଼ଟିଏ ପଛେ କରିବ, ହୃଦୟହୀନ ମଣିଷଟିଏ ନୁହେଁ... । ■

ମୋ: ୯୪୩୭୪୫୩୬୧୦

# ପୂର୍ବପୁରୁଷ

ଭଗବାନ ଜୟସିଂହ



ସେମାନେ ଆଉ ନାହାଁନ୍ତି । ଏକ ଏକ
ହୋଇ ଚାଲିଗଲେଣି କେଉଁକାଳୁ ।
ସେମାନଙ୍କ
ଫେରିବା ରାସ୍ତାର ଆଲୁଅ ଲିଭିଗଲାଣି
ଯିବା ପରେ ପରେ ।

ସେମାନଙ୍କୁ ଭୁଲିଯିବାର ମୁରୁଜ
ଲିପି ହେଇଗଲାଣି ଆକାଶ ସାରା
ସେମାନଙ୍କ ପୂରାପୂରି ଶୁଖି ଯାଇଥିବା କ୍ଷତରେ
କ୍ଷୟ ହୋଇଗଲାଣି ରାତି
ଚନ୍ଦ୍ରର ପାଦ ଛନ୍ଦି ହୋଇଗଲାଣି
ଛନ୍ଦହୀନ ପବନ ଫାଶରେ ।

ଯେଉଁମାନେ ଗଲେଣି ମାନେ
ଗଲେଣି, ଭୟରେ ହେଉକି ଭ୍ରାନ୍ତିରେ
ସେମାନଙ୍କର ଆଉ ଫେରିବାର ନାହିଁ
ଆଉ ଲେଉଟିବାର ନାହିଁ ନଦୀଙ୍କର
ସମୁଦ୍ର ଆଁ-ରୁ ।

ସେମାନେ ଏବେ କେଉଁଠି କେଜାଣି
ହସହୀନ ପୃଥିବୀର
ଏପାଖେ ନା ସେପାଖେ
ନା ନୀରବି ଯାଇଥିବା ବୀଭତ୍ସ ଝଡ଼ରେ
ଯଦିଓ ସେମାନଙ୍କ ଚାଲିଯିବାର ଚିତ୍ର
ଲିଭି ଯାଇଛି ଅସ୍ତାଚଳରୁ ।

ଆଜି ସେମାନେ ନାହାନ୍ତି
ତଥାପି ସେମାନଙ୍କୁ ନିଘା କରି ପାଣି
ଫାଟିଗଲାଣି ରକ୍ତ
ରକ୍ତର ପ୍ରତିଟି କୋଷରେ ଜମାଟ
ବାନ୍ଧି ଗଲାଣି ମେଘ
ଏବେ କିନ୍ତୁ ସୂର୍ଯ୍ୟ ଉଇଁବାର ନାହିଁ ।

ଆଜି ଏତେ ବର୍ଷ ପରେ
ଆଉ ଖୋଜନା ସେମାନଙ୍କୁ
ସେମାନେ କେବେଠୁଁ ମିଳେଇ ଗଲେଣି ପବନରେ
ଫିକା ଅନ୍ଦାଜରେ ଫିକା ଦିଶିଲାଣି ଫଟୋଫ୍ରେମ
ଆଜି, ଏତେ ବେଶୀ ଆଲୁଅରେ
ମତେ ଆଉ ଡାକନା ଥରକୁ ଥର

ମୋର ଏବେ ଯିବାର ନାହିଁ । ■

ସେଣ୍ଟ୍ରାଲ ସ୍କୁଲ ରୋଡ୍
ତାଳବଣିଆ
ପୁରୀ, ୭୫୨୦୦୨
ମୋ: ୯୫୫୬୭୬୨୩୩୦୦

# ଉତ୍ସବ

ଗଜାନନ ମିଶ୍ର



କୋଉଥିପାଇଁ?
କୋଉଥିପାଇଁ ଉତ୍ସବ?


ମାଆଠୁ ଦୂରରେ,
ମାଆଙ୍କ ଭାଷାକୁ ଅନାଦର,
ମାତୃଭୂମି ଖଣ୍ଡିତ, କ୍ଷତାକ୍ତ,
ଲୁଣ୍ଠିତ, ଅବହେଳିତ
ଆଉ ଆମେ ପରଧନରେ
ମନାଉଛେ ଖୁସି ଆଉ
ଆନନ୍ଦ, ମଦନମସ୍ତ!

କିଏ ଏ ରାଜ୍ୟର ମାଲିକ?
କିଆଁ ପାଟି ବନ୍ଦ ଏମାନଙ୍କର?
ଭୃତ୍ୟର ଭୟାନକ ଷଡ଼ଯନ୍ତ୍ର!
ଚାଲିଛି ହରିଲୁଟ ପ୍ରତିମୁହୂର୍ତ୍ତ ।

ମାଟିକୁ ମାଟିରେ ମାପି
ଆକାଶରେ ଖଞ୍ଜିବା
ଆମର ଭାଗ୍ୟ ।
ଆକାଶରେ ଆକାଶରେ
ପବନ ହେବା ଲେଖା ।

ଓଜନିଆ ଆଉ ହାଲୁକା
ପବନ ଆଉ ପାଣି
ବସିଲାବେଳେ ନିଆଁ ସହ
ମିତ୍ର ଦେଖି ପରଖି ସମୟକୁ
ଚିହ୍ନି ହୁଏ କିଏ କାହାର! ■

ତପୋବନ, ଟିଟିଲାଗଡ଼-୭୬୭୦୩୩



# ଓଡ଼ିଶାରେ ନାଥ ସାହିତ୍ୟର ପରମ୍ପରା

ଡକ୍ଟର ସତ୍ୟଜିତ ଦାସ



ଅନେକ ଧର୍ମାବଲମ୍ବୀ ଓଡ଼ିଶାରେ ସୃଷ୍ଟି ହୋଇ ସର୍ବଧର୍ମର ସମନ୍ୱୟର ବାର୍ତ୍ତା ଦେଇଛନ୍ତି । ଓଡ଼ିଶାରେ ନାଥଧର୍ମ ଅତିପ୍ରାଚୀନ । ଅନୁସନ୍ଧାନରୁ ଜଣାଯାଏ, ଦ୍ୱାଦଶ ଶତାବ୍ଦୀରୁ ନାଥଧର୍ମର ବିକାଶ ଘଟିଛି । ୮୪ ସିଦ୍ଧାଚାର୍ଯ୍ୟଙ୍କର ବିବରଣୀ ଅତି ପ୍ରାଚୀନ ଓଡ଼ିଆ ଗ୍ରନ୍ଥଗୁଡ଼ିକରେ ନାଥ ଧର୍ମର ଉଲ୍ଲେଖ ରହିଛି । ନାଥ ଶବ୍ଦର ବ୍ୟୁତ୍ପତ୍ତିଗତ ଅର୍ଥ 'ନ'-କାର ଦ୍ୱାରା ପରମ ତତ୍ତ୍ୱଙ୍କର ଅନାଦି ରୂପ ଓ 'ଥ'-କାର ଦ୍ୱାରା ତ୍ରିଭୁବନର ସ୍ଥିତିର ସୂଚନା ଦେଇଥାଏ । ସେହିପରି ଅନ୍ୟ ଏକ ଅର୍ଥ 'ନା' ଅର୍ଥ ନାଥବ୍ରହ୍ମ (ଯିଏ ମୋକ୍ଷଦାୟକ) 'ଥ' ଅର୍ଥ ଯିଏ ଅଜ୍ଞାନକୁ ଦୂର କରେ । ନାଥ ଧର୍ମ ସାଧାରଣତଃ ଏକ ଯୋଗଭିତ୍ତିକ ଧର୍ମ । ଏହାର ପ୍ରବର୍ତ୍ତକ ଓ ମୁଖ୍ୟ ପ୍ରଚାରକଗଣ 'ନାଥ' ଉପାଧି ବା ସଂଜ୍ଞା ଗ୍ରହଣ କରିଥାନ୍ତି । ନାଥ ଶବ୍ଦ ହେଉଛି ଗୋରେଖପନ୍ଥୀ ଯୋଗୀମାନଙ୍କର ଏକ ଉପାଧି ଏବଂ ଓଡ଼ିଶାରେ ନାଥ ଶବ୍ଦଟି ସାଧାରଣତଃ ଯୋଗୀ ବା ଯୋଗୀ ଜାତିକୁ ବୁଝାଇଥାଏ ।

ନାଥ ଧର୍ମର ପ୍ରାଚୀନତା ସମ୍ପର୍କରେ ଅନେକ ମତ ଦେଖିବାକୁ ମିଳିଥାଏ । ବୈଦିକ ସମୟରୁ ଏହି ଧର୍ମ ପ୍ରଚଳିତ ଥିଲା ଏବଂ କାଳକ୍ରମେ ବୌଦ୍ଧ, ଜୈନ ଓ ହିନ୍ଦୁ ଧର୍ମର ସଂସ୍ପର୍ଶରେ ଆସି ଏହାର ନୀତି ନିୟମ ସାଧନ ପ୍ରଣାଳୀରେ ଅନେକ ପରିବର୍ତ୍ତନ ଦେଖାଯାଇଛି । ମେଗାସ୍ଥିନିସ୍‌ଙ୍କ ଭ୍ରମଣ ବୃତ୍ତାନ୍ତରେ ନାଥ ସମ୍ପ୍ରଦାୟ ବିଷୟରେ ଉଲ୍ଲେଖ ରହିଛି । ବୈଦିକ ଯୁଗରେ ନାଥମାନେ 'ବ୍ରାତ୍ୟ' ନାମରେ ଅଭିହିତ ହେଉଥିଲେ ପରବର୍ତ୍ତୀ ସମୟରେ ନାଥ ଓ ଯୋଗୀ ପ୍ରଭୃତି ନାମରେ ପରିଚିତ ହେଲେ । ଏହି ଧର୍ମ, ବ୍ରାତ୍ୟଭୂମି ଅଙ୍ଗ, ବଙ୍ଗ, କଳିଙ୍ଗ, ମଗଧ ଆଦି ସ୍ଥାନରେ ଲୋକପ୍ରିୟ ହୋଇଥିଲା । ଅଥର୍ବ ବେଦର ବ୍ରାତ୍ୟ କାଣ୍ଡରେ ନାଥ ଯୋଗୀ ପ୍ରସଙ୍ଗ ବର୍ଣ୍ଣିତ ରହିଛି । 'ମନୁସ୍ମୃତି'ରେ ବ୍ରାହ୍ମଣ ବଟୁର ଷୋଳବର୍ଷ ମଧ୍ୟରେ ଉପନୟନ ସଂସ୍କାର ନ ହେଲେ ବ୍ରାତ୍ୟ ନାମରେ ଅଭିହିତ ହୋଇଥାନ୍ତି । ବୈଦିକ ଯୁଗରେ ଏଇ ବ୍ରାତ୍ୟ ଶୈବମାନେ ପୁରାଣରେ ନାଥ ଓ ଉପନିଷଦରେ ଯୋଗୀ ନାମରେ ପରିଚିତ ହେଲେ । 'ବ୍ରହ୍ମ ବୈବର୍ତ୍ତ ପୁରାଣ'ରେ ମହାଦେବଙ୍କ କ୍ରୋଧାଗ୍ନିରୁ ଏକାଦଶ ରୁଦ୍ର ଓ ତାଙ୍କ ପତ୍ନୀମାନଙ୍କର ଜନ୍ମ ହୋଇଥିଲା । ସେମାନଙ୍କଠାରୁ ଶିବ ପାର୍ଷଦଙ୍କ ଜନ୍ମ । 'ସ୍କନ୍ଦ ପୁରାଣ', 'ବ୍ରହ୍ମାଣ୍ଡ ପୁରାଣ', 'ଶିବ ପୁରାଣ', 'ନାରଦ ପରିବ୍ରାଜକ' ଉପନିଷଦରେ ଗୋରକ୍ଷନାଥ ପ୍ରଭୃତି ନାଥ ଧର୍ମ ଆଚାର୍ଯ୍ୟଙ୍କ ନାମ ଉଲ୍ଲେଖ ରହିଅଛି । ପୁରାଣ ଓ ଉପନିଷଦ ସମୟରୁ ଏମାନେ ଯୋଗୀ ଭାବେ ଖ୍ୟାତ ଥିଲେ । ନାଥପନ୍ଥୀମାନଙ୍କର ଆରାଧ୍ୟ ଦେବ ହେଉଛନ୍ତି ଆଦିନାଥ ଶିବ । ସୁତରାଂ ଶୈବ ଧର୍ମର ଏକ ଶାଖା ରୂପେ ନାଥଧର୍ମକୁ ଗ୍ରହଣ କରାଯାଇଥାଏ । 'ଗୋରେଖ ସଂହିତା' ଅନୁସାରେ ଗୋରେଖନାଥ ହେଉଛନ୍ତି ନାଥଧର୍ମର ପ୍ରବର୍ତ୍ତକ ଏବଂ ଯୋଗୀ ଜାତି ତାଙ୍କଠାରୁ ସୃଷ୍ଟି ହୋଇଛି । ଭଗବାନଙ୍କର ଏକାଦଶ ଅବତାର ମଧ୍ୟରେ ମହାଯୋଗୀ ଅବତାର ପ୍ରଧାନ । ବିନ୍ଦୁନାଥ, ମୀନନାଥ, ଗୋରେଖନାଥ, ଛାୟାନାଥ, ସତ୍ୟନାଥ ପ୍ରଭୃତି ନାଥ ମତବାଦର ବିଶିଷ୍ଟ ମହାତ୍ମାଗଣ ମହାଯୋଗୀଙ୍କଠାରୁ ଜନ୍ମ ଲାଭ କରିଥିଲେ । ସିଦ୍ଧାଚାର୍ଯ୍ୟ ମୀନନାଥ ଓ ଗୋରେଖନାଥଙ୍କ ଦ୍ୱାରା ଖ୍ରୀ ୧୦ମ-୧୧ମ ଶତାବ୍ଦୀରେ ସମଗ୍ର ଭାରତରେ ନାଥ ଧର୍ମକୁ ଲୋକପ୍ରିୟ ଧର୍ମରେ ପରିଣତ କରିଥିଲେ । କେବଳ ଭାରତ ବର୍ଷରେ ନୁହେଁ, ବେଲୁଚିସ୍ତାନ, ନେପାଳ, ତିବ୍ବତ ଆଦି ଦେଶଗୁଡ଼ିକରେ ଏହି ଧର୍ମାବଲମ୍ବୀମାନେ ବସବାସ କରୁଥିଲେ ।

ଓଡ଼ିଶାର ନାଥ ଧର୍ମ ଇତିହାସରୁ ଜଣାଯାଏ ଗଙ୍ଗ ବଂଶ ରାଜା ଗଜପତି ଭାନୁଦେବଙ୍କ ପୁତ୍ର ଶୈଳେନ୍ଦ୍ର ଦେବ ଯୋଗ ସାଧନାରେ ସିଦ୍ଧିପ୍ରାପ୍ତ ହୋଇ ଶୈଳନାଥ ନାମରେ ପରିଚିତ ହେଲେ । ସେ ରାଜନଗରରେ ଏକ ମଠ ସ୍ଥାପନ କରିବା ସହିତ ଉମାକାନ୍ତେଶ୍ୱର ଓ ମତ୍ସ୍ୟେନ୍ଦ୍ରନାଥଙ୍କ ପଦ୍ମପାଣି ମୂର୍ତ୍ତି ସ୍ଥାପନ କରିଥିଲେ । ନାଥଧର୍ମର ବାରଟି ସମ୍ପ୍ରଦାୟ ମଧ୍ୟରୁ ସତ୍ୟନାଥୀ ଶାଖାର ପୀଠ ଭୁବନେଶ୍ୱର ଓ ପୁରୀଠାରେ ରହିଛି । ଓଡ଼ିଶାରେ ଥିବା ନାଥଧର୍ମ ପୀଠଗୁଡ଼ିକ ମଧ୍ୟରେ କପିଳାସ, ଆଳି, ମାଣତିରି, ଶିମୁଳିଆ, ତିର୍ତ୍ତୋଲର ଛପଡ଼ା ଗ୍ରାମର ଗୋରେଖ ଗାଦି, ଜଗତସିଂହପୁରର ହରିନାଥ ଗାଦି, କୁଳଣଗିରି (ରତ୍ନଗିରି ନିକଟରେ), କେୟାରବାଙ୍କ, କେନ୍ଦ୍ରାପଡ଼ାର ବିର୍ସ୍ୱତୀ, ଭୁବନେଶ୍ୱରର କପାଳି ମଠ, ପଦ୍ମପୁରର କାଳ ଭୈରବ ମଠ ଆଦି ଅନ୍ୟତମ । ନାଥପନ୍ଥୀ ଯୋଗୀମାନେ ଭିକ୍ଷାବୃତ୍ତି ସହିତ ବୈଦ୍ୟବୃତ୍ତି ମଧ୍ୟ କରିଥାନ୍ତି । ସବୁ ସମ୍ପ୍ରଦାୟର ନାଥ ଯୋଗୀମାନେ ଦୀକ୍ଷାଗ୍ରହଣ କରିଥାନ୍ତି । ଯେକୌଣସି ଜାତିର ଲୋକ ଦୀକ୍ଷା ଗ୍ରହଣ କରିପାରନ୍ତି । କର୍ଣ୍ଣରେ କୁଣ୍ଡଳ, ଶିଖା ଛେଦନ, ଦେହରେ ପାଉଁଶ ବୋଳି ନାଥ ଧର୍ମ ଗ୍ରହଣ କରିଥାନ୍ତି । ଅନେକ ଯୋଗୀ ଗୃହସ୍ଥାଶ୍ରମରେ ଜୀବନ ଧାରଣ କରିଥାନ୍ତି । ଗୃହସ୍ଥମାନଙ୍କର ଉପନୟନ, ବିବାହ ଓ ଅଶୌଚାଦି କର୍ମ ସାମବେଦ ମତରେ ପାଳିତ ହୋଇଥାଏ । ଏହି ଧର୍ମର ଉପାସ୍ୟ ନାଥ ସ୍ୱରୂପ ସଗୁଣ ଓ ନିର୍ଗୁଣତାର ଊର୍ଦ୍ଧ୍ୱରେ । ଯୋଗମାର୍ଗରେ ହିଁ ନାଥସ୍ୱରୂପଙ୍କର ଉପଲବ୍ଧି କରିହୁଏ । ନାଥପନ୍ଥୀ ଶୂନ୍ୟତତ୍ତ୍ୱ ବା ଶୂନ୍ୟ ସାଧନାକୁ ଗୁରୁତ୍ୱ ଦେବା ଫଳରେ ଯୋଗର ବିଭିନ୍ନ ସ୍ୱରୂପ ମଧ୍ୟରେ ହଠଯୋଗ ସହିତ ସପ୍ତାଙ୍ଗ, ଅଷ୍ଟାଙ୍ଗ ଯୋଗର ଗୁରୁତ୍ୱ ବଢ଼ିଲା । ଫଳରେ ଏହା ନାଥ ସାହିତ୍ୟର ପ୍ରମୁଖ ଅଂଶ ପାଲଟିଗଲା । ପିଣ୍ଡ ବ୍ରହ୍ମାଣ୍ଡ ତତ୍ତ୍ୱ, ଘଟ, ପରଚେ, ନିସ୍ୱତି ଯୋଗର ସାଧନା, କାୟାକଳ୍ପ ପ୍ରଭୃତି ଯୋଗତତ୍ତ୍ୱ ଏହି ଧର୍ମର ଆଧାର ପାଲଟିଗଲା । କବି ସଦାନନ୍ଦ ବ୍ରହ୍ମା 'ଲଳିତ ଲୋଚନା' କାବ୍ୟରେ ନାଥଯୋଗୀଙ୍କର କଠିନ ସାଧନାର ଚିତ୍ର ଦେଖିବାକୁ ମିଳିଥାଏ । ଏହି କଠୋର ସାଧନା ଦ୍ୱାରା ଚିତ୍ତ ସ୍ଥିର ହୁଏ ଓ ବୈରାଗ୍ୟଭାବ ଜାତ ହୋଇ ନାଥ ଯୋଗୀ କେନ୍ଦରାରେ ଝଙ୍କାର ତୋଳି ଗାଇଥାଏ:-

" ଭଜୁ କିନା ରାମ ନାମରେ ରାଜନ ଭଜୁ କିନା ରାମ ନାମ ।
ଭଜି ନ ପାରିଲେ କୁଳ ଚନ୍ଦ୍ରମାରେ ବାନ୍ଧି ନେବ କାଳ ଯମ ॥
ସେହି କାଳ ଯମ ବଡ଼ ଦାରୁଣରେ ନ ଜାଣଇ ଦୁଃଖ ସୁଖ ।
ବାଛି ନେବ କଞ୍ଚା ରଖିବ ପାଚିଲା ଦେବଟି ଦାରୁଣ ଦୁଃଖ ॥"

ନାଥ ଧର୍ମ ସଂପର୍କିତ ଅନେକ ପ୍ରାଚୀନ ଓଡ଼ିଆ ଗ୍ରନ୍ଥ ରହିଛି । 'ଶିଶୁ ବେଦ', 'ଅମରକୋଷ ଗୀତା', 'ଗୋରେକ୍ଷ ଗୀତା', 'ସପ୍ତାଙ୍ଗ ଯୋଗ','ଟୀକା ଗୋବିନ୍ଦ ଚନ୍ଦ୍ର', 'ରୁଦ୍ର ସୁଧାନିଧି' ପ୍ରଭୃତି ଗ୍ରନ୍ଥ ଅନ୍ୟତମ । ସେହିପରି ଅଚ୍ୟୁତାନନ୍ଦଙ୍କ 'ଶୂନ୍ୟ ସଂହିତା', ଈଶ୍ୱର ଦାସଙ୍କ 'ଚୈତନ୍ୟ ଭାଗବତ' ଓ ଦ୍ୱାରିକା ଦାସଙ୍କ 'ପରଚେ ଗୀତା' ଗ୍ରନ୍ଥଗୁଡ଼ିକ ନାଥ ଧର୍ମ ଓ ଦର୍ଶନ ସମ୍ବଳିତ ।

ଓଡ଼ିଶାର ଧର୍ମ ଓ ସାହିତ୍ୟରେ ନାଥ ଧର୍ମ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଅଧ୍ୟାପକ ଡକ୍ଟର ଦୋଳଗୋବିନ୍ଦ ଶାସ୍ତ୍ରୀ ନାଥ ଧର୍ମ ଉପରେ ଗବେଷଣା କରିଛନ୍ତି । ଅଧ୍ୟାପକ ବ୍ରହ୍ମାନନ୍ଦ ଦାସ, ଡକ୍ଟର ବଂଶୀଧର ମହାନ୍ତି ପ୍ରମୁଖ ନାଥ ଧର୍ମ ବିଷୟରେ ଅନେକ ତଥ୍ୟ ଲୋକଲୋଚନକୁ ଆଣିଛନ୍ତି । ସମାଜ ସଂସ୍କାର ଓ ସଦାଚାର ପ୍ରତିଷ୍ଠା ଉଦ୍ଦେଶ୍ୟରେ ନାଥ ଧର୍ମ ସୃଷ୍ଟି ହୋଇଥିଲା । ଆଜି ମଧ୍ୟ ଅଲାବୁ ପାତ୍ର ଓ କେନ୍ଦରାର ସ୍ୱରରେ ଗାଁ ଦାଣ୍ଡରେ ଏହି ଧର୍ମର ଜୟଗାନ ଦେଖିବାକୁ ମିଳେ । ■

ବେଗୁନିଆ ମହାବିଦ୍ୟାଳୟ
ବେଗୁନିଆ, ଖୋର୍ଦ୍ଧା
ମୋ: ୯୪୩୯୦୪୦୯୮୨

**ପରକୀୟା ପ୍ରୀତି ନେଲା ଜୀବନ**

## ପ୍ରେମିକ ସହ ମିଶି ସ୍ୱାମୀଙ୍କୁ ହତ୍ୟା!

ଜଳେଶ୍ୱର ବ୍ଲକ୍, ୨୧।୬(ସମିସ): ପ୍ରେମିକ ସହ ମିଶି ସ୍ୱାମୀଙ୍କୁ ହତ୍ୟା କରିବା ପରେ ଆତ୍ମହତ୍ୟାର ରୂପ ଦେବାକୁ ଅପଚେଷ୍ଟା କରିବା ଭଳି ଏକ ଘଟଣା ଜଳେଶ୍ୱର ଥାନା ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି। ବାଲେଶ୍ୱର ଜିଲ୍ଲା ଜଳେଶ୍ୱର ବ୍ଲକ୍ ଅନ୍ତର୍ଗତ ଦକ୍ଷିଣ ପ୍ରହରାଜପୁର ପଞ୍ଚାୟତର ମାଗୁଣିଆପଡ଼ା ଗ୍ରାମରେ ଏହି ଆପରାଧିକ ଘଟଣା ଘଟିଛି। ମୃତକ ହେଲେ, ଗ୍ରାମର ରମାକାନ୍ତ ଘୋଷ (୩୮)। ପୁଲିସ୍ ତାଙ୍କ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ୍ ଅଭିଯୁକ୍ତ ପ୍ରେମିକ ଡିପିପୁର ଗ୍ରାମର ମାନସ ଘୋଷଙ୍କୁ ଅଟକ ରଖି ପଚରାଉଚରା କରୁଛି।

ମିଳିଥିବା ସୂଚନାନୁଯାୟୀ, ରମାକାନ୍ତ ୧୦ ବର୍ଷ ତଳେ ଭୋଗରାଇ ବ୍ଲକ୍ ଜୟରାମାପୁର ଗ୍ରାମର ଜାହ୍ନବୀଙ୍କୁ ବିବାହ କରିଥିଲେ। ଜାହ୍ନବୀ ଅଗ୍ରୱାଲ ଛକ ନିକଟରେ ଏକ ଚା' ଦୋକାନ କରିଥିବା ବେଳେ ରମାକାନ୍ତ ରାଜ୍ୟ ବାହାରେ କାମ କରୁଥିଲେ। କିଛି ଦିନ ତଳେ ରମାକାନ୍ତ ଗାଁକୁ ଆସିଥିଲେ। ଏହି ସମୟରେ ମାନସଙ୍କ ସହ ଜାହ୍ନବୀଙ୍କର ଅତ୍ୟଧିକ ମିଳାମିଶା ଦେଖି ସେ ସନ୍ଦେହ କରିଥିଲେ। ଏ ସଂପର୍କରେ ସେ ଜାହ୍ନବୀଙ୍କୁ ପ୍ରଶ୍ନ କରିବା ସହ ବିରୋଧ ମଧ୍ୟ କରିଥିଲେ। ଏଥିରେ ରାଗିଯାଇ ରମାକାନ୍ତଙ୍କୁ ସବୁଦିନ ପାଇଁ ବାଟରୁ ହଟାଇଦେବାକୁ ଜାହ୍ନବୀ ଯୋଜନା କରିଥିଲେ। ଏଥିରେ ପ୍ରେମିକ ମାନସ ତାଙ୍କୁ ସହାୟତା କରିଥିଲା। ଗତକାଲି ବିଳମ୍ବିତ ରାତିରେ ଉଭୟ ମାନସଙ୍କୁ ହତ୍ୟା କରିବା ପରେ ତାହାକୁ ଆତ୍ମହତ୍ୟାର ରୂପ ଦେବା ପାଇଁ ଚେଷ୍ଟା କରିଥିଲେ। ରମାକାନ୍ତଙ୍କ ବେକରେ ଲୁଗା ଦେଇ ତାଙ୍କୁ ଘର ଭିତରେ ଟାଙ୍ଗି ଦେଇଥିଲେ। ତେବେ କୌଣସି ସୂତ୍ରରୁ ସେମାନଙ୍କର ଏ ଷଡ଼ଯନ୍ତ୍ର ସଂପର୍କରେ ଗ୍ରାମବାସୀମାନେ ଜାଣିବା ପରେ ସକାଳୁ ଆଜି ଦୁହିଁଙ୍କୁ ଅଟକ ରଖିଥିଲେ। ଅଲଗା ଅଲଗା ପଚରାଉଚରା କରିବାରୁ ଦୁହିଁଙ୍କ କଥାବାର୍ତ୍ତାରେ ତାଳମେଳ ନ ରହିବାରୁ ଗ୍ରାମବାସୀଙ୍କ ସନ୍ଦେହ ଘନୀଭୂତ ହୋଇଥିଲା ଏବଂ ଏ ସଂପର୍କରେ ସେମାନେ ପୁଲିସ୍‌କୁ ଖବର ଦେଇଥିଲେ। ଖବର ପାଇ ଜଳେଶ୍ୱର ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ଶବକୁ ଜବତ କରିବା ସହ ଅଭିଯୁକ୍ତ ମାନସଙ୍କୁ ଗ୍ରାମବାସୀଙ୍କ କବଳରୁ ଉଦ୍ଧାର କରି ଥାନାକୁ ନେଇଥିଲା।

## ମା' ଛେଉଣ୍ଡ ଦୁଇ ଶିଶୁଙ୍କୁ ନିର୍ଯାତନା

ଭୁବନେଶ୍ୱର,୨୧।୬(ସମିସ): ମା ଛେଉଣ୍ଡ ଦୁଇ ଶିଶୁଙ୍କୁ ଅକଥନୀୟ ନିର୍ଯାତନା ଦେଉଥିଲେ ଜେଜେମା ଏବଂ ବାପା। ଖାଇବାକୁ ନଦେବା ସହ କଥା କଥାରେ ମାଡ଼ ମାରୁଥିଲେ। ଏଭଳି ଘଟଣା ମଞ୍ଚେଶ୍ୱର ଥାନା ଜିଜିପି କଲୋନୀରେ ଦେଖିବାକୁ ମିଳିଛି। ବୋହୂଙ୍କ ମୃତ୍ୟୁ ପରେ ଦୁଇ କୋମଳମତି ଶିଶୁଙ୍କୁ ଏଭଳି ନିର୍ଯାତନା ଦେଇଛନ୍ତି। ଏପରିକି ଜେଜେମା ଏବଂ ବାପା ମାଡ଼ ମାରି ଦୁଇ ଶିଶୁଙ୍କୁ ଅଚେତ କରି

**■ ଉଦ୍ଧାର କଲା ଚାଇଲ୍ଡ ଲାଇନ୍**
**■ ମା'ପୁଅଙ୍କୁ ଗିରଫ କଲା ପୁଲିସ**

ପକାଇଥିଲେ। ସ୍ଥାନୀୟ ଲୋକ ଏହା ଦେଖି ଚାଇଲ୍ଡ ଲାଇନ୍‌କୁ ଖବର ଦେଇଥିଲେ। ଚାଇଲ୍ଡ ଲାଇନ୍ ସଦସ୍ୟ ଏବଂ ପୁଲିସ ଆସି ୨ଶିଶୁକୁ ଉଦ୍ଧାର କରିଥିଲେ। ଏନେଇ ଥାନାରେ ଚାଇଲ୍ଡ ଲାଇନ୍ ସଦସ୍ୟମଙ୍କ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରି ବାପା ଶରତ ପାତ୍ର ଏବଂ ଜୋସ୍ନାରାଣୀ ପାତ୍ରଙ୍କୁ ଗିରଫ କରିଛି। ଉଭୟଙ୍କ ବିରୋଧରେ ସଂଗୀନ ଦଫା ଲଗାଇ କୋର୍ଟ ଚାଲାଣ କରାଯାଇଛି।

ସୂଚନା ଅନୁସାରେ, ମାସକ ତଳେ ଦୁଇ ଶିଶୁଙ୍କ ମା'ର ମୃତ୍ୟୁ ପରେ ସବୁ କଥା ବାପା ଏବଂ ଜେଜେମାଆ ବୁଝୁଥିଲେ। ହେଲେ ମା' ମରିବା ପରେ ସେମାନଙ୍କର ଆରମ୍ଭ ହୋଇଥିଲା ନିର୍ଯାତନା। ଖାଇବାକୁ ନଦେଇ କାମ କରିବାକୁ କୁହନ୍ତି। ସେମାନେ ମନା କଲେ ମାଡ଼ ମାରୁଥିଲେ। ପଡ଼ୋଶୀ ଲୋକ ଶିଶୁ କାନ୍ଦିବାର ଶୁଣୁଥିଲେ ମଧ୍ୟ ଆକଟ କରାଯାଉଥିବା ଭାବି କିଛି କୁହନ୍ତି ନାହିଁ। ଆଜି ସେମାନଙ୍କୁ ମାଡ଼ ମରାଯାଉଥିବା ବେଳେ ସ୍ଥାନୀୟ ଲୋକ ଦେଖି ଚାଇଲ୍ଡ ଲାଇନ୍ ଏବଂ ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ଦୁଇ ଶିଶୁଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରିଥିଲେ। ଦୁହେଁ ଭାଇ-ଭଉଣୀ ହୋଇଥିବା ବେଳେ ପିଲା ଦୁହିଁଙ୍କ ଦେହସାରା ଦେଖିବାକୁ ମିଳିଛି କ୍ଷତ ଦାଗ। ମାଆ ଚାଲିଗଲା ପରେ ନୃଶଂସ ଜେଜେମାଆ ଦୁହିଁଙ୍କୁ ଅକଥନୀୟ ନିର୍ଯାତନା ଦେଇ ଏଭଳି ଅବସ୍ଥା କରିଛନ୍ତି ବୋଲି ଶିଶୁ କହିଛନ୍ତି। ୫ ଦିନ ହେଲା ଖାଇବାକୁ ନଦେବା ସହ ନିସ୍ଥୁର ଭାବେ ମାଡ଼ ମାରି ଲହୁଲୁହାଣ କରିଦେଇଥିବା ଅଭିଯୋଗ ହୋଇଛି। ଶିଶୁଙ୍କୁ ଉଦ୍ଧାର କରାଯିବା ପରେ ହସ୍ପିଟାଲରେ ଚିକିତ୍ସା କରାଯାଇ ଚାଇଲ୍ଡ ଲାଇନ୍ ନିଜ ପାଖରେ ରଖିଛି।

ମାସେ ତଳେ ୨ ଶିଶୁଙ୍କ ମାଆଙ୍କ ମୃତ୍ୟୁ ହୋଇଥିଲା। ସ୍ତ୍ରୀର ମୃତ୍ୟୁ ପରେ ସ୍ୱାମୀ ମାନସିକ ସ୍ଥିତି ହରାଇ ବସିଥିଲେ। ଫଳରେ ଜେଜେମା କୁନି କୁନି ପିଲାଙ୍କୁ ମାଡ଼ ମାରିବା ସହ ଘରେ ବନ୍ଦ କରି ରଖିଥିଲେ। ଏପରିକି ୫ ଦିନରୁ ଅଧିକ ହେବ ଖାଇବାକୁ ଦେଇ ନଥିଲେ। ସ୍ଥାନୀୟ ଲୋକେ କହିଛନ୍ତି ଯେ ଭଉଣୀ ସମ୍ପତ୍ତି ପାଇଁ ଭାଇକୁ ନିଜ ଇଙ୍ଗିତରେ ନଚାଉଥିଲେ।

## ଅତିରିକ୍ତ ତହସିଲଦାରଙ୍କୁ ଆକ୍ରମଣ ଘଟଣାରେ ଶିକ୍ଷକ ନିଲମ୍ବିତ

କପ୍ତିପଦା, ୨୧।୬(ସମିସ): କପ୍ତିପଦା ଅତିରିକ୍ତ ତହସିଲଦାର ଭୀମକାନ୍ତ ମାଝୀଙ୍କୁ ଆକ୍ରମଣ ଘଟଣାରେ ଗିରଫ ହୋଇଥିବା ଶିକ୍ଷକ ଭବାନନ୍ଦ ନାଏକଙ୍କୁ ଚାକିରିରୁ ନିଲମ୍ବନ କରାଯାଇଛି। ଭବାନନ୍ଦ କପ୍ତିପଦା ବ୍ଲକ୍ ଅଧୀନ ହାତୀମଣ୍ଡା ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକତା କରନ୍ତି। ଅତିରିକ୍ତ ତହସିଲଦାର ଶ୍ରୀ ମାଝୀଙ୍କୁ ଆକ୍ରମଣ ଘଟଣାରେ ପୁଲିସ୍ ତାଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। ପରେ, ତାଙ୍କ ବିରୋଧରେ ବିଭାଗୀୟ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଉପଖଣ୍ଡ ପୁଲିସ ଅଧିକାରୀ ଚିଠି ଲେଖି କପ୍ତିପଦା ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କୁ ଜଣାଇଥିଲେ। ଫଳସ୍ୱରୂପ ଗୋଷ୍ଠୀ ଶିକ୍ଷା ଅଧିକାରୀ ମନମୋହନ ହେମ୍ବ୍ରମ ଗତ ୧୯ ତାରିଖରେ ଶିକ୍ଷକ ଶ୍ରୀ ନାଏକଙ୍କୁ ଚାକିରିରୁ ନିଲମ୍ବନ କରିଛନ୍ତି। ସୂଚନାଯୋଗ୍ୟ, ଏହି ଘଟଣାରେ କପ୍ତିପଦା ପୁଲିସ୍ ବିଭିନ୍ନ ପର୍ଯ୍ୟାୟରେ ୯ ଜଣଙ୍କୁ ଗିରଫ କରିଛି।

## କେନ୍ଦୁପତ୍ର କର୍ମଚାରୀଙ୍କ ପାଇଁ ୧୦୦ କୋଟିରୁ ଊର୍ଦ୍ଧ୍ୱ ସହାୟତା

ଭୁବନେଶ୍ୱର, ୨୧।୬ (ସମିସ): ରାଜ୍ୟର ଲକ୍ଷଲକ୍ଷ କେନ୍ଦୁପତ୍ର ତୋଳାଳି, ବନ୍ଧାଳି ଓ ସିଜିନାଲ ଷ୍ଟାଫ୍‌ଙ୍କ ପାଇଁ ମୁଖ୍ୟମନ୍ତ୍ରୀ କଲ୍ୟାଣ ପାଣ୍ଠିରେ ୧୦୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବ୍ୟବସ୍ଥା କରାଯାଇଛି। ଏଥିପାଇଁ ଶନିବାର ଭୁବନେଶ୍ୱର ରାଜ୍ୟ ଅତିଥି ଭବନଠାରେ ବିଭିନ୍ନ ଜିଲ୍ଲାରୁ ଶହଶହ ସଂଖ୍ୟାରେ ଆସିଥିବା ଓଡ଼ିଶା କେନ୍ଦୁପତ୍ର ସଂଘର କର୍ମକର୍ତ୍ତା ଓ ସଦସ୍ୟମାନେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଭେଟି ଧନ୍ୟବାଦ ଓ କୃତଜ୍ଞତା ଜଣାଇଛନ୍ତି। ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ ସଂଘର ସଦସ୍ୟମାନଙ୍କ ସହ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ, ରାଜ୍ୟର ୨୨ଟି ଜିଲ୍ଲାରେ ୧୯ଟି ଡିଭିଜନ୍ ଅଧୀନରେ ପ୍ରାୟ ୯ଲକ୍ଷରୁ ଊର୍ଦ୍ଧ୍ୱ ଲୋକଙ୍କ ଜୀବନଜୀବିକାର ମାଧ୍ୟମ ହେଉଛି କେନ୍ଦୁପତ୍ର। ମୁଖ୍ୟମନ୍ତ୍ରୀ ନିକଟରେ ଦେବଗଡ଼ ଗସ୍ତ ସମୟରେ ରାଜ୍ୟର କେନ୍ଦୁପତ୍ର ତୋଳାଳି, ବନ୍ଧାଳି ଓ ସିଜିନାଲ ଷ୍ଟାଫ୍‌ଙ୍କ ପାଇଁ ୪୧କୋଟି ୧୭ଲକ୍ଷ ଟଙ୍କାର ସହାୟତା ରାଶି ଘୋଷଣା କରିଥିଲେ। ଏହି ସହାୟତାରେ ସେମାନଙ୍କ ପାଇଁ ଚପଲ, କେରି ବନ୍ଧା କପଡ଼ା, ଟୋପି, ମଶାରି ଓ କମ୍ବଳ ବାବଦକୁ ଅର୍ଥ ରାଶି ରହିଛି। ରାଜ୍ୟର ୨୨ଟି ଜିଲ୍ଲାରୁ ଆସିଥିବା ସଂଘର ସଦସ୍ୟମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ରାଜ୍ୟ ସରକାର ଆପଣଙ୍କ ବିକାଶ ଓ କଲ୍ୟାଣ ପାଇଁ ତତ୍ପର ଅଛନ୍ତି। ନୂଆ ସରକାର ଗରିବ କଲ୍ୟାଣ ପାଇଁ ଅନେକ କାର୍ଯ୍ୟକ୍ରମ ଓ ଯୋଜନା କରିଛନ୍ତି। ଏସବୁ କାର୍ଯ୍ୟକ୍ରମରେ ସାମିଲ ହୋଇ ଏହାର ସୁଫଳ ପାଇବା ପାଇଁ ସେ ପରାମର୍ଶ ଦେଇଥିଲେ। ଏଥିସହ ମହିଳା ସଦସ୍ୟାମାନଙ୍କୁ ଯୁଗାନ୍ତକାରୀ ସୁଭଦ୍ରା ସହାୟତା ରାଶିକୁ ବ୍ୟବସାୟରେ ସଠିକ୍ ଭାବେ ବିନିଯୋଗ କରି ଲକ୍ଷପତି ଦିଦି ହେବା ପାଇଁ ମୁଖ୍ୟମନ୍ତ୍ରୀ ଉତ୍ସାହିତ କରିଥିଲେ।

**■ ରେଳଷ୍ଟେସନରେ ଅଟକିଗଲା ଲିଫ୍ଟ**

## ଡେଇଁ ପଡିଲେ ଦିବ୍ୟାଙ୍ଗ



ଭଦ୍ରକ,୨୧।୬ (ସମିସ): ଅଧାରେ ଅଟକିଯିବାରୁ ଭିତରେ ଫସିଯିବା ଭୟରେ ଜଣେ ଦିବ୍ୟାଙ୍ଗ ଲିଫ୍ଟରୁ ଡେଇଁ ପଡ଼ି ଗୁରୁତର ହୋଇଛନ୍ତି। ଭଦ୍ରକ ରେଳଷ୍ଟେସନ୍‌ରେ ଆଜି ଏପରି ଏକ ଅଘଟଣ ଘଟିଛି। ସେ ହେଲେ, ଖଡ଼ଗପୁର ଅଞ୍ଚଳର ସୁକୁମାର ସିଂ। ତାଙ୍କୁ ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ସୁକୁମାର ଟ୍ରେନ୍‌ରେ ଭିକ୍ଷାବୃତ୍ତି କରନ୍ତି। ଆଜି ସେ ଗୋଟିଏ ପ୍ଲାଟ୍‌ଫର୍ମରୁ ଅନ୍ୟ ପ୍ଲାଟାଫର୍ମକୁ ଯିବା ପାଇଁ ଲିଫ୍ଟରେ ଚଢ଼ିଥିଲେ। ମାତ୍ର ଲିଫ୍ଟଟି କିଛି ଉପରକୁ ଉଠିବା ପରେ ଅଟକି ଯାଇଥିଲା। ତେଣୁ ଲିଫ୍ଟରେ ଫସିଯିବା ଭୟରେ ସେ ରିପ୍ୟାରିଂ ଚାମ୍ବର୍ ଖୋଲି ଡେଇଁ ପଡ଼ିଥିଲେ। ରେଳବାଇ ତରଫରୁ ଘଟଣାକୁ ନେଇ କୌଣସି ପ୍ରତିକ୍ରିୟା ମିଳିପାରିନାହିଁ।

## ଚଳନ୍ତା ବାଇକ୍‌ରେ ବ୍ୟବସାୟୀଙ୍କୁ ଗୁଳିମାଡ଼



ଭଦ୍ରକ,୨୧।୬(ସମିସ): ଭଦ୍ରକ ସହର ଚରମ୍ପା ଛକ ନିକଟରେ ଜଣେ ବ୍ୟବସାୟୀଙ୍କୁ ଗୁଳିମାଡ଼ ହୋଇଛି। ଗୁଳିମାଡ଼ର ଶିକାର ହୋଇଛନ୍ତି ଭଦ୍ରକ ଗ୍ରାମାଞ୍ଚଳ ଥାନା ବେଳାମଳା ଗ୍ରାମର ବିଦ୍ୟାଧର ପାତ୍ର। ଚରମ୍ପାସ୍ଥିତ ନିଜ ଦୋକାନ ବନ୍ଦ କରି ଘରକୁ ଯାଉଥିବା ସମୟରେ କେତେକ ଦୁର୍ବୃତ୍ତ ଆସି ଗୁଳି ଫୁଟାଇଥିଲେ। ଲୁଟ୍ ଉଦ୍ଦେଶ୍ୟରେ ବିଦ୍ୟାଧରଙ୍କୁ ଗୁଳିମାଡ଼ କରାଯାଇଥିବା ସନ୍ଦେହ କରାଯାଉଛି। ଗୁଳି ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ି ଆସିବାରୁ ଦୁର୍ବୃତ୍ତମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପ୍ରତ୍ୟକ୍ଷଦର୍ଶୀଙ୍କ ସୂଚନା ଅନୁଯାୟୀ, ଦୁର୍ବୃତ୍ତମାନେ ଦୁଇରାଉଣ୍ଡ ଗୁଳି ଫୁଟାଇଥିଲେ। ଫଳରେ ବାଇକ୍‌ରେ ଯାଉଥିବା ବିଦ୍ୟାଧର ରାସ୍ତାରେ ଟଳି ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଛି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ଆଜି ରଥଯାତ୍ରର ସ୍ୱତନ୍ତ୍ର ସମୀକ୍ଷା ବୈଠକ

ପୁରୀ,୨୧।୬(ସମିସ): ରବିବାର ଅନୁଷ୍ଠିତ ହେବ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକ। ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେଇ ରଥଯାତ୍ରା ପ୍ରସ୍ତୁତିର ସମୀକ୍ଷା କରିବେ। ଟାଉନ ହଲ୍ ପରିସରରେ ପୂର୍ବାହ୍ଣ ୧୧ଟାରେ ହେବାକୁ ଥିବା ବୈଠକରେ ମନ୍ତ୍ରୀ, ଅଧିକାରୀ, ସେବାୟତ, ବୁଦ୍ଧିଜୀବୀ ପ୍ରମୁଖ ଯୋଗଦେବେ। ଆସନ୍ତା ୨୭ ତାରିଖ ରଥଯାତ୍ରା ପାଇଁ ପ୍ରଶାସନ ପକ୍ଷରୁ ସମସ୍ତ ପ୍ରକାର ପ୍ରସ୍ତୁତି ଚାଲିଛି। ଏଥର କିଛି ରାଜ୍ୟର ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଏବଂ କେନ୍ଦ୍ରମନ୍ତ୍ରୀ ମଧ୍ୟ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ସେହିପରି ଏଥର ଅଧିକ ଶ୍ରଦ୍ଧାଳୁ ସମାଗମ ହେବା ସମ୍ଭାବନା ଅଛି। ତେଣୁ ସୁରକ୍ଷା ଏବଂ ଶୃଙ୍ଖଳିତ ଦର୍ଶନ ପାଇଁ ପ୍ରଶାସନ ପକ୍ଷରୁ କ'ଣ ସବୁ ପ୍ରସ୍ତୁତି କରାଯାଇଛି ତାହାର ସମୀକ୍ଷା କରିବେ ମୁଖ୍ୟମନ୍ତ୍ରୀ। ପୂର୍ବରୁ ଅନୁଷ୍ଠିତ ଦୁଇଟି ସମନ୍ୱୟ ବୈଠକରେ ବିଭିନ୍ନ ବିଭାଗର ଅଧିକାରୀ ଠିକଣା ସମୟକୁ ସବୁ ପ୍ରସ୍ତୁତ ହୋଇଯିବ ବୋଲି କହିଥିଲେ। ମୁଖ୍ୟମନ୍ତ୍ରୀଙ୍କ ସମୀକ୍ଷା ବୈଠକରେ ଅଧିକାରୀମାନେ କି ପ୍ରକାର ପ୍ରସ୍ତୁତି କରିଛନ୍ତି ସେ ସମ୍ପର୍କରେ ସବିଶେଷ ସୂଚନା ଦେବେ। କାହାର କ'ଣ କାମ ବାକି ରହିଯାଇଛି ଏବଂ ଅଧିକ କ'ଣ କଲେ ରଥଯାତ୍ରା ଶୃଙ୍ଖଳିତ ହୋଇପାରିବ ଏବଂ ଭକ୍ତମାନେ ଭଲ ଭାବେ ଦର୍ଶନ କରିବେ ତାହା ଉପରେ ଆଲୋଚନା କରାଯାଇ ନିଷ୍ପତ୍ତି ନିଆଯିବ।

**■ ଶ୍ରୀମନ୍ଦିରରେ ଖଳି ଲାଗି ଏକାଦଶୀ**

## ଦାରୁଦିଅଁଙ୍କୁ ଲାଗି ହେଲା ପୁଷ୍ପ, ତୁଳସୀ

ପୁରୀ, ୨୧।୬(ସମିସ): ମାନବୀୟ ଲୀଳା କରୁଛନ୍ତି ମହାପ୍ରଭୁ। ଦାରୁବିଗ୍ରହଙ୍କ ନୀତିକାନ୍ତି ଓ ଜୀବନଚର୍ଯ୍ୟା ସାଧାରଣ ମଣିଷଙ୍କ ଭଳି। ସ୍ନାନପୂର୍ଣ୍ଣିମାରେ ଅତ୍ୟଧିକ ସ୍ନାନ କରି ଜ୍ୱରରେ ପଡ଼ିଥିବା ଠାକୁର ଏବେ ଅଣସର ଘରେ। ଶୀଘ୍ର ଆରୋଗ୍ୟ ପାଇଁ ଚାଲିଛି ଆୟୁର୍ବେଦିକ ପଦ୍ଧତିରେ ଉପଚାର। ଗୁପ୍ତ ସେବା କରୁଛନ୍ତି ଦଇତାପତି ସେବକ। ଇତିମଧ୍ୟରେ ବଡ଼ଓଡ଼ିଆ

### ଆଜି ରାଜପ୍ରସାଦ ବିଜେ

ମଠରୁ ଆସିଥିବା ଫୁଲୁରି ତେଲ, ଶୁଦ୍ଧସୁଆର ସେବକ ଦେଇଥିବା ଓଷୁଅ ଲାଗି ହେବା ପରେ ଶୁକ୍ରବାର ଶ୍ରୀବିଗ୍ରହ ଚକାବିଜେ କରିଛନ୍ତି। ଶନିବାର ଖଳିଲାଗି ଏକାଦଶୀ ତିଥିରେ ଅଣସର ଗୃହରେ ବିରାଜିତ ଦାରୁଦିଅଁଙ୍କୁ ଖଳିଲାଗି ସହ ତୁଳସୀ, ସୁବାସିତ ରଙ୍ଗୀନ ପୁଷ୍ପ ମଧ୍ୟ ଲାଗି କରାଯାଇଛି। ଏଥିସହ ଦଶମୂଳ ମେହୌଷଧୀ ସେବନ କରି ସୁସ୍ଥ ହୋଇଛନ୍ତି ବିଶ୍ୱନିୟନ୍ତା। ରବିବାର ଦ୍ୱାଦଶୀରେ ରାଜପ୍ରସାଦ ବିଜେ ନୀତି ରହିଛି। ଶ୍ରୀମନ୍ଦିର ପଟିଦିଅଁଙ୍କ ନିକଟରେ ମଧ୍ୟାହ୍ନ ଧୂପ ଏବଂ ଦକ୍ଷିଣୀ ଘର ଭୋଗ ବଢ଼ିବା ପରେ ଜୟବିଜୟ ଦ୍ୱାର ବନ୍ଦ ହୋଇ ବେହେରଣ ଦ୍ୱାର ଖୋଲିଥିଲା। ଏହାପରେ ଅଣସର ଗୃହରେ ଥିବା ଚତୁର୍ଦ୍ଧାବିଗ୍ରହଙ୍କ ଅଣସର ନୀତି ଆରମ୍ଭ ହୋଇଥିଲା। ଶୁଦ୍ଧସୁଆରଙ୍କ ଘରୁ ଆସିଥିବା ଖଳି ଠାକୁରଙ୍କୁ ଲାଗି କରାଯିବା ସହିତ ରକ୍ତବସ୍ତ୍ର ଲାଗି କରାଯାଇଥିଲା। ପରେ ଚକଟା ଭୋଗ ଏବଂ ପଣାଭୋଗ ହୋଇ ବେହେରଣ ଦ୍ୱାର ବନ୍ଦ ହୋଇଥିଲା। ଜୟବିଜୟ ଦ୍ୱରା ଖୋଲି ପଟିଦିଅଁଙ୍କ ନୀତି ଆରମ୍ଭ ହୋଇଥିଲା। ପଟିଦିଅଁଙ୍କ ସନ୍ଧ୍ୟା ଆଳତି ଏବଂ ସନ୍ଧ୍ୟାଧୂପ ବଢ଼ିବା ପରେ ବେହେରଣ ଦ୍ୱାରା ଖୋଲିଥିଲା। ପଟିଦିଅଁଙ୍କ ସର୍ବାଙ୍ଗ ଆରମ୍ଭ ହେବା ସହ ଅଣସର ଗୃହରେ ଘଣ୍ଟ, କାହାଳୀ ବାଜି ଚତୁର୍ଦ୍ଧାବିଗ୍ରହଙ୍କ ସର୍ବାଙ୍ଗ ହୋଇଥିଲା। ସର୍ବାଙ୍ଗ ବଢ଼ିବା ପରେ ଗୀତିଗୋବିନ୍ଦ ଖଣ୍ଡୁଆ, ରଙ୍ଗୀନ ସୁଗନ୍ଧିତ ପୁଷ୍ପ, ଗୁଣା, ଝୁମ୍ପା, କରପଲ୍ଲବ, ହୃଦୟପଦକ ଏବଂ ତୁଳସୀ ଲାଗି କରାଯାଇଥିଲା। ସ୍ନାନପୂର୍ଣ୍ଣିମା ପରେ ମହାପ୍ରଭୁ ପ୍ରଥମ ତୁଳସୀ ଧାରଣ କରିଥିଲେ। ଏହାପରେ ବୈଦ୍ୟ ସେବକଙ୍କ ଘରୁ ଆସିଥିବା ଦଶମୂଳକୁ ପତିମହାପାତ୍ର ସେବକ ସଂସ୍କାର କରିବା ପରେ ଦଇତାପତିମାନେ ଦାରୁବିଗ୍ରହଙ୍କୁ ଲାଗି କରାଇଥିଲେ।

## ଅବଶିଷ୍ଟାଂଶ...

### ନିବେଶକଙ୍କ ବିଶ୍ୱାସ...

୬ ଗିଗାୱାଟର ପ୍ରକଳ୍ପ ପ୍ରତିଷ୍ଠା କରାଯିବାକୁ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିଲା। ଏହି ୟୁନିଟରେ କମ୍ପାନୀ ଇନ୍‌ଗଟ, ୱେଫର୍ସ ସେଲ୍ ଏବଂ ସୋଲାର ମଡ୍ୟୁଲ ଉତ୍ପାଦନ କରିଥାନ୍ତା। ଏହି କମ୍ପାନୀ ସ୍ଥାପନ ହୋଇଥିଲେ ପ୍ରାୟ ୧୪ ହଜାର ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଥାନ୍ତା। ଏହି ପ୍ରକଳ୍ପ ପାଇଁ ଥରେ ନୁହେଁ ଦୁଇଥର ଶିଳାନ୍ୟାସ ହୋଇଥିଲା। ଥରେ ଖାଦ୍ୟ ଯୋଗାଣ ଓ ଖାଉଟିକଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ପ୍ରକଳ୍ପ ପାଇଁ ଶିଳାନ୍ୟାସ କରିଥିବା ବେଳେ କିଛି ସପ୍ତାହ ତଳେ ଢେଙ୍କାନାଳ ଗସ୍ତ ଅବସରରେ ମୁଖ୍ୟମନ୍ତ୍ରୀ ମଧ୍ୟ ଏହି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। ମାତ୍ର ଦୁଇଥର ଭିତ୍ତିପ୍ରସ୍ତର ସ୍ଥାପନ ହୋଇଥିବା ଏହି କମ୍ପାନୀ ପ୍ରକଳ୍ପ କାର୍ଯ୍ୟାନ୍ୱୟନରେ ବିଳମ୍ବ ଯୋଗୁଁ ଅନ୍ୟତ୍ର ଚାଲିଯିବାକୁ ନିଷ୍ପତ୍ତି ନେଇଛି। କାମ ବିଳମ୍ବ ହେଉଥିବାରୁ କମ୍ପାନୀର ଅଡିଟ କମିଟ ଏହାକୁ ଅନ୍ୟତ୍ର ସ୍ଥାନାନ୍ତର ପାଇଁ ପରାମର୍ଶ ଦେଇଥିଲା। ଏହ ପରାମର୍ଶ ଆଧାରରେ ଓଡ଼ିଶା ବଦଳରେ ଏହା ତାମିଲନାଡୁ ଓ ଗୁଜୁରାଟରେ ନିଜ ଶିଳ୍ପ ସ୍ଥାପନ କରିବ ବୋଲି କମ୍ପାନୀ ପକ୍ଷରୁ ଷ୍ଟକ ଏକ୍ସଚେଞ୍ଜ (ବିଏସ୍‌ଇ ଓ ଏନ୍‌ଏସ୍‌ଇ)କୁ ଅବଗତ କରାଯାଇଛି।

ରାଜ୍ୟ ସରକାର ଏବଂ ସ୍ଥାନୀୟ ପ୍ରଶାସନର ଅସହଯୋଗ କାରଣରୁ କମ୍ପାନୀ ପ୍ରକଳ୍ପରୁ ଓହରିଯିବାକୁ ଶୁକ୍ରବାର ନିଷ୍ପତ୍ତି ନେଇଥିଲା। ଏହାକୁ ନେଇ ଆଜି ବେଶ୍ ତମ୍ବିତୋଫାନ ହେବା ପରେ କମ୍ପାନୀ ନିଜ ନିଷ୍ପତ୍ତି ପରିବର୍ତ୍ତନ କରିଥିବା କୁହାଯାଇଛି। ଆମେ ଓଡ଼ିଶା ଛାଡ଼ି ଯାଉନାହୁଁ। ଓଡ଼ିଶାରେ ପ୍ରକଳ୍ପ ପ୍ରତିଷ୍ଠା ନେଇ ଆମେ ଆମ ପ୍ରତିଶ୍ରୁତିରେ ଦୃଢ଼ ରହିଛୁ ବୋଲି କମ୍ପାନୀ ପକ୍ଷରୁ କୁହାଯାଇଛି। ତେବେ ଗୋଟିଏ ଦିନ ବ୍ୟବଧାନରେ କମ୍ପାନୀ ପକ୍ଷରୁ ଦୁଇ ଦୁଇଟି ପରସ୍ପର ବିରୋଧୀ ବିଜ୍ଞପ୍ତି ପ୍ରକାଶକୁ ନେଇ ସ୍ୱାଭାବିକ ସନ୍ଦେହ ସୃଷ୍ଟି ହୋଇଛି। ଓଡ଼ିଶାରେ ଶିଳ୍ପ ପ୍ରତିଷ୍ଠା ନେଇ କମ୍ପାନୀର ମତ ପରିବର୍ତ୍ତନ ପଛରେ ଚାପ ପଡ଼ିଥିବା ଶିଳ୍ପ ସମୀକ୍ଷକମାନେ ମତ ଦେଉଛନ୍ତି। ଗତକାଲି କମ୍ପାନୀ ସ୍ଥାନାନ୍ତର ସୂଚନା ଦେଇଥିବାବେଳେ ଗୋଟିଏ ଦିନ ମଧ୍ୟରେ କମ୍ପାନୀ ନିଜ ନିଷ୍ପତ୍ତିରୁ ଓହରିଯିବାକୁ ନେଇ ସାଧାରଣରେ ସଂଶୟ ପ୍ରକାଶ ପାଇଛି। ପୂର୍ବରୁ ଆର୍ସେଲର ନିପ୍ପନ- ମିତ୍ତଲ ଓ ଜେଏସଡବ୍ଲ୍ୟୁ ପ୍ରକଳ୍ପ ପ୍ରତିଷ୍ଠା ସ୍ୱପ୍ନ ଧିରେ ଧିରେ ଘୁଞ୍ଚି ଘୁଞ୍ଚି ଯାଉଛି। ଏପରିକି ଆର୍ସେଲର-ମିତ୍ତଲ ପ୍ରକଳ୍ପ ପଡ଼ୋଶୀ ଆନ୍ଧ୍ର ପ୍ରଦେଶରେ ହେବା ଏକପ୍ରକାର ନିଶ୍ଚିତ କୁହାଯାଉଥିବା ବେଳେ ସେଠାରେ ଜମି ଅଧିଗ୍ରହଣ କାମ ଜାରି ରହିଛି। ସେହିପରି ଜେଏସଡବ୍ଲ୍ୟୁର ଇଭି ପ୍ରକଳ୍ପ ମଧ୍ୟ ମହାରାଷ୍ଟ୍ରକୁ ସ୍ଥାନାନ୍ତରଣ ହୋଇଥିବା ନେଇ କୁହାଯାଉଛି। ଏବେ ପୁଣି ଆଉ ଏକ ବଡ଼ ଶିଳ୍ପ ଓଡ଼ିଶାରୁ ଚାଲିଯିବା ନିମନ୍ତେ ଆଗ୍ରହ ପ୍ରକାଶ କରିବା ସ୍ୱାଭାବିକ ରାଜ୍ୟର ଶିଳ୍ପ ବାତାବରଣକୁ ପ୍ରଶ୍ନଘେରରେ ଠିଆ କରିଛି।

### ବାଲିଆପାଳରେ ସ୍ଥିତି...

ବ୍ଲକ୍‌ର ନଦୀତଟ କୁମ୍ଭାରୀ, ନିଖିରା, ଶ୍ରୀରାମପୁର, ଅସ୍ତି, ବାଲିଆପାଳ, ମଧୁପୁରା, ବିଷ୍ଣୁପୁର, ଜାମକୁଣ୍ଡା ଆଦି ୮ଟି ପଞ୍ଚାୟତର ଅନ୍ୟୂନ ୨୦ହଜାର ଲୋକ ବନ୍ୟା ପାଣିଘେରରେ ରହିଛନ୍ତି। ସେଗୁଡ଼ିକ ମଧ୍ୟରୁ ଝଲଝଲିଆ, ଚଡ଼ପାଳପଡ଼ା, ପାଳଚମ୍ପେଇ, ଚଡ଼ ବଡ଼ାପାଳ, ମନୁନଗର, ରସଲପୁର, ଇକଡ଼ପାଳ, ତାଳପଦା ଆଦି ଗାଁ ସଂପୂର୍ଣ୍ଣ ଭାବେ ପାଣିଘେରରେ ରହିଛି। ଗତକାଲି ରାତିରୁ ପ୍ରଶାସନ ପକ୍ଷରୁ ଡାକବାଜି ଯନ୍ତ୍ରରେ ବନ୍ୟା କ୍ଷତିଗ୍ରସ୍ତ ହେବାକୁ ଥିବା ଲୋକମାନଙ୍କୁ ସ୍ଥାନୀୟ ବାତ୍ୟା ଆଶ୍ରୟସ୍ଥଳ ଓ ପାଖ ସ୍କୁଲକୁ ଚାଲିଯିବା ପାଇଁ କୁହାଯାଇଥିଲା। ସେହିପରି, ବନ୍ୟା ଯୋଗୁଁ ପଞ୍ଚୁରୁଖୀ ଗ୍ରାମର ଏକ ବନ୍ଧ ଭାଙ୍ଗିଯିବା ଭଳି ସ୍ଥିତି ଦେଖାଦେଇଛି। ଗ୍ରାମବାସୀ ଉକ୍ତ ବନ୍ଧକୁ ଜଗି ରହିଛନ୍ତି। ସେହିପରି ବଡ଼ାପାଳ ଗ୍ରାମର ନିଆଶି ଜେନା, ରତିକାନ୍ତ ଜେନା, ତାଙ୍କ ସ୍ତ୍ରୀ, ବାବୁଲି ଜେନା ପ୍ରମୁଖ ସର୍ଦ୍ଦାର ସାହି ଏକ ଟାପୁକୁ ଗାଈ ଚରାଉବାକୁ ଯାଇଥିବା ବେଳେ ବନ୍ୟାପାଣି ଘେରରେ ରହିଯାଇଥିଲେ। ଆଜି ସେମାନଙ୍କୁ ଆଜି ଓଡ୍ରାଫ୍ ଟିମ୍ ଉଦ୍ଧାର କରିଛି।

ଅପରପକ୍ଷେ, ବନ୍ୟା ଯୋଗୁଁ ଭୋଗରାଇ ବ୍ଲକ୍‌ର ସମସ୍ତ ତଳିଆ ଅଞ୍ଚଳ ବୁଡ଼ିଯାଇଥିବା ବେଳେ ଲୋକଙ୍କ ଦୁର୍ଦ୍ଦଶା ବଢ଼ିବାରେ ଲାଗିଛି। ସେହିପରି ବନ୍ୟାର ପ୍ରଖର ସୁଅରେ ଆଜି ଜଣେ ଯୁବକ ଭାସି ଯାଇଛନ୍ତି। ସେ ହେଲେ, କୁମ୍ଭୀରଗଡ଼ି ପଞ୍ଚାୟତ କୁହ୍ଲା ଗ୍ରାମର ନବକୃଷ୍ଣ ପିଳାରଙ୍କ ପୁଅ ଅପୁ। ଅପୁ ଆଜି ସକାଳେ ଜାମକୁଣ୍ଡା ଲକ୍ ନିକଟକୁ ସଉଦା ଆଣିବାକୁ ଯାଉଥିବା ବେଳେ ବନ୍ୟା ପାଣିରେ ଭାସି ଯାଇଥିଲେ। ଗାଁର ଯୁବକମାନେ ଡଙ୍ଗା ନେଇ ଖୋଜାଖୋଜି କରିଥିଲେ ମଧ୍ୟ ତାଙ୍କର ପତ୍ତା ମିଳିନଥିଲା। ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସଙ୍କ ହସ୍ତକ୍ଷେପ ପରେ ଓଡ୍ରାଫ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ଖୋଜାଖୋଜି କରିଥିଲା। କିନ୍ତୁ ଖବର ଲେଖା ହେବା ସୁଦ୍ଧା ତାଙ୍କର ପତ୍ତା ମିଳିପାରିନାହିଁ।

ବସ୍ତା ବିଧାୟିକା ସୁବାସିନୀ ଜେନା, ଜିଲ୍ଲା ପରିଷଦ ସଭ୍ୟ ନିଶାକର ସେଠୀ, ବେଣୁଧର ଜେନା, ସୌମ୍ୟଦୀପ ଚକ୍ରବର୍ତ୍ତୀ, ମନ୍ମଥ କୁମାର ବାରିକ ପ୍ରମୁଖ ପାଣିଘେରରେ ଥିବା ଲୋକଙ୍କୁ ଭେଟିବା ସହ ଉଦ୍ଧାର ଓ ଥଇଥାନ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ପ୍ରଶାସନକୁ ପରାମର୍ଶ ଦେଇଛନ୍ତି। ସାହାଯ୍ୟ ଓ ସହାୟତା ପାଇଁ ପ୍ରଶାସନ ଲୋକଙ୍କ ପାଖରେ ସଠିକ୍ ସମୟରେ ପହଞ୍ଚି ନ ଥିବାରୁ ବିଧାୟିକା ତୀବ୍ର ଅସନ୍ତୋଷ ପ୍ରକାଶ କରିଥିଲେ।

### ନେଦାର ୨ ହଜାର...

ପାଇଁ ଓଡ୍ରାଫ ଟିମ୍, ଏନଡିଆରଏଫ ଟିମ୍ ଏବଂ ସାରସକଣା, ବାଙ୍ଗରିପୋଷି ଅଗ୍ନିଶମ ବାହିନୀ, ବ୍ଲକ ଏବଂ ଜିଲ୍ଲା ପ୍ରଶାସନ ସଜାର ରହିଛନ୍ତି।

ସୂଚନାନୁଯାୟୀ, ଝାଡ଼ଖଣ୍ଡର ଗାଲୁଡିହି ବ୍ୟାରେଜ୍ ଗେଟ୍ ଦେଇ ପ୍ରାୟ ୬ରୁ ୭ଲକ୍ଷ କ୍ୟୁସେକ ପାଣି ନିଷ୍କାସନ ହେଉଛି। ଏଭଳି ସ୍ଥିତିରେ ଜାମଶୋଳା ଘାଟରେ ସୁବର୍ଣ୍ଣରେଖା ଏବେ ବିପଦ ସଂକେତଠାରୁ ୪ ମିଟର ଉପରେ ରହିଛି। ବନ୍ୟାକୁ ଦୃଷ୍ଟିରେ ରଖି ଏନ୍‌ଡିଆର୍‌ଏଫ୍, ଓଡ୍ରାଫ୍ ଓ ଅଗ୍ନିଶମ ବାହିନୀ ଏବଂ ପୁଲିସକୁ ମୁତୟନ କରାଯାଇଛି। ଅନ୍ୟପକ୍ଷେ ଏହାର ମୁକାବିଲା ପାଇଁ ପ୍ରଶାସନିକସ୍ତରରେ ତତ୍ପରତା ପ୍ରକାଶ ପାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା କୌଣସି ନେତା କି ମନ୍ତ୍ରୀ ଘଟଣାସ୍ଥଳରେ ପହଞ୍ଚି ନାହାନ୍ତି ବୋଲି ସ୍ଥାନୀୟ ଲୋକେ କହିଛନ୍ତି।

### ୨୪ରୁ ପୁଣି...

ପ୍ରଭାବରେ ଏକ ଲଘୁଚାପ ସୃଷ୍ଟି ହେବା ସହ ଏହା ପ୍ରଥମେ ଓଡ଼ିଶା ଓ ପରେ ଝାଡ଼ଖଣ୍ଡରେ ଅଧିକ ବର୍ଷା କରାଇବ। ତେଣୁ ଉତ୍ତର ଓଡ଼ିଶାର ବିଭିନ୍ନ ନଦୀରେ ଜଳସ୍ତର ବୃଦ୍ଧି ପାଇବାର ସମ୍ଭାବନା ରହିଛି। ଶନିବାର ସୋନପୁରରେ ୨୭, କଟକରେ ୨୧ ଓ ପାରାଦୀପରେ ୧୬ ମିମି ବର୍ଷା ରେକର୍ଡ ହୋଇଛି। ରବିବାର ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ବଲାଙ୍ଗିର, ନୂଆପଡ଼ା, ସମ୍ବଲପୁର, ସୋନପୁର, କଳାହାଣ୍ଡି, କନ୍ଧମାଳ, ନବରଙ୍ଗପୁର, କୋରାପୁଟ, ମାଲକାନଗିରି, ରାୟଗଡ଼ା, ଗଜପତି ଓ ଗଞ୍ଜାମ ଜିଲ୍ଲାରେ ବର୍ଷା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ଆକଳନ କରାଯାଇଛି।


**OFFICE OF THE PANCHAYAT SAMITI: KOLNARA**
DIST- RAYAGADA, PIN CODE-765017, ODISHA i-170
E-mail ID: ori-kolnara@nic.in

**INVITATION FOR BIDS (I.F.B)**
**e-Procurement Notice**
**IDENTIFICATION No. PS- KOL No. 02 OF 2025-26**

1. The Block Development Officer, Kolnara, Rayagada invites Percentage Rate bid in Single Cover System in ONLINE MODE for the construction of Additional Class Room Building work (Civil) as detailed in the Detailed Tender Call Notice (D.T.C.N) from the eligible class of contractors.
2. No. of works: **03 (Three)**
3. Cost of Tender paper: **₹6000/- (Rupees Six Thousand)** only for each work
4. Class of Contractor: **"D & C" Class**
5. Date & Time of availability in website & receipt online: **From 11:00 Hrs of 26.06.2025 to 17:00 Hrs of 08.07.2025**
6. Date of opening of Technical Bid: **11:00 Hrs of 10.07.2025**
7. The Bidders have to participate in ONLINE bidding only. Further details can be seen from the State Govt. Portal website: **https://tendersodisha.gov.in**
8. Any Corrigendum/Addendum will be displayed in the website **https://tendersodisha.gov.in** only

Sd/- Block Development Officer
Kolnara

OIPR-19053/11/0002/2526

**AFFIDAVIT**

By virtue of an affidavit before The Executive Magistrate, Titilagarh, on dated- 20/06/2025. I, **Saraswati Sahu**, aged about 40 years, W/o- Subash Sahu, Permanent resident of At- Sukunabhata, P.O. Marlad, P.S. Titilagarh, Dist. Bolangir, (Odisha), Pincode No. 767066 now residing at the same place affirm that I have changed my minor daughter's name from **Babey Sahu** (old name) To **Beby Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Beby Sahu** (new name).

**Saraswati Sahu**

**AFFIDAVIT**

I, Gunanidhi Barik, father of Satyajiti Barik, residing at At: Balarampur Garh, PO: Balarampur Talagada, Sub-District: Dharmasala, District: Jajapur, Odisha – 755023, do hereby declare that I have changed the name of my minor son from Satyajiti Barik to Satyajit Barik. Henceforth, he shall be known as **Satyajit Barik** for all official and future purposes.

**AFFIDAVIT**

I Anju Rani Khatua, W/o- Kartik Khatua, resident of village/po , Gunaibasan Ps-Bhograi, Dist- Balasore, Odisha, declared by affidavit before Executive Magistrate, Bhograi No.2221/2025 that My son name as Manoj Khatua in his Birth Certificate, that wrongly mentioned as Monaj Khatua in Adhar. Manoj Khatua and Monaj Khatua is one & same person. Hence my son shall be known as **Manoj Khatua** for all future purpose.

**AFFIDAVIT**

By virtue of an affidavit before Executive Magistarte, Bargarh, I, Rajkishan Kuanr, S/o- Bisi Kuanr, R/o- Village- Debgarhtikra, Khandatha, Po.- Khandatha, Ps.- Sadar, Dist.- Bargarh, Odisha, declare that, my daughter will be known as & her name will be used as **Gunjan Kuanr, D/o- Rajkishan Kuanr (Father) & Rinki Kuanr (Mother)** for all purposes.

**AFFIDAVIT**

By virtue of an affidavit No. 738, dtd. 19.06.2025 before the Notary Public, Malkangiri, I, Debe Kabasi have changed my name and address from Debe Podiami, D/o- Podia Padiami, Vill- Karastaguda, Po- Thumusapalli, Ps/Dist.- Malkangiri to Debe Kabasi, W/o- Ganesh Kabasi, Vill- Nuaguda, Po/Ps.- Korukunda, Dist.- Malkangiri after my marriage. Henceforth I shall be known as Debe Kabasi, W/o- Ganesh Kabasi, resident of Vill- Nuaguda, Po/Ps- Korukunda, Dist.- Malkangiri, Odisha for all purposes.

**Sd/- Debe Kabasi**

**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact
**GADHWAL GROUP**
**Mob.: 9437015112**

**AFFIDAVIT**

I, Priyanka Mahapatra, aged about 37 years, W/o- Niranjan Acharya, resident of Plot No-491, Saheed Nagar, Back side of Arya Samaj, Bhubaneswar, Dist- Khurda, PIN- 751007, Odisha declared by this Affidavit No- 496, dtd- 12/06/2025 that now onwards I shall be known as **PRIYANKA MOHAPATRA** for all future purposes.

**AFFIDAVIT**

I, Niranjan Nayak, aged about 40 years, H/o- Priyanka Mohapatra, resident of Plot No.491, Saheed Nagar, Back side of Arya Samaj, Bhubaneswar, Dist- Khurda, PIN- 751007, Odisha declared by this Affidavit No-498, dtd- 12/06/2025 that now onwards I shall be known as **NIRANJAN ACHARYA** for all future purposes.

**AFFIDAVIT**

I, Jaspreet Singh Wadhwa, aged about 45 years, S/o- Mahender Singh, resident of At- Plot No. TT-14, Civil Township, Po- Rourkela, Ps- Raghunathpali, Dist- Sundargarh, Odisha, Pin- 769004 declare by this affidavit No. A/19, dtd. 01/05/2025 that now onwards I shall be known as **JASPREET SINGH** for all future purposes.

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

**CONTACT : 6371093914**

# ନିରୋଗ ଓ ସୁସ୍ଥ ରହିବାର ବାଟ ଦେଖାଏ ଯୋଗ







ଭଦ୍ରକ, ୨୧।୬(ସମିସ)

ଆନ୍ତର୍ଜାତୀୟ ଯୋଗ ଦିବସ ଆଜି ଭଦ୍ରକ ସାଂସଦ ଅଭିମନ୍ୟୁ ସେଠୀଙ୍କ ଉପସ୍ଥିତିରେ ସ୍ଥାନୀୟ ବାଗୁରାଇ ସ୍ଥିତ ଇଣ୍ଡୋର୍ ଷ୍ଟାଡିୟମ୍ ଠାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାପାଳ ଦିଲୀପ ରାଉତରାଏଙ୍କ ସହିତ ଅତିରିକ୍ତ ଜିଲ୍ଲାପାଳ ଶାନ୍ତନୁ ମହାନ୍ତି, ସରୋଜ ଦତ୍ତ, ଉପଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀ, ଅତିରିକ୍ତ ଉପଜିଲ୍ଲାପାଳ ଶ୍ୟାମଳ ରାୟ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଅଂଶୁମାନ ଦ୍ୱିବେଦୀ, ଡେପୁଟି କଲେକ୍ଟର ତଥା ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ କାର୍ତ୍ତିକ ନାଥ ମଣ୍ଡଳ, କମାଣ୍ଡର ଏନ୍‌ସିସି ସୁଧିପ ସାହୁ, କ୍ରୀଡା ବିଭାଗର ଓଏସ୍‌ଡି ରମେଶ ମହାନ୍ତିଙ୍କ ସମେତ ଅନ୍ୟାନ୍ୟ ପଦାଧିକାରୀ ତଥା ଯୋଗ ଶିକ୍ଷକ, ବରିଷ୍ଠ ନାଗରିକ ସଙ୍ଘର କର୍ମକର୍ତ୍ତା, ରୋଟାରୀ ମିଡ୍ ଟାଉନ୍ କର୍ମକର୍ତ୍ତା, ବିଭିନ୍ନ କଲେଜ ଓ ସ୍କୁଲର ପିଲା, ବୁଦ୍ଧିଜୀବୀମାନେ ବହୁ ସଂଖ୍ୟାରେ ଭାଗ ନେଇଥିଲେ। ଯୋଗକୁ ଦୈନନ୍ଦିନ ଜୀବନରେ ସାମିଲ୍ କରି ନିରୋଗ ଓ ସୁସ୍ଥ କରିବାକୁ ଅତିଥି ମାନେ ପରାମର୍ଶ ଦେଇଥିଲେ।

**ଭଣ୍ଡାରିପୋଖରୀ/ମଞ୍ଜୁରୀରୋଡ୍:** ଭଣ୍ଡାରିପୋଖରୀ ବ୍ଲକ ପ୍ରଶାସନ ସହିତ ଆଜି ବିଭିନ୍ନ ସ୍ଥାନରେ ଆନ୍ତର୍ଜାତିକ ଯୋଗ ଦିବସ ପାଳିତ ହୋଇଯାଇଛି। ବ୍ଲକ କାର୍ଯ୍ୟାଳୟ ଠାରେ ବିଡିଓ ଦେବଦତ୍ତ ଦାଶଙ୍କ ତତ୍ତ୍ୱାବଧାନରେ ଯୋଗ ଦିବସ ପାଳିତ ହୋଇଥିଲା। ଏଥିରେ ଯୋଗ ଗୁରୁ ରାଜେନ୍ଦ୍ର କୁମାର ପାଢ଼ୀ ଓ ବସନ୍ତ ରାୟ ମହାପାତ୍ର ଉପସ୍ଥିତ ରହି ଅନେକ ପ୍ରକାର ଶାରୀରିକ ଯୋଗ ଶିକ୍ଷା ଦେଇଥିଲେ। ବ୍ଲକ କର୍ମଚାରୀଙ୍କ ସମେତ ଏସ୍‌ଏଚଜି ସଦସ୍ୟା ମାନେ ଯୋଗ ଶିକ୍ଷା ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମକୁ ସହକାରୀ ଯନ୍ତ୍ରୀ ହୃଦାନନ୍ଦ ଜେନା, ସ୍ୱର୍ଣ୍ଣମୟୀ ପଣ୍ଡା, ଉଦୟନାଥ ବେଜ, ସୁଧାଂଶୁ ପାଢ଼ୀ, ନରେନ୍ଦ୍ର ରାଉତ, ପ୍ରକାଶ ନାୟକ ପ୍ରମୁଖ ପରିଚାଳନା କରିଥିଲେ। ସେହିଭଳି ମଞ୍ଜୁରୀରୋଡ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଠାରେ ଡାକ୍ତର ଦେବାଶିଷ ପତିଙ୍କ ସଂଯୋଜନାରେ ଯୋଗ ଦିବସ ପାଳିତ ହୋଇଛି। ସ୍ୱାସ୍ଥ୍ୟକେନ୍ଦ୍ରର ଭାରପ୍ରାପ୍ତ ଅଧିକାରୀ ଡାକ୍ତର ରଶ୍ମିରଞ୍ଜନ ସାହୁ, ଯୋଗ ପ୍ରଶିକ୍ଷିକା ପ୍ରୀତି ନିବେଦିତା ଜେନା ଯୋଗର ଉପକାରିତା ସହ ଯୋଗ ପ୍ରଶିକ୍ଷଣ ଦେଇଥିଲେ। ଏଥିରେ ଅଞ୍ଚଳର ବହୁ ବରିଷ୍ଠ ନାଗରିକଙ୍କ ସମେତ ଯୁବକ ଓ ମହିଳା ମାନେ ସାମିଲ ହୋଇଥିଲେ। ଫାର୍ମାସିଷ୍ଟ ପ୍ରଣତି ପହି, କର୍ମଚାରୀ ରୁନୁବାଳା ମହାପାତ୍ର, ପ୍ରଶାନ୍ତ ବାରିକ, ଶ୍ରୀଧର ଜେନା, ବିକାଶ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନୁରୂପ ଭାବେ ବାରିକପୁର ମେଡିକାଲ ସମେତ ମଞ୍ଜୁରୀ, ଆଖୁଆପଦା, ରହଣିଆ, ବିରୋଳି ପ୍ରମୁଖ ମେଡିକାଲ ଠାରେ ମଧ୍ୟ ଚିକିତ୍ସକ ଓ କର୍ମଚାରୀ ମାନେ ଯୋଗ ଦିବସ ପାଳନ କରିଛନ୍ତି। ଏହାଛଡା ବିଭିନ୍ନ ବିଦ୍ୟାଳୟରେ ମଧ୍ୟ ଆନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଯାଇଛି। ସେହିପରି ବିଜେପି ସୁବର୍ଣ୍ଣମୁଖୀ ମଣ୍ଡଳ ଶାଖା ପକ୍ଷରୁ ରାଜେନ୍ଦ୍ରପୁର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ଯୋଗ ଦିବସ ପାଳନ କରାଯାଇଥିଲା। ଯୋଗଗୁରୁ ଶ୍ରୀପତି ମୁନି, ପ୍ରକାଶ ମହାପାତ୍ର, ଶିଶୁ ମନ୍ଦିରର ପ୍ରଧାନ ଆଚାର୍ଯ୍ୟ ତପନ କୁମାର ସାହୁ, ବିଜେପି ଜିଲ୍ଲା ସମ୍ପାଦକ ତପସ୍ୱିନୀ ମହାପାତ୍ର, ମଣ୍ଡଳ ସଭାପତି ପ୍ରଣବ ରାଉତ, କୈଳାସ ସାହୁ, ତରଣୀସେନ ପଣ୍ଡା, ପ୍ରଦୀପ ପାଢ଼ୀ, ଗୋପିନାଥ କର ପ୍ରମୁଖଙ୍କ ତତ୍ତ୍ୱାବଧାନରେ ଯୋଗ ଦିବସ ପାଳନ କରାଯାଇଥିଲା। ଶିବମୁନି ଯୋଗାଶ୍ରମଠାରେ ସଭାପତି ଶ୍ରୀପତି ମୁନିଙ୍କ ସଂଯୋଜନାରେ ଯୋଗ ଦିବସ ପାଳନ କରାଯାଇଥିଲା।

**ବାରିକପୁର:** ଆନ୍ତର୍ଜାତୀୟ ଯୋଗ ଦିବସ ଉପଲକ୍ଷେ ଭଣ୍ଡାରିପୋଖରୀ ସ୍ଥିତ ବ୍ରହ୍ମ କୁମାରୀ ଈଶ୍ୱରୀୟ ବିଦ୍ୟାଳୟ ଶାଖା ଠାରେ ଏକ ଦିନିକିଆ ରାଜ ଯୋଗ ଶିକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। ଶାଖା ସଞ୍ଚାଳିକା ବିକେ ସରସ୍ୱତୀଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଥିବା କାର୍ଯ୍ୟକ୍ରମରେ ରାଜସ୍ଥାନ ଜାଲୋର ଆଶ୍ରମରୁ ଆସିଥିବା ବିକେ ରଞ୍ଜୁ ଜିଜି ରାଜ ଯୋଗ ଶିକ୍ଷାକୁ ନେଇ ବୈଦିକ ବାର୍ତ୍ତା ଦେଇଥିଲେ। ଏଥିରେ ବିକେ ବନିତା, ନନ୍ଦିନୀ, ବିକେ ସୌଭାଗ୍ୟ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ଶାଖା ପକ୍ଷରୁ ଅତିଥିମାନେ ସାମ୍ବାଦିକ ଦୁର୍ଯ୍ୟୋଧନ ଲେଙ୍କାଙ୍କୁ ନୀତିପତ୍ର ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଆୟୋଜିତ କାର୍ଯ୍ୟକ୍ରମକୁ ବିକେ ଅଶୋକ, ବିକେ କିଶୋର, ପ୍ରମୋଦ, ସୁଶାନ୍ତ, ପଙ୍କଜ, କରୁଣାକର ପ୍ରମୁଖ ପରିଚାଳନା କରିଥିଲେ।

**ବାସୁଦେବପୁର:** ବାସୁଦେବପୁର ପୌରପାଳିକା ଓ ପଞ୍ଚାୟତ ସମିତି ପକ୍ଷରୁ ଅନୁଷ୍ଠିତ ହୋଇଯାଇଛି ଆନ୍ତର୍ଜାତିକ ଯୋଗ ଦିବସଟ ବାସୁଦେବପୁର ଇଣ୍ଡୋର ଷ୍ଟାଡିୟମ ପରିସରରେ ଆୟୋଜିତ ଯୋଗ ଶିବିରରେ ଯୁବକ, ଯୁବତୀ, ଛାତ୍ରଛାତ୍ରୀ, କର୍ମଚାରୀ ଅଧିକାରୀମାନେ ଯୋଗ ଦେଇ ଯୋଗ ଓ ପ୍ରାଣାୟାମ ଅଭ୍ୟାସ କରିଥିଲେ। କଂଗ୍ରେସ ବିଧାୟକ ଦଳର ଉପନେତା ଅଶୋକ କୁମାର ଦାସ, ବ୍ଲକ ଅଧକ୍ଷ ନଗେନ୍ଦ୍ର ବିଶ୍ୱାଳ, ବିଜେପିର ବିଧାନସଭାର ନେତା ବାଣୀକଲ୍ୟାଣ ମହାନ୍ତି, ବିଡିଓ ତନ୍ମିତା କର, ତହସିଲଦାର ପ୍ରିୟବ୍ରତ ଦାସ, ପୌରପାଳିକାର କାର୍ଯ୍ୟନିର୍ବାହୀ ଅଧିକାରୀ ସୁଧାଂଶୁ ମୋହନ ସ୍ୱାଇଁ, ସରକାରୀ କର୍ମଚାରୀ ଓ ସାଧାରଣ ଜନତା ଯୋଗ ଦେଇ ଯୋଗ ଓ ପ୍ରାଣାୟାମ ଅଭ୍ୟାସ କରିଥିଲେଫ ଯୋଗ ପ୍ରଶିକ୍ଷକ ଶଶାଙ୍କ ଶେଖର ସାମଲ ବିଭିନ୍ନ ଯୋଗ ପ୍ରଦର୍ଶନ କରିଥିଲେ। ସେହିପରି ବଇଁଚା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଆର୍ନ୍ତଜାତିକ ଯୋଗ ଦିବସ ପାଳିତ ହୋଇଯାଇଛି। ଏହି ଯୋଗ ଶିବିରକୁ ଭାରପ୍ରାପ୍ତ ମେଡିକାଲ ଅଫିସର ଡା. ମନୋଜ କୁମାର ମିଶ୍ର ଶୁଭାରମ୍ଭ କରିଥିଲେ। ଯୋଗ ପ୍ରଶିକ୍ଷକ ମମତା ମହାନ୍ତି ଉପସ୍ଥିତ ଜନସାଧାରଣଙ୍କୁ ଯୋଗ ପ୍ରାଣାୟାମ ଅଭ୍ୟାସ କରିଥିଲେ। ଏହି ଶିବିରରେ କମ୍ୟୁନିଟି ହେଲଥ୍ ଅଫିସର ଗୀତାଞ୍ଜଳି, ମହିଳା ସ୍ୱାସ୍ଥ୍ୟକର୍ମୀ ସରୋଜିନୀ ପଣ୍ଡା ଯୋଗ ଦେଇ ସହଯୋଗ କରିଥିଲେ।

**ଧାମନଗର:** ଧାମନଗର ଏନ୍‌ଏସି ତରଫରୁ ସ୍ଥାନୀୟ କଲ୍ୟାଣ ମଣ୍ଡପ ପରିସରରେ ଯୋଗ ଦିବସ ପାଳନ କରାଯାଇଛି। ଏଥିରେ ଯୋଗଗୁରୁ ସୁଶ୍ରୀ ସଙ୍ଗୀତା ପୃଷ୍ଟି ଓ ରିତାରାଣୀ ବେହେରା ଉପସ୍ଥିତ ସମସ୍ତଙ୍କୁ ଯୋଗ ପ୍ରଶିକ୍ଷଣ ଦେଇଥିଲେ। ନିର୍ବାହୀ ଅଧିକାରୀ ସନ୍ତୋଷ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ଏଥିରେ ଅତିଥି ଭାବେ ଅଧକ୍ଷା ନିବେଦିତା ଜେନା, ଉପାଧକ୍ଷ ଓସିମ ଏଜଦାନି କାଦରି, ସାଂସଦ ପ୍ରତିନିଧି ସରୋଜ ମହାପାତ୍ର, କୈଳାସ ଚନ୍ଦ୍ର ମହାପାତ୍ର, କାଉନସିଲର ସ୍ୱାଧୀନ ସମ୍ବିତ ଦାସ, ଉତ୍ତମ ମହାନ୍ତି, ବିଜେପି ନେତା ବିଜୟ କୁମାର ରାମ, ପ୍ରଶାନ୍ତ ପରିଡ଼ାଙ୍କ ସମେତ ବହୁ କର୍ମକର୍ତ୍ତା ଯୋଗ ଦେଇଥିଲେ। ଧାମନଗର ପଞ୍ଚାୟତ ସମିତି ପକ୍ଷରୁ ବ୍ଲକ ଅନ୍ତର୍ଗତ ପଧାନୀ ପଞ୍ଚାୟତଠାରେ ବିଡିଓ ବନବିହାରୀ ଦିନ୍ଦାଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବେ ମନ୍ତ୍ରୀଙ୍କ ବ୍ଲକ ପ୍ରତିନିଧି ଅଶୋକ କୁମାର ପୁହାଣ, ସାଂସଦ ବ୍ଲକ ପ୍ରତିନିଧି ମନୋରଞ୍ଜନ ମଲ୍ଲିକ, ସ୍ଥାନୀୟ ଅଞ୍ଚଳର ବିଭିନ୍ନ ପଞ୍ଚାୟତରୁ ଛାତ୍ରଛାତ୍ରୀ ଓ ଯୁବକ, ସମାଜସେବୀ, ବୁଦ୍ଧିଜୀବୀ ପ୍ରମୁଖ ଯୋଗ ଦେଇଥିଲେ। ବ୍ଲକ ଜିପିଓ ନୃସିଂହ ଚରଣ ଦତ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ସେହିପରି ଖଡିମାହାରା ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଡାକ୍ତର ସୂର୍ଯ୍ୟନାରାୟଣ ପାଣିଗ୍ରାହୀଙ୍କ ତତ୍ତ୍ୱାବଧାନରେ ଯୋଗ ଶିବିର ଅନୁଷ୍ଠିତ ହୋଇଥିଲା। ଯୋଗ ପ୍ରଶିକ୍ଷକ ଭରତ ଚନ୍ଦ୍ର ବାରିକ ଉପସ୍ଥିତ ଡାକ୍ତର, ଫାର୍ମାସିଷ୍ଟ, ସ୍ୱାସ୍ଥ୍ୟକର୍ମୀ ଓ ଜନସାଧାରଣଙ୍କୁ ଯୋଗ ପ୍ରଶିକ୍ଷଣ ଦେଇ ଯୋଗାଭ୍ୟାସ କରିବା ପାଇଁ ପରାମର୍ଶ ଦେଇଥିଲେ। ଧାମନଗର ମହାବିଦ୍ୟାଳୟ ପରିସରରେ ଏକ ବିଶାଳ ସମୂହ ଯୋଗାଭ୍ୟାସ ଓ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଧାମନଗର ଆଦର୍ଶ ବିଦ୍ୟାଳୟ, ବ୍ଲକ ଓ ଏନଏସି ଅଞ୍ଚଳ ସମେତ ବିଭିନ୍ନ ଶିକ୍ଷା ଅନୁଷ୍ଠାନରେ ଯୋଗ ଦିବସ ପାଳିତ ହୋଇଯାଇଛି।

**ବନ୍ତ/ଆଗରପଡ଼ା:** ବନ୍ତ ବ୍ଲକ ପରିସରରେ ଆନ୍ତର୍ଜାତୀୟ ଯୋଗ ଦିବସ ପାଳିତ ହୋଇଯାଇଛି। ବିଡିଓ ସୀତାକାନ୍ତ ରାଉତ ଏହାକୁ ଉଦ୍‌ଘାଟନ ଏହି ଦିବସର ତାତ୍ପର୍ଯ୍ୟ ସମ୍ପର୍କରେ କହିଥିଲେ। ପ୍ରଶିକ୍ଷିକା ଲିପାରାଣୀ ପଣ୍ଡା ମହିଳା ସ୍ୱୟଂ ସହାୟିକା ସଦସ୍ୟା ମାନଙ୍କୁ ଯୋଗଶିକ୍ଷା ଦେଇଥିଲେ। ଏଥିରେ ବ୍ଲକ ଅଧକ୍ଷ ମନୋରଞ୍ଜନ ଘଡ଼େଇଙ୍କ ସମେତ ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ। ଅନୁରୂପ ଭାବେ ବନ୍ତ ଆଞ୍ଚଳିକ ମହାବିଦ୍ୟାଳୟରେ ଅଧକ୍ଷା ମନୋରମା ମିଶ୍ରଙ୍କ ଅଧକ୍ଷତାରେ ଅନୁଷ୍ଠିତ ଶିବିରକୁ ଅଧ୍ୟାପକ ରତିକାନ୍ତ ଜେନା ଉଦ୍‌ଘାଟନ କରିଥିଲେ। ଯୋଗଗୁରୁ ଗଣେଶ ତିଆଡ଼ି ଯୋଗ ଶିକ୍ଷା ଦେଇଥିଲେ। ଏନ୍‌ଏସ୍‌ଏସ୍ ସଂଯୋଜକ ରାଜେଶ ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ।

## ଭଦ୍ରକ ଜିଲ୍ଲା ନ୍ୟାୟାଳୟ ପରିସର

**ଭଦ୍ରକ:** ଭଦ୍ରକ ଜିଲ୍ଲା ନ୍ୟାୟାଳୟ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଜିଲ୍ଲା ଦୌରାଜଜ୍, ଭଦ୍ରକ ତଥା ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ଅଧକ୍ଷ ସଂଗ୍ରାମ କେଶରୀ ପଟ୍ଟନାୟକ ଅଧକ୍ଷତା କରିଥିଲେ। ଜିଲ୍ଲା ନ୍ୟାୟାଳୟର ସମସ୍ତ ବିଚାରପତି ସଂଗ୍ରାମ କେଶରୀ ପଟ୍ଟନାୟକ, ଜିଲ୍ଲା ଓ ଦୌରାଜଜ ଅରବିନ୍ଦ ରଥ, ବିଚାରପତି ପରିବାର ଅଦାଲତ ପ୍ରଭାତ କୁମାର ରାଜଗୁରୁ, ଅତିରିକ୍ତ ଜିଲ୍ଲା ଓ ଦୌରାଜଜ ଏବଂ ସ୍ୱତନ୍ତ୍ର ଜଜ୍ ବିକାଶ ଚନ୍ଦ୍ର ଦେ, ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍-ତଥା-ସ୍ୱତନ୍ତ୍ର ବିଚାରପତି (ପୋକ୍‌ସୋ), ନିବେଦିତା ପଣ୍ଡା, ମୁଖ୍ୟ ବିଚାର ବିଭାଗୀୟ ଦଣ୍ଡାଧିକାରୀ ଓ ସହକାରୀ ଦୌରାଜଜ୍ ଚିନ୍ମୟୀ ପଣ୍ଡା, ବରିଷ୍ଠ ଦେୱାନୀ ବିଚାରପତି ପୁଣ୍ୟଶ୍ଳୋକ ରଥ ସଚିବ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ, ଶିବାନୀ, ଅତିରିକ୍ତ ବିରଷ୍ଠ ଦେୱାନୀ ବିଚାରପତି



ଅରୋଲିପି ପରିଜା, ବରିଷ୍ଠ ଦେୱାନୀ ବିଚାରପତି, (ଏଲ୍‌ଆରଏଣ୍ଡ, ଏଲଟିଭି) ସ୍ୱଜାଲି ମହାନ୍ତି, ଉପଖଣ୍ଡ ବିଚାର ବିଭାଗୀୟ ଅଧିକାରୀ ଉମାକାନ୍ତ ବେହେରା, କନିଷ୍ଠ ଦେୱାନୀ ବିଚାରପତି, ସୁବାସିନୀ ବେହେରା, ଜୁଡ଼ିସିଆଲ ମାଜିଷ୍ଟ୍ରେଟ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ନ୍ୟାୟାଳୟ (୧), ମନୋଜ କୁମାର ଦାସମହାପାତ୍ର, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ଦଣ୍ଡାଧିକାରୀ ନ୍ୟାୟଳୟର ଏସ୍‌ଏସ୍ ପାଢ଼ି ଓ ଅମ୍ଳାନ ରଥ, ଜୁଡ଼ିସିଆଲ ମାଜିଷ୍ଟ୍ରେଟ୍ ଦ୍ୱିତୀୟ ଶ୍ରେଣୀ ତଥା କୋର୍ଟର କର୍ମଚାରୀ ଗଣ ଏବଂ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର କର୍ମଚାରୀମାନେ ମଧ୍ୟ ଏହି ଯୋଗ ଦିବସ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ପୁଣ୍ୟଶ୍ଳୋକ ରଥ ସଚିବ ଜିଲ୍ଲା ଆଇନ ସେବା ପ୍ରାଧିକରଣ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ସେହିପରି ଭାବରେ ଯୋଗ ଦିବସ ସଚେତନତା କାର୍ଯ୍ୟକ୍ରମ ଶିଶୁଯତ୍ନ ଗୃହ, ଓଡ଼ିଶା ବଳାଳାଶ୍ରମ, ଗରଦପୁର, ଭଦ୍ରକ, ସ୍ୱୟଂ ସହାୟକ ଗୋଷ୍ଠୀ, କାଦବରାଙ୍ଗ, ବନ୍ତ ବ୍ଲକ, ପ୍ୟାନେଲ ଓକିଲ, ପାରାଲିଗାଲ ସ୍ୱେଚ୍ଛାସେବୀମାନେ ମଧ୍ୟ ବିଭିନ୍ନ ସ୍ଥାନରେ ଯୋଗ ଦିବସ ପାଳନ ଅବସରରେ ଅଂଶ ଗ୍ରହଣ କରି ଯୋଗାଭ୍ୟାସ ଦ୍ୱାରା ହେଉଥିବା ସଫଳ ସମ୍ବନ୍ଧରେ ଏକ ବାର୍ତ୍ତା ଯାହାକି ଏକ ପୃଥିବୀ, ଏକ ସ୍ୱାସ୍ଥ୍ୟ ପାଇଁ ଯୋଗ ଉପରେ ସଚେତନତା କରାଇଥିଲେ।



## ଧାମରା ପୋର୍ଟ ପକ୍ଷରୁ ଯୋଗ ଦିବସ

**ଧାମରା:** ଶାନ୍ତି ଓ ସାମଗ୍ରିକ କଲ୍ୟାଣର ଅନନ୍ତ ଉପହାର ହେଉଛି ଯୋଗ। ଯାହାକୁ ଭାରତ ସମଗ୍ର ବିଶ୍ୱକୁ ପ୍ରଦାନ କରିଛି। ଆଦାନୀ ଧାମରା ପୋର୍ଟ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଧାମରା ପୋର୍ଟ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦେବେନ୍ଦ୍ର ଠକର, ଉଚ୍ଚ ପଦସ୍ଥ ଅଧିକାରୀ, ପୋର୍ଟ କର୍ମଚାରୀ, ଟାଉନସିପ୍ ପରିବାର ସଦସ୍ୟମାନେ ଏହି ଯୋଗ ଶିବିରରେ ଭାଗ ନେଇଥିଲେ। ଯୋଗ ପ୍ରଶିକ୍ଷକ ଯୋଗର ବିଭିନ୍ନ ମୁଦ୍ରା ବିଷୟରେ ଅବଗତ କରାଇବା ସହ ଏହାର ଉପକାରିତା ବିଷୟରେ ବୁଝାଇଥିଲେ।

## କୋଇଲା ମାଫିଆ ଗିରଫ



ଭଦ୍ରକ, ୨୧।୬(ସମିସ): ଗିରଫ ହେଲା କୁଖ୍ୟାତ କୋଇଲା ମାଫିଆ ଭଗବାନ ଦାସ ଓରଫ ବାୟା। ଗତ ୭ ତାରିଖ ଦିନ ଜଣେ ଯୁବକଙ୍କୁ ବନ୍ଧୁକ ମୁନରେ ଜଙ୍ଗଲକୁ ଉଠେଇ ନେଇ ମାଡ଼ ମାରିବା ଘଟଣାରେ ଭଦ୍ରକ ଏସ୍‌ପି ମନୋଜ ରାଉତଙ୍କ ନିର୍ଦ୍ଦେଶରେ ସାବରଙ୍ଗ ପୁଲିସ ଗତକାଲି ରାତିରୁ ଯାଜପୁରରୁ ଗିରଫ କରି ଭଦ୍ରକ କୋର୍ଟଚାଲାଣ କରିଛି।

## ଆଗରପଡ଼ାକୁ ବରପୁତ୍ର ଐତିହ୍ୟ ଗ୍ରାମ ମାନ୍ୟତା

ବନ୍ତ/ଆଗରପଡ଼ା, ୨୧।୬(ସମିସ): ପ୍ରଖ୍ୟାତ ସ୍ୱାଧୀନତା ସଂଗ୍ରାମୀ ତଥା ପ୍ରାକ୍ତନ ମୁଖ୍ୟମନ୍ତ୍ରୀ ଉତ୍କଳକେଶରୀ ଡ.ହରେକୃଷ୍ଣ ମହତାବଙ୍କ ଜନ୍ମସ୍ଥାନ ଆଗରପଡ଼ାକୁ ବରପୁତ୍ର ଐତିହ୍ୟ ଗ୍ରାମ ଭାବେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଭିସି ମାଧ୍ୟମରେ ଘୋଷଣା କରିଛନ୍ତି। ଏହି ଉପଲକ୍ଷେ ସ୍ଥାନୀୟ ଡାଏଟ ନିକଟରେ ଏକ ଉତ୍ସବର ଆୟୋଜନ ହୋଇଥିଲା। ଜିଲ୍ଲାପାଳ, ଅତିରିକ୍ତ ଜିଲ୍ଲାପାଳ, ବିଡିଓ, ତହସିଲଦାର ପ୍ରମୁଖ ପ୍ରଶାସନିକ ଅଧିକାରୀମାନଙ୍କ ସହ ବ୍ଲକ ଅଧକ୍ଷ ମନୋରଞ୍ଜନ ଘଡ଼େଇ, ଆଡ୍‌ଭୋକେଟ ମନୋଜ ରାୟ, ବିଜେପି ନେତା ସୁଧାଂଶୁ ଶେଖର ନାୟକ, ତପନ ସିଂହ, ଅନିରୁଦ୍ଧ ସିଂହ, ମଣ୍ଡଳ ସଭାପତି ଅମୂଲ୍ୟରତ୍ନ ନନ୍ଦ, ସରପଞ୍ଚ ପ୍ରକାଶ ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ। ପୂର୍ବରୁ ମଧ୍ୟ ଆଗରପଡ଼ାରେ ପ୍ରାୟ ୪୦କୋଟି ଟଙ୍କା ବ୍ୟୟରେ ମହତାବ ସ୍ମାରକୀ ନିର୍ମାଣ ପାଇଁ ମୁଖ୍ୟମନ୍ତ୍ରୀ ଆଭାସି ମାଧ୍ୟମରେ ଶିଳାନ୍ୟାସ କରିଛନ୍ତି।

## ୩ ବାଲି ବୋଝେଇ ହାଇୱା ଜବତ

ବନ୍ତ/ଆଗରପଡ଼ା, ୨୧।୬(ସମିସ): ବାଲି ବୋଝେଇ ୨ଟି ହାଇୱା ଓ ଗୋଟିଏ ଡ୍ରମ୍ପରକୁ ପୁଲିସ୍ ଜବତ୍ କରିଥିବା ଜଣାପଡ଼ିଛି। ବର୍ଷାକୁ ଦୃଷ୍ଟିରେ ରଖି ଜିଲ୍ଲାର ସମସ୍ତ ବାଲିଘାଟ ଗୁଡ଼ିକୁ ଅକ୍ଟୋବର ମାସ ୧୫ତାରିଖ ପର୍ଯ୍ୟନ୍ତ ବନ୍ଦ ନେଇ ନିର୍ଦ୍ଦେଶନାମା ଜାରି ହୋଇଥିଲେ ସୁଦ୍ଧା ବାଲି ପରିବହନ ବନ୍ଦ ହେଉନାହିଁ। ହାଟଡିହି ତହସିଲ ଅଞ୍ଚଳରୁ ବେଆଇନ ଭାବେ ବାଲି ବୋଝେଇ କରି ଏହି ଗାଡ଼ି ଗୁଡ଼ିକ ଭଦ୍ରକ ଆଡ଼କୁ ପରିବହନ କରୁଥିଲେ। ଖବର ପାଇ ବନ୍ତ ପୁଲିସ୍ ଏବଂ ତହସିଲଦାର ବରହ୍ମପୁର ଛକ ନିକଟରେ ଗାଡ଼ି ଗୁଡ଼ିକୁ ଅଟକାଇ କାଗଜପତ୍ର ତନଖି କରିଥିଲେ। ମାତ୍ର ଚାଳକମାନେ କୌଣସି ସଠିକ୍ କାଗଜପତ୍ର ଦେଖାଇ ନ ପାରିବାରୁ ୨ଗୋଟି ହାଇୱା ଏବଂ ଗୋଟିଏ ଡ୍ରମ୍ପରକୁ ପୋଲିସ୍ ଜବତ୍ କରି ଥାନାକୁ ଆଣିଥିବାର ଜଣାପଡ଼ିଛି। ଏଥିନେଇ ପୁଲିସ୍ ଥାନାରେ ୧୩୨/୨୫ ମୁଳେ ମାମଲା ରୁଜୁ କରିଥିବା ସୂଚନା ମିଳିଛି।

## ନବୀନଙ୍କ ଆଶୁ ଆରୋଗ୍ୟ କାମନା କରି ଦୀପଦାନ



ଭଦ୍ରକ, ୨୧।୬(ସମିସ): ଭଦ୍ରକ ଜିଲ୍ଲା ଚାନ୍ଦବାଲି ମା' ଦକ୍ଷିଣେଶ୍ୱରୀ କାଳୀ ମନ୍ଦିରରେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଦୀପଦାନ କଲେ ଶତାଧିକ ବିଜେଡି କର୍ମୀ ଓ ନେତା। ଶନିବାର ସନ୍ଧ୍ୟାରେ ଚାନ୍ଦବାଲି ବିଜୁଜନତା ଦଳର ନେତା କର୍ମୀ ଓ ବରିଷ୍ଠ ନେତୃତ୍ୱ ମାନେ ମା' ଦକ୍ଷିଣେଶ୍ୱରୀ କାଳୀଙ୍କ ନିକଟରେ ଦ୍ୱୀପ ଦାନ କରି ଆଶୁ ଆରୋଗ୍ୟ କାମନା କରିଛନ୍ତି। ବ୍ଲକ ସଭାପତି ପ୍ରତାପ ଚନ୍ଦ୍ର ଧଳ, ଏନ୍‌ଏସି ସଭାପତି ଦ୍ୱୀଜବର ରାଉତ, ଜିଲ୍ଲା ପରିଷଦ ସଭ୍ୟ ପ୍ରିନ୍ସ ରାକେଶ ନାୟକ, ଏନଏସି ଅଧକ୍ଷା ଶାନ୍ତିଲତା ସେଠୀ, ବ୍ଲକ ଅଧକ୍ଷା ମିନତି ସୂତାର, ଅକ୍ଷୟ ନାୟକ, ବିଶ୍ୱକେଶରୀ ମହାନ୍ତି, ନରେଶ ମାଝୀ, ଶରତ ସାହୁ, ସେକ ଫିରୋଜ, ଦିଲିପ ରାଉତ, ଭାସ୍କର ଦାସ, ଜିତେନ୍ଦ୍ର ପାଣି, ବ୍ରଜକିଶୋର ମହାନ୍ତି, ପ୍ରଫୁଲ୍ଲ ସାହୁ, ଚନ୍ଦ୍ରକାନ୍ତି ଦାସ, ଅମରେନ୍ଦ୍ର ସାହୁ, ପୂର୍ବତନ ସରପଞ୍ଚ ବ୍ରଜକିଶୋର ମଲିକ, ପ୍ରଦୀପ ପଲାଇ, ଯୁବନେତା ପ୍ରଭାସ ନାୟକ ପ୍ରମୁଖ ଉପସ୍ଥିତ ରହି ଦୀପ ଦାନକରି ଆଶୁ ଆରୋଗ୍ୟ କାମନା କରିଛନ୍ତି।

## ଆଷାଢ଼ରେ ଫୁଲିଲା ବୈତରଣୀ

ବାରିକପୁର, ୨୧।୬(ସମିସ): ଲଘୁଚାପ ଜନିତ ବର୍ଷା ଯୋଗୁଁ ଆଷାଢ଼ ପ୍ରଥମାର୍ଦ୍ଧରେ ଭଣ୍ଡାରିପୋଖରୀ ଦେଇ ଯାଇଥିବା ବୈତରଣୀ ନଈ ଫୁଲି ଉଠିଛି। ଯଦିଓ ଭଦ୍ରକ ଜିଲ୍ଲାରେ ସେଭଳି ବର୍ଷା ହୋଇନାହିଁ କିନ୍ତୁ ନଦୀର ଉପର ମୁଣ୍ଡ କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାରେ ଗଭୀର ଅବପାତ ହୋଇଥିବାରୁ ଜଳସ୍ତର ବୃଦ୍ଧି ପାଇଥିଲା। ଗତ ବୁଧବାର ଓ ଗୁରୁବାର ଦିନ ମୂଷଳ ଧାରାରେ ବର୍ଷା ହେବା କାରଣରୁ ଆନନ୍ଦପୁର ବ୍ୟାରେଜ ଠାରେ କ୍ରମଶଃ ଜଳସ୍ତର ବୃଦ୍ଧି ପାଇଥିଲା। ବନ୍ୟା ଆଶଙ୍କା କରି ଗେଟ ଖୋଲା ଯିବା ପରେ ବୈତରଣୀ ନିମ୍ନ ଅବବାହିକାରେ ପାଣି ଆସିଥିଲା। ତେଣୁ ନଦୀର ଆଖୁଆପଦା ଆନିକଟ ଠାରେ ଜଳସ୍ତର ବଢ଼ିବାକୁ ଲାଗିଥିଲା। ଶୁକ୍ରବାର ସକାଳ ୬ଟା ବେଳେ ୧୬.୨୪ ମିଟରରେ ନଦୀ ଜଳ ପ୍ରବାହିତ ହେଉଥିବା ବେଳେ ସନ୍ଧ୍ୟା ୬ଟା ସୁଦ୍ଧା ୧୭.୪୭ରେ ଜଳସ୍ତର ସ୍ଥିର ରହିଥିଲା। ରାତି ୯ଟା ବେଳ ଠାରୁ ଶନିବାର ସନ୍ଧ୍ୟା ୬ଟା ବେଳ ଯାଏଁ ନଦୀ ଜଳ ହ୍ରାସ ପାଇ ୧୭. ୧୯ ମିଟରରେ ରହିଥିଲା। ଉପର ମୁଣ୍ଡରେ ଆଉ ସେଭଳି ବର୍ଷା ନଥିବାରୁ ନଦୀରେ ବନ୍ୟା ଆସିବା ଆଶା କ୍ଷଣ ବୋଲି ଜଳସମ୍ପଦ ବିଭାଗ ପକ୍ଷରୁ ଜଣାଯାଇଛି। ଏଠାରେ ସୂଚିତ ଆଖୁଆପଦା ଠାରେ ବିପଦ ସତର୍କ ସୂଚନା ୧୭. ୮୩ମିଟର ରହିଥିବା ବେଳେ ବନ୍ୟା ପାଇଁ ବିପଦ ସଙ୍କେତ ୧୮. ୩୩ମିଟର ରହିଛି।

## ଗାଁ ପୋଖରୀରେ ବିଷ ପକାଇଲେ ଲିଜଧାରୀ

ଭଦ୍ରକ, ୨୧।୬(ସମିସ): ଭଦ୍ରକ ବ୍ଲକ ଜଗଦଳପୁର ପଞ୍ଚାୟତ ଗୋପାଳି ଗାଁରେ ଥିବା ଦୁଇଟି ପଞ୍ଚାୟତ ପୋଖରୀରେ ହଜାର ହଜାର ସଂଖ୍ୟାରେ ମାଛ ମରି ଭାସୁଛନ୍ତି। ଶୁକ୍ରବାର ରାତିରେ ପୋଖରୀ ଲିଜଧାରୀ ପୋଖରୀରେ ବିଷ ପକାଇଥିବା ଅଭିଯୋଗ ହୋଇଛି। ମାଛ ମରି ପଚିଯିବା ଫଳରେ ଗାଁ ଗଣ୍ଡା ଦୁର୍ଗନ୍ଧରେ ଫାଟି ପଡୁଛି। ଗାଁର ପ୍ରାୟ ଶହେରୁ ଊର୍ଦ୍ଧ୍ୱ ପରିବାର ଏହି ଦୁଇଟି ପୋଖରୀ ଉପରେ ନିତ୍ୟ ବ୍ୟବହାର୍ଯ୍ୟ ପାଇଁ ବ୍ୟବହାର କରନ୍ତି। ଗାଁର ଗୋରୁ, ଗାଈ, ଛେଳିଙ୍କ ପାଇଁ ଏହି ପୋଖରୀ ପାଣି ମୁଖ୍ୟ ପାନୀୟ ଉତ୍ସ। ଏତେ ସବୁ ପରେ ଜାଣିଶୁଣି ପୋଖରୀକୁ ବିଷାକ୍ତ କରିବାକୁ ଲିଜଧାରୀ କିପରି ବିଷ ପକାଇଲେ ବୋଲି ପ୍ରଶ୍ନ ଉଠିଛି। ପଞ୍ଚାୟତର ଚୁକ୍ତି ଅନୁଯାୟୀ କେହି ବ୍ୟକ୍ତି ପୋଖରୀରେ ବିଷ ପକାଇ ପାରିବେ ନାହିଁ। କିନ୍ତୁ ଚୁକ୍ତିକୁ ବେଖାତିର କରି ଲିଜାଧାରୀ ପୋଖରୀରେ ବିଷ ପକାଇଥିବା




ଗ୍ରାମବାସୀ ଭଦ୍ରକ ଗ୍ରାମାଞ୍ଚଳ ଥାନା ଓ ବ୍ଲକ ଉନ୍ନୟନ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଛନ୍ତି। ମାତ୍ର ଏନେଇ ପୁଲିସ ପ୍ରଶାସନ କୌଣସି ପଦକ୍ଷେପ ନେଉନଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି।

ଆଜିର ଦିନରେ ଯେଉଁଭଳି ଝାଡାବାନ୍ତି ବ୍ୟାପିବରେ ଲାଗିଛି ଏପରି ସ୍ଥିତିରେ ପୋଖରୀ ପାଣିକୁ ଦୂଷିତ କରିବାକୁ ଅପଚେଷ୍ଟା କରିଥିବା ଦୋଷୀ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ସହିତ ତୁରନ୍ତ ପୋଖରୀ ପାଣିକୁ ବିଶୁଦ୍ଧ କରିବାକୁ ଦାବି ହୋଇଛି। ଅନ୍ୟପଟେ ବିଡିଓଙ୍କ ନିର୍ଦ୍ଦେଶ କ୍ରମେ ଗ୍ରାମରେ ଲୋକଙ୍କୁ ପୋଖରୀ ଜଳ ବ୍ୟବହାର ନକରିବାକୁ ବ୍ୟାନର ଓ ନାଲି ପତାକା ଲଗାଯାଇଥିବା କହିଛନ୍ତି ଜଗଦଳପୁର ସରପଞ୍ଚ ଟି ତିଲୋତ୍ତମା ମହାପାତ୍ର। ଏଥି ସହିତ ଦୁଇଟି ପୋଖରୀକୁ କିପରି ତୁରନ୍ତ ବିଶୁଦ୍ଧ କରାଯିବ ସେଥିନେଇ ମଧ୍ୟ ପ୍ରକ୍ରିୟା ଆରମ୍ଭ ହୋଇଥିବା ସରପଞ୍ଚ କହିଛନ୍ତି। ତେବେ ଏହି ଘଟଣାରେ ତୁରନ୍ତ ଅଭିଯୁକ୍ତଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସହ ପୋଖରୀକୁ ତୁରନ୍ତ ବିଶୋଧିତ କରିବାକୁ ଗ୍ରାମବାସୀ ରବୀନ୍ଦ୍ର ନାୟକ, ବାସନ୍ତୀ ନାୟକ, ଶାନ୍ତିଲତା ନାୟକ ଓ ନାରାୟଣ ନାୟକ ପ୍ରମୁଖ ଦାବି କରିଛନ୍ତି।

**ବିଜେପି କର୍ମୀଙ୍କ ଆତଙ୍କରାଜ**

## ସରପଞ୍ଚଙ୍କ ଘର ଉପରେ ରାତି ଅଧରେ ଆକ୍ରମଣ

ଭଦ୍ରକ, ୨୧।୬(ସମିସ): ଦିନକୁ ଦିନ ଅଶାନ୍ତ ହେଉଛି ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକର ଖେରଙ୍ଗ ଗ୍ରାମପଞ୍ଚାୟତ। ପ୍ରତିହିଂସା ପରାୟଣ ହୋଇଉଠୁଛନ୍ତି ଶାସକ ଦଳର ନେତା ଓ କର୍ମୀ। ଗତକାଲି ରାତ୍ରିରେ ଶାସକ ଦଳର ୨୦ରୁ ଊର୍ଦ୍ଧ୍ୱ କର୍ମୀ ବାଡ଼ି, ଠେଙ୍ଗା ଓ ମାରଣାସ୍ତ୍ର ଧରି ପଞ୍ଚାୟତ ଅଫିସରେ ଲାଗିଥିବା ସିସିଟିଭି କ୍ୟାମେରାକୁ ଭାଙ୍ଗିଥିଲେ। ତା' ସହିତ ପଞ୍ଚାୟତ ଅଫିସ ନିକଟରେ ଥିବା ସରପଞ୍ଚ ଜିତେନ୍ଦ୍ର ବିଶ୍ୱାଳଙ୍କ ଘରେ ପଶି ଗାଳିଗୁଲଜ କରିବା ସହ ତାଙ୍କର ବୃଦ୍ଧ ପିତାମାତାଙ୍କୁ ଠେଲା ପେଲା କରିଥିଲେ।



ସରପଞ୍ଚ ଜିତେନ୍ଦ୍ର ବିଶ୍ୱାଳ ଘରେ ଉପସ୍ଥିତ ନ ଥିବା ବେଳେ ତାଙ୍କ ବୃଦ୍ଧ ପିତାମାତା, ସ୍ତ୍ରୀ ଓ ପିଲାମାନଙ୍କୁ ଭୟଭୀତ କରିବା ତାଙ୍କୁ ମାରି ଦେବାର ଧମକ ମଧ୍ୟ ଦେଇଥିଲେ। ସେହିପରି ଖେରଙ୍ଗ ଗ୍ରାମର ବିଜେଡି କର୍ମୀ ବସନ୍ତ ନାୟକଙ୍କ ଘରର ଗେଟ, ମୋଟର ସାଇକଲ ଓ ଇଲେକ୍ଟ୍ରିକ ମିଟର ଭାଙ୍ଗିବା ସହ ଘର ଆଗରେ ମଦ ବୋତଲ ଭାଙ୍ଗି ବିଭିନ୍ନ ଅସଭ୍ୟ ଭାଷାରେ ଗାଳିଗୁଲଜ କରିଥିଲେ। ତା' ସହିତ ବୃଦ୍ଧି ବିଶ୍ୱାଳଙ୍କ ଘରର କବାଟ ଭାଙ୍ଗିବା ସହ ତାଙ୍କ ଘରର ମହିଳା ମାନଙ୍କୁ ଅସଦାଚରଣ କରିଥିବା ଚାନ୍ଦବାଲି ଥାନାରେ ଲିଖିତ ଅଭିଯୋଗ ହୋଇଛି। ଦୀର୍ଘ ୧ଘଣ୍ଟା ଧରି ବିଜେପି କର୍ମୀଙ୍କ ଆତଙ୍କ ରାଜର ଭିଡିଓ ଏବେ ସୋସିଆଲ ମିଡ଼ିଆରେ ଘୁରି ବୁଲୁଛି। ଚାନ୍ଦବାଲି ପୁଲିସ ଉକ୍ତ ଘଟଣାରେ ସମ୍ପୃକ୍ତ ୨୫ ଜଣଙ୍କ ନାମରେ ମାମଲା ରୁଜୁ କରିଥିବା ଜଣାପଡ଼ିଛି। ପୁଲିସ ଶାସକ ଦଳର ଗୁଣ୍ଡାରାଜ ବିରୁଦ୍ଧରେ କଣ ନେଉଛି ପଦକ୍ଷେପ ଏହା ଦେଖିବାକୁ ବାକି ରହିଲା ବୋଲି ସରପଞ୍ଚଙ୍କ ମା' ଶାନ୍ତିଲତା ବିଶ୍ୱାଳ, ଗ୍ରାମବାସୀ ପଦ୍ମାବତୀ ନାୟକ ଓ ବୃଦ୍ଧି ବିଶ୍ୱାଳ ଅଭିଯୋଗ କରିଛନ୍ତି।

# ବିଭିନ୍ନ ସ୍ଥାନରେ ଯୋଗ ଦିବସ
# ସୁସ୍ଥ ସମାଜ ଗଠନ ପାଇ ଯୋଗ ଜରୁରୀ














ଧର୍ମଶାଳା,୨୧।୬ (ସମିସ)

ଧର୍ମଶାଳାର ପତଞ୍ଜଳି ଯୋଗ ସମିତି ଓ ଧର୍ମଶାଳା ମହାବିଦ୍ୟାଳୟର ମିଳିତ ଆନୁକୂଲ୍ୟରେ ମହାବିଦ୍ୟାଳୟ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ସମାଜସେବୀ ତଥା ମହିଳା ଯୋଗ ପ୍ରଚାରୀ ମିନତୀ ସାହୁ ଓ ସମ୍ମାନିତ ଅତିଥି ଭାବେ ଭୁବନେଶ୍ୱରର ଏସିପି ଅମିତାଭ ମହାପାତ୍ର, ଚୌଦ୍ୱାରର ଏସ୍‌ଡିପିଓ ଉମାକାନ୍ତ ନାୟକ, ଧର୍ମଶାଳା ମହାବିଦ୍ୟାଳୟର ଅଧ୍ୟକ୍ଷ ସ୍ୱରୂପାନନ୍ଦ ପଣ୍ଡା, ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସା ଅଧିକାରୀ ଡା. ସୁଧୀର କୁମାର ସାହୁ, ଧର୍ମଶାଳା ଥାନା ଭାରପ୍ରାପ୍ତ ଅଧିକାରୀ ରଞ୍ଜନ କୁମାର ମାଝୀ ଓ ଭାରତ ସ୍ୱାଭିମାନର ସଂଯୋଜକ କ୍ୟାପଟେନ ତ୍ରିଲୋଚନ ବିଶାଳ ପ୍ରମୁଖ ଯୋଗ ଦେଇଥିଲେ। ସୁସ୍ଥ ସମାଜ ଗଠନ ପାଇଁ ଯୋଗ ଏକ ସୁଲଭ ଏବଂ ପ୍ରଭାବଶାଳୀ ମାଧ୍ୟମ ବୋଲି ଅତିଥିମାନେ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଯାଜପୁର ସାଂସଦଙ୍କ ପ୍ରତିନିଧି କାହ୍ନୁଚରଣ ଦାଶ, ଧର୍ମଶାଳା ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧ୍ୟକ୍ଷ ଲକ୍ଷ୍ମୀକାନ୍ତ ଚୌପଟ୍ଟନାୟକ, ରୋଟାରୀ କ୍ଲବର ସଭାପତି ଙ୍ଗ. ସୁକାନ୍ତ କୁମାର ସ୍ୱାଇଁ, ସମ୍ପାଦକ ଦୀପକ କୁମାର ଜେନା, ପୂର୍ବତନ ସଭାପତି ପ୍ରଦୀପ୍ତ କୁମାର ବରାଳ, ପ୍ରମୋଦ କୁମାର ସାମଲ, ଙ୍ଗ. ବିପିନ କିଶୋର ଷଡ଼ଙ୍ଗୀ, ଇନରହ୍ୱିଲ କ୍ଲବର ସମ୍ପାଦକ ଲୋପାମୁଦ୍ରା ଷେଠ୍ ଓ ରାଜେନ୍ଦ୍ର କୁମାର ବରାଳ ପ୍ରମୁଖ ଯୋଗଦେଇଥିଲେ। ଜାରକା ରୋଟାରୀ କ୍ଲବ ତରଫରୁ ଜାରକା ଉଚ୍ଚ ବିଦ୍ୟାଳୟ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏଥିରେ ରୋଟାରୀ କ୍ଲବର ସଭାପତି ରାଜେନ୍ଦ୍ର କୁମାର ପଲେଇ, ସମ୍ପାଦକ ଜୟପ୍ରକାଶ ତ୍ରିପାଠୀ ଏବଂ ଜାରକା ହାଇସ୍କୁଲର ପ୍ରଧାନ ଶିକ୍ଷକ ସୁରେନ୍ଦ୍ର କୁମାର ବେହେରା ଅତିଥି ଭାବେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିନୋଦ କୁମାର ପରିଡା, ଜଗଗୁରୁ ପାତ୍ର, ଦିଲୀପ ଦାସ, ସମୀକ୍ଷା ନାଥ,ଧରଣୀଧର ଦାଶ, ଶିକ୍ଷକ ଅଶୋକ କୁମାର ଶତପଥୀ, ସାଗର ଭୋଇ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ।

କୋଟପୁର ପଞ୍ଚାୟତ ସ୍ଥିତ ବଜ୍ରଗିରି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏନ୍‌ଏସଏସର କୋଅର୍ଡିନେଟର ସନ୍ତୋଷ କୁମାର ଦାଶ ଓ ୟୁଥ ରେଡ୍‌କ୍ରସର ପ୍ରୋଗ୍ରାମ ଅଫିସର ଲକ୍ଷ୍ମୀଧର ନାୟକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ଅଧ୍ୟକ୍ଷ ପ୍ରଭାଷ ଚନ୍ଦ୍ର ଚୋଳ ଯୋଗଦାନ କରିଥିଲେ। ଯୋଗଗୁରୁ ଅଧ୍ୟାପକ ପ୍ରଶାନ୍ତ କୁମାର ପାତ୍ର ବିଦ୍ୟାଳୟର ସମସ୍ତ କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କୁ ବିଭିନ୍ନ ପ୍ରକାର ଯୋଗ ଶିକ୍ଷା ପ୍ରଦାନ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଅଧ୍ୟାପକ ନିରଞ୍ଜନ ଶାନ୍ତି, ସଞ୍ଜୟ କୁମାର ସାମଲ, ସୁବାସ ଚନ୍ଦ୍ର ରାଉତ, ଶିବାନୀ ରଞ୍ଜନସାହୁ, ପ୍ରେମକାନ୍ତ ସେଠ, ଚିନ୍ମୟୀ ବେହେରା, ଅରୁଣ ରଞ୍ଜନ ସାମଲ, ଅରବିନ୍ଦ ଦାଶ, ଅମର ରଞ୍ଜନ ସାମଲ, ଦେବାଶିଷ ବିଶ୍ୱାଳ ଓ ସୁବୋଧ କୁମାର ବାରିକ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

**ବରୀ:** ବରୀ ବ୍ଲକ ପ୍ରଶାସନ ପକ୍ଷରୁ ବ୍ଲକ କାର୍ଯ୍ୟାଳୟ ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ବରୀ ବ୍ଲକ ବିଡିଓ ଅସିତ୍ କୁମାର ମହାନ୍ତି ଯୋଗଦେଇ ଉକ୍ତ ଯୋଗ ଶିବିରକୁ ଉଦ୍‌ଘାଟନ କରିଥିଲେ। ଯୋଗ ଶିବିରରେ କସ୍ତୁରବା ମାତୃ ମଙ୍ଗଳ କେନ୍ଦ୍ରଠାରେ ଥିବା ବ୍ରହ୍ମକୁମାରୀ ଈଶ୍ୱରିୟ ବିଶ୍ୱବିଦ୍ୟାଳୟର ଯୋଗ ପ୍ରଶିକ୍ଷକ ବିକେ ରଶ୍ମିତା ସାହୁ, ବିକେ ରତିକାନ୍ତ, ବିକେ କଳ୍ପନା ଯୋଗଦେଇ ପ୍ରାଣାୟମ ଓ ଯୋଗ କରାଇଥିଲେ। ଅତିରିକ୍ତ ମଣ୍ଡଳ ଉନ୍ନୟନ ଅଧିକାରୀ ମହେଶ୍ୱର ସେଠିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ଓ ଜିପିଇଓ ଲକ୍ଷ୍ମୀକାନ୍ତ ମହାରଣା, କନିଷ୍ଠ ଯନ୍ତ୍ରୀ ସରୋଜ କୁମାର ପଣ୍ଡା, ଅନିରୁଦ୍ଧ ସାହୁଙ୍କ ସମେତ ବ୍ଲକର ସମସ୍ତ କର୍ମଚାରୀ ମାନେ ସକ୍ରିୟ ସହଯୋଗ କରିଥିଲେ। ଅନୁରୂପ ଭାବେ ଧାରପୁର ପଞ୍ଚାୟତ ନାଥପୁର ଠାରେ ଥିବା ଅମୃତ ସରୋବର ପରିସରରେ ଯୋଗ ଦିବସ ପାଳିତ ହୋଇଯାଇଛି। ଉକ୍ତ ଶିବିରରେ ଜିଲ୍ଲା ପରିଷଦ ସଭ୍ୟ ଅଶୋକ କୁମାର ସାମଲ, ସରପଞ୍ଚ କୁନା ମଲିକ, ସମିତି ସଭ୍ୟ ଶ୍ରିଧର ସେଠି, ପୁର୍ବତନ ସମିତି ସଭ୍ୟ ସୁରେଶ ମଲିକ, ଏଡିଇଓ ମାନ ଗୋବିନ୍ଦ ବାରିକ ମିଶନ ଶକ୍ତିର ସଦସ୍ୟା ମାନେ ଉପସ୍ଥିତ ଥିଲେ।

**ଦଶରଥପୁର:** ଯାଜପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ତଥା ଦୌରାଜଜ ଅମୃତ ରଞ୍ଜନ ନନ୍ଦଙ୍କ ନିର୍ଦ୍ଦେଶ କ୍ରମେ ଦଶରଥପୁର ବ୍ଲକ ପାଲଟପୁର ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇଯାଇଛି। ଯୁବ ସମାଜସେବୀ ଚନ୍ଦ୍ରଶେଖର ସାହୁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ସ୍ୱତନ୍ତ୍ର ଯୋଗ ଶିବିରରେ ଯାଜପୁର ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ଲିପା ମହାନ୍ତି ମୁଖ୍ୟ ଅତିଥି ରୂପେ ଯୋଗ ଦେଇ ସୁସ୍ଥ ଏବଂ ନିରୋଗ ଜୀବନ ଯାପନ ପାଇଁ ସମସ୍ତେ ଯୋଗ ଅଭ୍ୟାସ ଆପଣାଇବାକୁ କହିଥିଲେ। ଯୋଗ ପ୍ରଶିକ୍ଷିକା ମମତାରାଣୀ ଦାଶ ଯୋଗ ପ୍ରଶିକ୍ଷଣ ଦେଇଥିଲେ। ଶିବିରରେ ଦଶରଥପୁର ବ୍ଲକ ଏବିଡିଓ ତ୍ରିଲୋଚନ ସେଠି, ସ୍ଥାନୀୟ ସରପଞ୍ଚ ଲିପିକା ମଲ୍ଲିକ, ଗାନ୍ଧିଜୀ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଜ୍ଞାନରଞ୍ଜନ ସାହୁ, ମଙ୍ଗଳପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ପିଏଚଓ ବନିତା ଦାସ, ଏସଟିଜି ବିଜୟ କୁମାର ଦାସ, ସିଏଚଓ ଜିନା ମଲିକଙ୍କ ସମେତ ସ୍ଥାନୀୟ ଅଞ୍ଚଳର ଆଶା, ଅଙ୍ଗନବାଡି କର୍ମୀ, ପଞ୍ଚାୟତ ପ୍ରତିନିଧି, ସ୍କୁଲ ଛାତ୍ର ଛାତ୍ରୀ ଯୋଗଦେଇ ଯୋଗାଭ୍ୟାସ କରିଥିଲେ। ଶିବିରରେ ଝାଡାବାନ୍ତି ରୋଗ ସଂକ୍ରମଣ ଉପରେ ସମସ୍ତଙ୍କୁ ସଚେତନ କରାଯାଇଥିଲା।



**ଟମକା:** ଦାନଗଦୀ ବ୍ଲକ ଟୋଲକାନୀ ସ୍ଥିତ ଝାଡେଶ୍ୱର ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଆନ୍ତର୍ଜାତିକ ଯୋଗ ଦିବସ ପାଳିତ ହୋଇଛି। ଅଧ୍ୟକ୍ଷ ଡ. ଅକ୍ଷୟ କୁମାର ପଣ୍ଡା ଏହାକୁ ଉଦଘାଟନ କରିଥିଲେ। ଅଧ୍ୟାପକ ଡ. କ୍ଷିରୋଦ ବେହେରା, ଧ୍ୟାନ, ପ୍ରାଣାୟାମ, ଭ୍ରମରୀ ପ୍ରାଣାୟାମ ଓ ବିଭିନ୍ନ ପ୍ରକାର ବ୍ୟାୟାମ ସମ୍ପର୍କରେ ସୂଚନା ଦେଇ ଯୋଗାଭ୍ୟାସ କରାଇଥିଲେ। ଏଥିରେ ଅଧ୍ୟାପିକା ମୀରମ୍ବିକା ସାହୁ, ଲକ୍ଷ୍ମୀଧର ବେହେରା, ରଞ୍ଜନ କୁମାର ସାହୁ, ତୋଫାନ କୁମାର ଜେନା, ଖଗେଶ ଜେନା, ବାଇଧର ସାହୁ, ପାରିଜାତ ମହାନ୍ତି, ଗୋବର୍ଦ୍ଧନ ସାହୁ, ରଞ୍ଜନ କୁମାର ଖଣ୍ଡା, ଶ୍ରୀମନ୍ତ ନାୟକ, ଅମର ସେଠୀ, ଇତିଶ୍ରୀ ମଲ୍ଲିକ, କଲ୍ୟାଣୀ ମହାନ୍ତ, ପ୍ରିୟଙ୍କା ପ୍ରିୟଦର୍ଶିନୀ ନାୟକ,ମନୋରଂଜନ ବିଶ୍ୱାଳ, ବ୍ରିଜେଶ ବେହେରା ଓ ସମସ୍ତ କର୍ମଚାରୀ ଏଥିରେ ଯୋଗ ଦେଇଥିଲେ।

**ସୁକିନ୍ଦା:** ସୁକିନ୍ଦା ବ୍ଲକ ପକ୍ଷରୁ ସୁକିନ୍ଦା ଭବନ ଠାରେ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ବିଡିଓ ପ୍ରଜ୍ଞାପରମିତା ପୃଷ୍ଟି ଏହି ଶିବିର ଉଦଘାଟନ କରିଥିଲେ। ବାଲେଶ୍ୱର ଆଲଏଜ ପକ୍ଷରୁ ସୁକିନ୍ଦା ସ୍ଥିତ ପ୍ରକଳ୍ପ ପରିସରରେ ଯୋଗ ଶିବିର ଆୟୋଜିତ୍ ହୋଇଯାଇଛି। କମ୍ପାନୀର ମାନବ ସମ୍ବଳ ଜିଏମ୍ ରଂଜିତ କୁମାର ବିଶ୍ୱାଳଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଯୋଗ ଶିବିର ଅନୁଷ୍ଠିତ ହୋଇଥିବା ବେଳେ କମ୍ପାନୀର ପରିଚାଳନା ନିର୍ଦ୍ଦେଶକ ଅରୁଣ ଜୈନ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। କମ୍ପାନୀର ଇଡି ଚିକିଲି ନାଗରାଜୁ, ଖଣି ମୁଖ୍ୟ ବିଶ୍ୱରଂଜନ ପାଢ଼ୀ, ମାନବ ସମ୍ବଳ ମୁଖ୍ୟ ଗୁରୁପ୍ରିତ ସିଂ, ଜିଏମ୍ (ଖଣି) ମଦନ ମହାରଣା, ଗିରିଜା ବିଶ୍ୱାଳ, ଭବାନୀ ଶଙ୍କର ଦାସ, ପରେଶ ପରିଡା, ଧର୍ମେନ୍ଦୁ ବେହୁରା ପ୍ରମୁଖ ବରିଷ୍ଠ ଅଧିକାରୀ ଏଥିରେ ଯୋଗ ଦେଇଥିଲେ।

**କାଳିଆପାଣି:** ଖଣି ନିଗମ ଦ୍ୱାରା ପରିଚାଳିତ କାଳିଆପାଣି ହାଇସ୍କୁଲ ପକ୍ଷରୁ ଅନ୍ତର୍ଜାତୀୟ ଯୋଗ ଦିବସ ପାଳନ କରାଯାଇଛି। ପ୍ରଧାନ ଶିକ୍ଷୟିତ୍ରୀ ଜ୍ୟୋସ୍ନାରାଣୀ ଜେନାଙ୍କ ତତ୍ତ୍ୱାବଧାନରେ ସ୍କୁଲ ପରିସରରେ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ସ୍କୁଲ ପକ୍ଷରୁ ଯୁଧିଷ୍ଠିର ସାହୁ, ସ୍ମୃତିରଞ୍ଜନ ମଣ୍ଡଳ, ସୂର୍ଯ୍ୟ ବଂଶୀ ତ୍ରିପାଠୀ, ଈଶ୍ୱର ମହାନ୍ତ, ଅନୁରୂପା କାନୁନଗୋ, ଚିନ୍ମୟୀ ଦାସ, ଅର୍ଚ୍ଚନା ସ୍ୱାଇଁ, ସୋନାଲି ମୁଦୁଲି, ମଧୁସ୍ମିତା ପରିଡା, ଅନୁରାଧା ମିଶ୍ର, ଗୀତାଞ୍ଜଳି ସାହୁ, ଜିତେନ୍ଦ୍ର ଜେନା, ଦ୍ରୌପଦୀ ସାହୁ, ଶିକ୍ଷକ ଶିକ୍ଷୟତ୍ରୀ, କର୍ମଚାରୀ ଓ ଛାତ୍ରଛାତ୍ରୀ ଏଥିରେ ଯୋଗଦେଇଥିଲେ।

**ପାଣିକୋଇଲି:** ପାଣିକୋଇଲି ମା' ତାରିଣୀ ମହାବିଦ୍ୟାଳୟରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇଛି। ଅଧ୍ୟକ୍ଷ ଡ. ଚନ୍ଦ୍ରକାନ୍ତ ମହାନ୍ତିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଆଲୋଚନା ସଭା ଓ ଯୋଗାଭ୍ୟାସ କରାଯାଇଥିଲା। ଉକ୍ତ ଯୋଗ ଶିବିରରେ ବରିଷ୍ଠ ଅଧ୍ୟାପକ ଡ. ପ୍ରତାପ ଚନ୍ଦ୍ର ତ୍ରିପାଠୀ, ଅଧ୍ୟାପିକା ପାର୍ବତୀ ନାଥ, ସାଗରିକା ନାଥ, ସତ୍ୟବ୍ରତ ଦାଶ, ରଶ୍ମୀରଂଜନ ମହାପାତ୍ର, ଅଜିତ ଜେନା, ରଶ୍ମିତା ଧଳ, ପ୍ରମୋଦ କୁମାର ମିଶ୍ର, ବିପିନ ବିହାରୀ ଦାସ, ରମେଶ ଚନ୍ଦ୍ର ମହାକୁଡ, ଶୁଭକାନ୍ତ ପାତ୍ର, କଳ୍ପନା ପଣ୍ଡା, କାଦମ୍ବିନୀ ରାଉଳ, ସୀମା ତରାଇ, ସୁବାସିନୀ ପୃଷ୍ଟି, ସତ୍ୟଜିତ ମହାନ୍ତି ପ୍ରମୁଖ ଶିକ୍ଷା ଦେଇଥିଲେ। ଶେଷରେ ଯୋଗଗୁରୁ ଅଲେଖ ପ୍ରସାଦ ସାହୁ ଯୋଗର ଉପକାରିତା ଓ ଆବଶ୍ୟକତା ସମ୍ପର୍କରେ ଆଲୋଚନା କରାଯାଇଥିଲା। ସେହିପରି ପାଣିକୋଇଲି ସରକାରୀ ଉଚ୍ଚ ବିଦ୍ୟାଳୟ ଠାରେ ପ୍ରଧାନ ଶିକ୍ଷୟତ୍ରୀ ଗାୟତ୍ରୀ ନାୟକଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଯୋଗ ଶିବର କାର୍ଯ୍ୟକ୍ରମରେ ଶିକ୍ଷକ ଶିକ୍ଷୟତ୍ରୀ, ଛାତ୍ରଛାତ୍ରୀ ଯୋଗଦେଇଥିଲେ। ବରିଷ୍ଠ ଶିକ୍ଷକ ପ୍ରତାପ ଚନ୍ଦ୍ର ପହୀ, କ୍ରୀଡା ଶିକ୍ଷକ କାହ୍ନୁ ଚରଣ ନାୟକ, ପଙ୍କଜ କୁମାର ସାହୁ, ପ୍ରଫୁଲ୍ଲ କୁମାର ଦାଶ, ପ୍ରଫୁଲ୍ଲ କୁମାର ବେହେରା, ସୁଧାଂଶୁବାଳ ଦାଶଙ୍କ ସମେତ ଅନ୍ୟ ଶିକ୍ଷକ ମାନେ ଯୋଗଦେଇଥିଲେ।

## କୁଅରେ ପଡ଼ି ଯୁବକ ମୃତ

ଦୋବଲ,୨୧।୬(ସମିସ): ଦୋବଲ ନିକଟସ୍ଥ ସୋହଡ଼ା ପଞ୍ଚାୟତ ଷଣ୍ଢପୁର ଗ୍ରାମର ରବୀନ୍ଦ୍ର ଜେନାଙ୍କ ପୁଅ ଲିପୁନ ଜେନା(୨) ଘର ପାଖରେ ଥିବା ଏକ କୁଅର ପାଚେରୀ ଉପରେ ବସିଥିବା ବେଳେ ହଠାତ ଲିପୁର ମୁଣ୍ଡ ଘୁରାଇ ଦେଇଥିଲେ। ଫଳରେ ସେ କୂଅ ଭିତରେ ପଡି ଯାଇଥିଲା। ଅଥଳ ଥଳ ପାଣିରେ ବୁଡି ଯାଇଥିଲେ। ଖବର ପାଇ ଧାମନଗର ଅଗ୍ନିଶମ ବିଭାଗ ପହଞ୍ଚି ଲିପୁନକୁ କୂଅ ଭିତରୁ ଉଦ୍ଧାର କରି ଭଦ୍ରକ ଡାକ୍ତରଖାନା ପଠାଇଥିବା। ସେଠାରେ ଡାକ୍ତର ତାକୁ ମୃତ ଘୋଷଣା କରିଥିଲେ। ଏ ସଂପର୍କରେ ଧାମନଗର ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରିଛି।

## ଟଙ୍କା ବ୍ୟାଗ ଲୁଟିନେଲେ ଦୁର୍ବୃତ୍ତ

ବାରିକପୁର,୨୧।୬(ସମିସ): ଭଣ୍ଡାରିପୋଖରୀ ଥାନା ମଞ୍ଜୁରୀରୋଡ଼ ବଜାର ଠାରୁ କେହି ଦୁର୍ବୃତ୍ତ ଟଙ୍କା ବ୍ୟାଗ ଲୁଟି ନେଇଥିବା ଜଣାଯାଇଛି।ଆଜି ରାତି ପ୍ରାୟ ୮. ୩୦ମିନିଟ ସମୟରେ ନାଆମୀ ପଞ୍ଚାୟତ ସୋଲପରା ଗ୍ରାମର ଅବସରପ୍ରାପ୍ତ ଶିକ୍ଷକ ନିରାକାର ଜେନା ମଞ୍ଜୁରୀରୋଡ଼ ବଜାରରେ ଏକ ସ୍ଥାନରେ ବାଇକ୍ ରଖିଥିଲେ। ସେଠାରେ ଏକ ଦୋକାନରୁ ଜିନିଷ କିଣୁଥିବା ବେଳେ ଗାଡ଼ିରେ ଥିବା ସାଢ଼େ ସାତ ହଜାର ଟଙ୍କା ଓ କିଛି କାଗଜପତ୍ରକୁ ଚୋର ଲୁଟ୍ କରିଥିବା ଜଣାପଡିଛି। ଖବର ଲେଖାହେବା ଯାଏଁ ଥାନାରେ ଏନେଇ କୌଣସି ଅଭିଯୋଗ ହୋଇନଥିବା ଜଣାଯାଇଛି।

## ନବୀନଙ୍କ ଆରୋଗ୍ୟରେ ଦୀପଦାନ



ମଙ୍ଗଳପୁର,୨୧।୬(ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଦଶରଥପୁର ବ୍ଲକ କନିକାପଡା ପଞ୍ଚାୟତସ୍ତ ମଧୁପୁର କଲ୍ୟାଣେଶ୍ୱର ମନ୍ଦିର ଠାରେ ମହିଳାମାନେ ସାମୂହିକ ଦୀପ ଦାନ କରିଛନ୍ତି।ଉକ୍ତ କାର୍ଯ୍ୟକ୍ରମରେ କନିକାପଡା ପଞ୍ଚାୟତ ପୂର୍ବତନ ସରପଞ୍ଚ ଜୟଶ୍ରୀ ଦାସ, ୱାର୍ଡସଭ୍ୟା ସୁମନ୍ତୀ ମଲ୍ଲିକଙ୍କ ନେତୃତ୍ୱରେରେ ଶତାଧିକ ମହିଳାଙ୍କ ସମେତ ପ୍ରଫୁଲ୍ଲ ଦାସ, ତିମିରକାନ୍ତି ସେନାପତି, ରାକେଶ କୁମାର ସାହୁ, ସାଉଁଟି ଚରଣ ମଲ୍ଲିକ, କେଶବ ସେଠି, ଶେଷଦେବ ବାରିକ, କୈଳାଶ ପୃଷ୍ଟି, ବିଜୟ ଦାସ, ଚନ୍ଦ୍ରକାନ୍ତ ସାହୁ, ପ୍ରମୁଖ ଉପସ୍ଥିତ ଥିଲେ।

## ଗୋରକ୍ଷକ ସନ୍ତୋଷ ପରିଡାଙ୍କ ଶ୍ରଦ୍ଧାଞ୍ଜଳି ସଭା




ତିହିଡି,୨୧।୬(ସମିସ): ତିହିଡି ବ୍ଲକ ଅଧୀନସ୍ଥ କୁବେରା ଗ୍ରାମ ପଞ୍ଚାୟତ କଷଟି ଗ୍ରାମର ଗୋ ରକ୍ଷକ ସନ୍ତୋଷ ପରିଡାଙ୍କ ଶ୍ରଦ୍ଧାଞ୍ଜଳି ସଭା ଅବସରପ୍ରାପ୍ତ ଶିକ୍ଷକ ଭରତ ଚନ୍ଦ୍ର ସାମଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଶିକ୍ଷାବିତ ଡ. ହେମନ୍ତ କୁମାର ସ୍ୱାଇଁ ସଭା ପରିଚଳନା କରିଥିବା ବେଳେ ଶିକ୍ଷକ ସୁଶାନ୍ତ କୁମାର ନାୟକ ସହଯୋଗ କରିଥିଲେ। ଉକ୍ତ ଶ୍ରଦ୍ଧାଞ୍ଜଳି ସଭାରେ ସମାଜସେବୀ ପ୍ରାଣବଂଧୁ ରାଉତ, ଶରତ କୁମାର ନାୟକ, ପିତବାସ ଜେନା, ଗଣେଶ ପ୍ରସାଦ ରାଉତ, ସାଇ ଶରଣ ବେହେରା, ବାସୁଦେବ ସେଠୀ, ରବି ନାରାୟଣ ବେହେରା, ନରହରି ସାହୁ, ସୁରେଶ ପରିଡା, କୈଳାଶ ଚନ୍ଦ୍ର ଜେନା, ଜୟଶ୍ରୀ ସ୍ୱାଇଁ, ତଳଗୋପବିନ୍ଧା ପଞ୍ଚାୟତ ସରପଞ୍ଚ ସଞ୍ଜୀବ କୁମାର ବେହେରା ଉପସ୍ଥିତ ହୋଇ ସ୍ମୃତିଚାରଣ କରି ଥିଲେ। ବିଶିଷ୍ଟ ଅତିଥି ଭାବେ ଭଦ୍ରକ ଏସଡିପିଓ ତ୍ରିଲୋଚନା ସେଠୀ ଯୋଗ ଦେଇ ଆକ୍ରମଣ କାରୀକୁ ଦଣ୍ଡ ମିଳିବା ସହିତ ସନ୍ତୋଷ ପରିବାରକୁ ଉପଯୁକ୍ତ ନ୍ୟାୟ ମିଳିବାକୁ ପ୍ରତିଶ୍ରୁତି ଦେଇଥିଲେ। ବିଶ୍ୱ ହିନ୍ଦୁ ପରିଷଦ ଜିଲ୍ଲା ସଞ୍ଚାଳକ ବିପିନ ବିହାରୀ ପଣ୍ଡା, ବଜରଙ୍ଗ ଦଳ ମୁଖ୍ୟ ବସନ୍ତ ରାଉତ ପ୍ରମୁଖ ଯୋଗଦେଇଥିଲେ।

### ମାରିଦେବାକୁ ଧମକ ମାମଲାରେ ପୁଲିସ ନୀରବ

## ଏସ୍‌ପିଙ୍କୁ ଭେଟିଲେ ପୀଡ଼ିତା ପରିବାର



ପାଣିକୋଇଲି,୨୧।୬(ସମିସ): ଜାତିଆଣା ଆକ୍ଷେପ ଓ ଅଶ୍ଳୀଳ ଗାଳିଗୁଲଜ ଓ ଜୀବନରୁ ମାରିଦେବାକୁ ଧମକ ମାମଲାରେ ପୁଲିସ କେବଳ ମାମଲା ରୁଜୁ କରି ନୀରବତା ଅବଲମ୍ବନ କରିବାରୁ ଶେଷରେ ପୀଡ଼ିତା ପରିବାର ନ୍ୟାୟ ପାଇଁ ଏସପିଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଅଭିଯୁକ୍ତ ମାନେ ରାଜନୈତିକ ଭାବେ ପ୍ରଭାବଶାଳୀ ହୋଇଥିବାରୁ ପୁଲିସ କାର୍ଯ୍ୟାନୁଷ୍ଠାନ ନେଉନଥିବା ଅଭିଯୋଗ ହୋଇଛି। ପ୍ରକାଶଯେ ଯାଜପୁର ସଦର ଥାନା ଅନ୍ତର୍ଗତ ନାଥସାହି ପଞ୍ଚାୟତର ନୂଆପଡା ଗ୍ରାମର ଶରତ ଯେନାଙ୍କ ସ୍ତ୍ରୀ ରଂଜିତା ଯେନା ଏଭଳି ଅଭିଯୋଗ ଆଣିବା ସହ ଆଜି ପାଣିକୋଇଲିସ୍ଥିତ ଜିଲ୍ଲା ପୁଲିସ ମୁଖ୍ୟାଳୟରେ ସ୍ୱାମୀ ସହିତ ପହଞ୍ଚି ମାମଲାର କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି। ପ୍ରକାଶ ଯେ ରଂଜିତାଙ୍କ ଅଭିଯୋଗ ମୁତାବକ ସରକାରଙ୍କ ପକ୍ଷରୁ ତାଙ୍କ ଗ୍ରାମରେ ଷ୍ଟ୍ରିଟ ଲାଇଟ ଲାଗୁଥିଲା। ଜନବସତି ଅଞ୍ଚଳରେ ଏହା ନଲାଗି ରାସ୍ତାରେ ଲଗାଯାଉଥିବା ନେଇ ଶରତ ବିଭାଗୀୟ ଯନ୍ତ୍ରୀଙ୍କ ନିକଟରେ ଅଭିଯୋଗ କରିଥିଲେ। ଫଳରେ ସରପଞ୍ଚଙ୍କ ସ୍ୱାମୀ କୈଳାସ ପହି ଆସି ଶରତଙ୍କ ଅନୁପସ୍ଥିତରେ ଗତ ୫ ତାରିଖ ଧମକ ଓ ଅଶ୍ରାବ ଜାତିଆଣା ଆକ୍ଷେପ କରି ଗାଳି ଗୁଲଜ କରିଥିଲେ। କାହିଁକି ଅଭିଯୋଗ କଲ ବୋଲି ଏଥିପାଇଁ ସ୍ୱାମୀ ସ୍ତ୍ରୀକୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ପରଦିନ ସରପଞ୍ଚ ସସ୍ମିତା ପହୀ ପହଞ୍ଚି ଅନୁରୂପ ବ୍ୟବହାର କରିଥିଲେ। ଫଳରେ ବାଧ୍ୟ ହୋଇ ଏନେଇ ରଂଜିତା ଥାନାରେ ଅଭିଯୋଗ କରିଥିଲେ। ଏନେଇ ଏକ ମାମଲା ୨୦୦/୨୫ ରୁଜୁ କରାଯାଇଥିଲା। ହେଲେ କେବଳ ମାମଲାରେ ଏହା ସିମୀତ ରହିଛି। ଫଳରେ ନ୍ୟାୟ ପାଇଁ ସସ୍ତ୍ରୀକ ଏସପି ଅଫିସରେ ପହଞ୍ଚି ନ୍ୟାୟ ଭିକ୍ଷା କରିଛନ୍ତି।

## ସାପକାମୁଡ଼ାରେ ଜଣେ ମୃତ

ପାଣିକୋଇଲି,୨୧।୬(ସମିସ): କୋରେଇ ବ୍ଲକ ଅନ୍ତର୍ଗତ ପଥରପଦା ପଞ୍ଚାୟତର ନୂଆପଦା ଗ୍ରାମରେ ସାପକାମୁଡାରେ ଜଣଙ୍କର ମୃତ୍ୟୁ ଘଟିଛି। ନୂଆପଦା ଗ୍ରାମର ମାଧବ ସେଠୀଙ୍କ ପୁଅ ଶତ୍ରୁଘ୍ନ ସେଠୀ (୫୪) ଗୁରୁବାର ରାତ୍ରୀରେ ଖାଇ ସାରି ଘରେ ଶୋଇଥିଲେ। ଶୋଇଥିବା ଅବସ୍ଥାରେ ତାଙ୍କୁ ଏକ ସାପ କାମୁଡିଥିଲା। ଫଳରେ ପରିବାର ପକ୍ଷରୁ ତାଙ୍କୁ ସଂଗେ ସଂଗେ ଯାଜପୁରରୋଡ କ୍ଷେତ୍ରୀୟ ଚିକିତ୍ସାଳୟକୁ ପଠାଯାଇଥିଲା। ପ୍ରାଥମିକ ଚିକିତ୍ସା ପରେ ସେଠାରେ ଅବସ୍ଥା ସଙ୍କଟାପନ୍ନ ହେବାରୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ହେଲେ ଚିକତ୍ସିତ ଅବସ୍ଥାରେ ଶୁକ୍ରବାର ରାତ୍ରୀରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ରାତ୍ରୀରେ ଶବ ବ୍ୟବଚ୍ଛେଦ ହୋଇନପାରିବାରୁ ଶନିବାର ତାଙ୍କର ଶବ ବ୍ୟବଚ୍ଛେଦ କରାଯାଇଥିଲା। ବ୍ୟବଚ୍ଛେଦ ପରେ ତାଙ୍କ ମରଶରୀର ମଧ୍ୟାହ୍ନରେ ଗ୍ରାମରେ ପହଞ୍ଚିଥିଲା। ଗ୍ରାମବାସୀଙ୍କ ଉପସ୍ଥିତିରେ ଏକ ଶୋକାକୂଳ ପରିବେଶରେ ଗାଁ ଶସ୍ମାନରେ ଶେଷକୃତ ସମ୍ପନ୍ନ କରାଯାଇଥିଲା। ବଡପୁଅ ହରିହର ମୁଖାଗ୍ନି ଦେଇଥିବା ବେଳେ ସାନପୁଅ ଶୁଭେନ୍ଦୁ ଉପସ୍ଥିତ ଥିଲେ।

## ୫୨ ୟୁନିଟ୍ ରକ୍ତ ସଂଗ୍ରହ

ଦୋବଲ,୨୧।୬(ସମିସ): ଦୋବଲ ବଜାର ସ୍ଥିତ ଭାରତୀୟ ଷ୍ଟେଟ ବ୍ୟାଙ୍କ ଦୋବଲ ଶାଖା ପକ୍ଷରୁ ଏକ ସ୍ୱେଚ୍ଛାକୃତ ରକ୍ତ ଦାନ ଶିବିର ଶନିବାର ଅନୁଷ୍ଠିତ ହୋଇଯାଇଛି।ଏହି ଶିବିରକୁ ଶାଖା ପ୍ରବନ୍ଧକ ନିଗମାନନ୍ଦ ନାୟକ ଉଦ୍‌ଘାଟନ କରିଥିଲେ।ବ୍ୟାଙ୍କ୍ କର୍ମଚାରୀଙ୍କ ସମେତ ଆଖପାଖ ଅଞ୍ଚଳରୁ ୫୨ ଜଣ ରକ୍ତଦାତା ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିଥିଲେ। ଭଦ୍ରକ ବ୍ଲଡ ବ୍ୟାଙ୍କର ଲାବ୍ରୋଟାରି ଟେକନିସିଆନ ତାରିଣୀ ସେନ ଜେନା, ଦେବେନ୍ଦ୍ର ବିଶ୍ୱାଳ, ପରାମର୍ଶଦାତା ରତିକାନ୍ତ ବଳ, ସହଯୋଗୀ ଅରୁଣ ପରିଡ଼ା, ରାଜୁ ଗୁପ୍ତାଙ୍କ ତତ୍ତ୍ୱାବଧାନରେ ରକ୍ତ ସଂଗ୍ରହ କରାଯାଇଥିଲା। ଭାରତୀୟ ଷ୍ଟେଟ୍ ବ୍ୟାଙ୍କ୍ ଦୋବଲ ଶାଖାର ଫିଲ୍ଡ ଅଫିସର ତ୍ରିବିକ୍ରମ ସାହୁ, ଶାନ୍ତିପଦ ଜେନା, ବିଜୟ ହାଁସଦା, ସୁଭବ୍ରତ ସେଠୀ, ନିରଞ୍ଜନ ଓଝା, ସେକ ମହମ୍ମଦ ହନିଫ, ନରେନ୍ଦ୍ର ଦାସ, ବ୍ରଜ କିଶୋର ବାରିକ, ଏସବିଆଇ ଗ୍ରାହକ ସେବା କେନ୍ଦ୍ରର ଜ୍ଞାନେନ୍ଦ୍ର ସାହୁ, ସନ୍ତୋଷ ବେହେରା, ହରମୋହନ ପତି, ଶରତ ଶଙ୍ଖୁଆ, ଦୁର୍ଗା ଚରଣ ଜେନା,ସୁନନ୍ଦ୍ ପ୍ରଧାନ ପ୍ରମୁଖ ଶିବିର ପରିଗଳନା ରେ ସହଯୋଗ କରିଥିଲେ।

## ବାଲି ହାଇୱା ଚାଳକ ଅଦାଲତ ଚାଲାଣ

ପାଣିକୋଇଲି,୨୧।୬(ସମିସ): ଜୁନିୟର ଖଣି ଅଧିକାରୀ ଦିପ୍ତୀ ସୁନ୍ଦର ସେଠୀ ପାଣିକୋଇଲିରେ ଚଢ଼ଉ କରି ଦୁଇ ଚୋରା ବାଲି ବୋଝେଇ ହାଇୱାକୁ ଜବତ କରିଥିଲେ। ଜବତ ବାଲି ଗାଡି ବେଆଇନ ଭାବେ ଚାଲାଣ ହେଉଥିବାରୁ ଖଣି ବିଭାଗ ଏନେଇ ମାମଲା କରିବାକୁ ଥାନାରେ ଦେଇଥିଲେ। ଏନେଇ ମାମାଲା ୧୭୨/୨୫ ରେ ଚାଳକ କେନ୍ଦ୍ରାପଡା ଜିଲ୍ଲା କେନ୍ଦ୍ରାପଡା ଥାନା ବନ୍ଧାଲୋ ଗ୍ରାମର କାର୍ତିକେଶ୍ୱର ସ୍ୱାଇଁ (୨୧) ଓ ଅନ୍ୟ ମାମଲା ୧୭୬/୨୫ରେ ଚାଳକ ଯାଜପୁର ଜିଲ୍ଲା ପାଣିକୋଇଲି ଥାନା ବଜରପଡା ଗ୍ରାମର ସୌମ୍ୟ କବି (୨୪)କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି ବୋଲି ପୁଲିସ ସୂତ୍ରରୁ ପ୍ରକାଶ।



# ଇରାନରେ ଭୂକମ୍ପ ନା ବିସ୍ଫୋରଣ?

■ ଇରାନ ପରମାଣୁ ପରୀକ୍ଷା କରିଥିବା ନେଇ ଚର୍ଚ୍ଚା ବଢ଼ିଲା

■ ତିନି ଉତ୍ତରାଧିକାରୀଙ୍କୁ ମନୋନୀତ କଲେ ଖାମେନେଇ

ତେଲ ଆଭିଭ, ୨୧।୬ (ଏଜେନ୍ସି): ଇସ୍ରାଏଲ ଏବଂ ଇରାନ ମଧ୍ୟରେ ଅସ୍ତ୍ରବିରତିର କୌଣସି ସମ୍ଭାବନା ଦେଖାଯାଉ ନାହିଁ। ଯୁଦ୍ଧ ବନ୍ଦ ପାଇଁ ଜେନେଭାରେ ୟୁରୋପୀୟ ଦେଶଗୁଡିକ କରିଥିବା ବୈଠକରେ କୌଣସି ଠୋସ୍ ଫଳାଫଳ ବାହାରି ପାରି ନ ଥିବାବେଳେ ଦୁଇ ରାଷ୍ଟ୍ର ପରସ୍ପର ବିରୋଧରେ ଆକ୍ରମଣକୁ ଜୋରଦାର କରିଛନ୍ତି। ଏପରି ସମୟରେ ଇରାନରେ ଶକ୍ତିଶାଳୀ ଭୂକମ୍ପ ହୋଇଛି। ପରମାଣୁ ଅସ୍ତ୍ରଶସ୍ତ୍ର ପରୀକ୍ଷଣ ଦ୍ୱାରା ଏହି ଭୂକମ୍ପ ଆସିଛି ବୋଲି ଚର୍ଚ୍ଚା ହେଉଛି। ଏହାକୁ ନେଇ ଆମେରିକା ଏବଂ ଇସ୍ରାଏଲର ଚିନ୍ତା ବୃଦ୍ଧି ପାଇଛି ବୋଲି କୁହାଯାଉଛି।

ଯୁଦ୍ଧର ନବମ ଦିନରେ ତେଲ ଆଭିଭ ସମେତ ଅନେକ ସହର ଉପରେ ଇରାନ ବାଲିଷ୍ଟିକ କ୍ଷେପଣାସ୍ତ୍ର ବର୍ଷା କରିଥିବାବେଳେ ଇସ୍ରାଏଲ ସେନା (ଆଇଡିଏଫ) ଏହାର ଜବାବରେ ପରମାଣୁ ଠିକଣାକୁ ନିଶାଣ କରିଛି। ଆଜି ସକାଳେ ଆଇଡିଏଫ୍‌ର ୫୦ରୁ ଅଧିକ ଲଢୁଆ ବିମାନ ଇରାନର ଇସ୍‌ଫାହନ ପରମାଣୁ ପ୍ରତିଷ୍ଠାନରେ ବୋମା ମାଡ଼ କରିଛି। ତେବେ ଏହି ଆକ୍ରମଣ ପରେ କୌଣସି ରାସାୟନିକ ଲିକ୍ କିମ୍ବା ବିକିରଣ ହୋଇଥିବାର ସୂଚନା ମିଳିନାହିଁ। ଇରାନର ପରମାଣୁ କାର୍ଯ୍ୟକ୍ରମରେ ଏହି କେନ୍ଦ୍ର ପ୍ରମୁଖ ଭୂମିକା ଗ୍ରହଣ କରୁଛି। ଏଠାରେ ୟୁରାନିୟମ ଠୁଳ କରି ରଖାଯାଉଛି। ନ୍ୟୁକ୍ଲିୟର ଫୁଏଲ ଫାବ୍ରିକେସନ ପ୍ଲାଣ୍ଟ ମଧ୍ୟ ରହିଛି। ପରମାଣୁ ଠିକଣାରେ ଆକ୍ରମଣ ସହିତ ଇରାନର ଆଉ ଜଣେ ପରମାଣୁ ବୈଜ୍ଞାନିକଙ୍କୁ ଇସ୍ରାଏଲ ହତ୍ୟା କରିଛି। ଶୁକ୍ରବାର ତେହରାନର ଏକ ଆପାର୍ଟମେଣ୍ଟକୁ ନିଶାଣ କରି ଆଇଡିଏଫ ସୁଇସାଇଡ ଡ୍ରୋନ ଆକ୍ରମଣ କରିଥିଲା। ଏଥିରେ ବୈଜ୍ଞାନିକ ଇସାର ତବାତବାଇ-କମସେହ ଏବଂ ତାଙ୍କ ପତ୍ନୀଙ୍କ ମୃତ୍ୟୁ ହୋଇଛି। ଏପର୍ଯ୍ୟନ୍ତ ଇରାନର ୧୧ ପରମାଣୁ ବୈଜ୍ଞାନିକଙ୍କୁ ଇସ୍ରାଏଲ ହତ୍ୟା କଲାଣି। ସେହିପରି ଆଜି ଇରାନ ସେନାର ୩ କମାଣ୍ଡର ଏବଂ ୪ ଯବାନଙ୍କୁ ହତ୍ୟା କରିଥିବା ଇସ୍ରାଏଲ ଦାବି କରିଛି।

ଆକ୍ରମଣ ଦ୍ୱାରା ଇରାନର ପରମାଣୁ କାର୍ଯ୍ୟକ୍ରମ ୩ ବର୍ଷ ପଛକୁ ପଳାଇଛି ବୋଲି ଇସ୍ରାଏଲ ଦାବି କରୁଛି। ମାତ୍ର ଏପରି ସମୟରେ ଇରାନର ସେମନାନ୍ ଅଞ୍ଚଳରେ ଶକ୍ତିଶାଳୀ ଭୂକମ୍ପ ହୋଇଛି। ଶୁକ୍ରବାର ରାତିରେ ହୋଇଥିବା ୫.୧ ତୀବ୍ରତାର ଏହି ଭୂକମ୍ପର କେନ୍ଦ୍ର ୧୦ କିମି ଗଭୀରତାରେ ଥିଲା ବୋଲି କୁହାଯାଉଛି। ଇରାନ ପରମାଣୁ ଅସ୍ତ୍ର ପରୀକ୍ଷଣ କରିବାରୁ ଏହି ଭୂକମ୍ପ ସୃଷ୍ଟି ହୋଇଥିଲା ବୋଲି ଚର୍ଚ୍ଚା ହେଉଛି। କାରଣ ଇରାନର ସେମନାନ ସ୍ପେସ୍ ସେଣ୍ଟର ଏବଂ ସେମନାନ ମିସାଇଲ କମ୍ପ୍ଲେକ୍ସ ଥିବା ସହର ନିକଟରେ ଏହି ଭୂକମ୍ପ ହୋଇଛି। ଇରାନ



ସେନା ଦ୍ୱାରା ଏହା ପରିଚାଳିତ ହେଉଛି। ଏହାକୁ ଲାଗି ଫରଦୋ ଏବଂ ନତାଞ୍ଜ ପରମାଣୁ କେନ୍ଦ୍ର ମଧ୍ୟ ରହିଛି। ୟୁରୋପ ଶାନ୍ତି ଆଲୋଚନା ପ୍ରୟାସ ଜାରି ରଖିଥିବାବେଳେ ପରମାଣୁ କାର୍ଯ୍ୟକ୍ରମ ସହ କୌଣସି ସାଲିସ୍ କରାଯିବ ନାହିଁ ବୋଲି ଇରାନ ପକ୍ଷରୁ କୁହାଯାଇଛି। ଏପରି ସମୟରେ ହୋଇଥିବା ଭୂକମ୍ପକୁ ନେଇ ଆମେରିକା ଏବଂ ଇସ୍ରାଏଲର ଚିନ୍ତା ବଢ଼ିବ ବୋଲି କୁହାଯାଉଛି। କିଛି ବିଶେଷଜ୍ଞ ମଧ୍ୟ ପରମାଣୁ ପରୀକ୍ଷଣ ଆଶଙ୍କା କରିଛନ୍ତି। ଭୂତଳରେ ପରମାଣୁ ଅସ୍ତ୍ରର ବିସ୍ଫୋରଣ ଯୋଗୁଁ ସୃଷ୍ଟି ହୋଇଥିବା 'ଟେକ୍‌ଟୋନିକ ଷ୍ଟ୍ରେସ୍' ପାଇଁ ଭୂକମ୍ପ ଆସିଥିବ ବୋଲି ବିଶେଷଜ୍ଞ କହୁଛନ୍ତି। ଆଉ କିଛି ରିପୋର୍ଟରେ ଇସ୍ରାଏଲର ଆକ୍ରମଣ ଯୋଗୁଁ ଭୂକମ୍ପ ଆସିଥିଲା ବୋଲି କୁହାଯାଉଛି। ଏହା ମଧ୍ୟରେ ଆମେରିକାର ୬ଟି ବି-୨ ଷ୍ଟିଲ୍‌ଥ ବମ୍ବର ମିସୋରିର ନୌସେନା ଘାଟୀରୁ ପଶ୍ଚିମ ପ୍ରଶାନ୍ତ ମହାସାଗରରେ ଥିବା ମାଇକ୍ରୋନେସିଆ ଦ୍ୱୀପର ଗୁଆମକୁ ଉଡ଼ାଣ ଭରିଛି। ଏହି ଲଢୁଆ ବିମାନ ବଙ୍କର ବଷ୍ଟର ବୋମା ନେଇ ଯାଉଥିବା କୁହାଯାଉଛି। ପୂର୍ବରୁ ଏହି ବୋମା ଇସ୍ରାଏଲ ମାଗିଥିଲା। ତେଣୁ ଏହା ଇସ୍ରାଏଲକୁ ଦିଆଯାଇପାରେ ବୋଲି କୁହାଯାଉଛି।

ଅନ୍ୟପକ୍ଷରେ ଇରାନ ସର୍ବୋଚ୍ଚ ନେତା ଅୟତୁଲ୍ଲା ଅଲ ଖାମନେଇ ନିଜ ଉତ୍ତରାଧିକାରୀ ପାଇଁ ୩ ଜଣଙ୍କୁ ମନୋନୀତ କରିଥିବା ଜଣାପଡ଼ିଛି। ଏମାନଙ୍କ ମଧ୍ୟରେ ଖାମନେଇଙ୍କ ପୁଅ ମୋଜତବାର ନାମ ନାହିଁ। ପୂର୍ବରୁ ଖାମନେଇଙ୍କ ପୁଅ ହିଁ ତାଙ୍କ ଉତ୍ତରାଧିକାରୀ ହୋ।ବେ ବୋଲି କୁହାଯାଉଥିଲା।

## ଇରାନ୍‌ରୁ ଫେରିଲେଣି ୮୨୭ ଭାରତୀୟ

ନୂଆଦିଲ୍ଲୀ, ୨୧।୬(ଏଜେନ୍ସି): ଇସ୍ରାଏଲ ଓ ଇରାନ ମଧ୍ୟରେ ଯୁଦ୍ଧ ଚାଲିଥିବା ବେଳେ ଭାରତ ସରକାରଙ୍କ ଅପରେସନ ସିନ୍ଧୁ ଜରିଆରେ ମୋଟ ଉପରେ ୮୨୭ ଜଣ ଭାରତ ଫେରିଛନ୍ତି। ଶୁକ୍ରବାର ବିଳମ୍ବିତ ରାତିରେ ୨୯୦ ଜଣ ଭାରତୀୟ ନାଗରିକ ସ୍ୱଦେଶ ଫେରିଛନ୍ତି। ସେହିପରି ଶନିବାର ସଂଧ୍ୟା ୪ଟା ୩୦ରେ ଆଉ ୩୧୦ ଜଣ ଭାରତୀୟ ନାଗରିକ ଦିଲ୍ଲୀରେ ପହଞ୍ଚିଛନ୍ତି। ଏମାନଙ୍କ ମଧ୍ୟରୁ ଅଧିକାଂଶ କଶ୍ମୀରର ଛାତ୍ର। ଏହାକୁ ବାଦ୍ ଦେଲେ ଆଉକିଛି ନାଗରିକ ଦିଲ୍ଲୀ, ହାରିୟାଣା, କର୍ଣ୍ଣାଟକ ଓ ପଶ୍ଚିମବଙ୍ଗର ବୋଲି କୁହାଯାଇଛି। ଏପର୍ଯ୍ୟନ୍ତ ମୋଟ୍ ୮୨୭ଜଣ ଭାରତୀୟ ନାଗରିକ ସ୍ୱଦେଶ ପ୍ରତ୍ୟାବର୍ତ୍ତନ କରିଛନ୍ତି ବୋଲି ବୈଦେଶିକ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ଶୁକ୍ରବାର ରାତିରେ ଦୁଇଟି ପର୍ଯ୍ୟାୟରେ ୪୦୭ ଭାରତୀୟ ଫେରିଛନ୍ତି। ରାତି ୧୦.୩୦ରେ ୧୯୦ ଜଣ କଶ୍ମୀର ଛାତ୍ର ସମେତ ୨୯୦ ନାଗରିକ ଫେରିଥିଲେ। ସେହିପରି ରାତି ୩ଟା ଆସି ପହଞ୍ଚିଥିବା ବିମାନରେ ୧୧୭ ଜଣ ଭାରତ ଫେରିଥିଲେ। ଏହାପୂର୍ବରୁ ଜୁନ୍ ୧୯ରେ ୧୧୦ ଜଣ ଛାତ୍ର ଆର୍ମେନିଆ ଓ ଦୋହା ବାଟ ଦେଇ ଭାରତ ପହଞ୍ଚିଥିଲେ। ଶନିବାର ସନ୍ଧ୍ୟାରେ ଆଉଏକ ବିମାନ କିଛି ଭାରତୀୟଙ୍କୁ ଆଣିବାର କାର୍ଯ୍ୟକ୍ରମ ରହିଛି। ଇରାନରୁ ଦିଲ୍ଲୀ ପହଞ୍ଚିବା ପରେ ଏହି ଯାତ୍ରୀମାନେ 'ବନ୍ଦେ ମାତରମ' ଓ 'ଭାରତ ମାତା କି ଜୟ' ସ୍ଲୋଗାନ ଦେଇଥିଲେ ଓ କିଛି ଲୋକ ବେଶ୍ ଭାବପ୍ରବଣ ହୋଇ ପଡ଼ିଥିଲେ। ସେମାନଙ୍କ ଆଖିରେ ଲୁହ ଦେଖିବାକୁ ମିଳିଥିଲା। ଆଉ କେତେକ ଲୋକ ମାଟିକୁ ମୁଣ୍ଡିଆ ମାରିଥିଲେ। ଭାରତରେ ପହଞ୍ଚିବା ପରେ ଆମକୁ ଶାନ୍ତି ମିଳିଛି ବୋଲି ଏମାନେ ଏଠାରେ ପହଞ୍ଚିବା ପରେ କହିଛନ୍ତି।

## ଇସ୍ରାଏଲ୍ ଆକ୍ରମଣକୁ ଭାରତ ନିନ୍ଦା କରୁ: ସୋନିଆ



ନୂଆଦିଲ୍ଲୀ, ୨୧।୬(ଏଜେନ୍ସି): କଂଗ୍ରେସ ବରିଷ୍ଠ ନେତ୍ରୀ ସୋନିଆ ଗାନ୍ଧୀ ଇସ୍ରାଏଲ ଓ ଇରାନ ମଧ୍ୟରେ ଚାଲିଥିବା ଯୁଦ୍ଧ ଓ ଏଥିରେ ଭାରତର ଭୂମିକା ନେଇ ମୁହଁ ଖୋଲିଛନ୍ତି। ଏହି ଯୁଦ୍ଧ ଶନିବାର ୯ମ ଦିନରେ ପହଞ୍ଚିଛି। ଇରାନ ଉପରେ ଇସ୍ରାଏଲ୍‌ର ଆକ୍ରମଣକୁ ସେ ଖୋଲାଖୋଲି ଭାବେ ନିନ୍ଦା କରିଛନ୍ତି। ଏକ ଦୈନିକ ଖବରକାଗଜରେ ସ୍ତମ୍ଭ ଲେଖି ସେ ଏ ନେଇ ନିଜର ଆଭିମୁଖ୍ୟ ସ୍ପଷ୍ଟ କରିଛନ୍ତି। ଇସ୍ରାଏଲ ନିଜେ ଏକ ପରମାଣୁ ଶକ୍ତି ଭାବେ ପ୍ରତିଷ୍ଠା ହାସଲ କରିଛି। କିନ୍ତୁ ପରମାଣୁ ଅସ୍ତ୍ର ତିଆରି କରିବା ଅଭିଯୋଗରେ ଇରାନ୍ ଉପରେ ଅନ୍ୟାୟ ଭାବେ ଆକ୍ରମଣ କରାଯାଉଛି। ଏହା ଇସ୍ରାଏଲ୍ ଦୋ ମୁହାଁ ନୀତିକୁ ସୂଚାଉଛି ବୋଲି ସେ କହିଛନ୍ତି। ପୁଣି ଇରାନ ଭାରତର ପୁରଣା ବନ୍ଧୁ। ଏବେ ଯୁଦ୍ଧ ଚାଲିଥିବା ବେଳେ ଭାରତର ନୀରବତା ଚିନ୍ତା ସୃଷ୍ଟି କରୁଛି। ଗାଜାରେ ଚାଲିଥିବା ଧ୍ୱଂସ ଓ ଇରାନ୍‌ରେ ହେଉଥିବା ଆକ୍ରମଣ ନେଇ ଭାରତ ତା'ର ଅଭିମୁଖ୍ୟ ସ୍ପଷ୍ଟ କରିବା ଉଚିତ। ଏବେ ମଧ୍ୟ ବହୁତ ବିଳମ୍ବ ହୋଇନାହିଁ ଓ ଯଥେଷ୍ଟ ସମୟ ରହିଛି। ଭାରତ ଏ ନେଇ ଦୃଢ଼ ଭାବେ ଇସ୍ରାଏଲର ଆକ୍ରମଣକୁ ନିନ୍ଦା କରିବା ଉଚିତ। ଇରାନ ଏକାଧିକବାର ଭାରତକୁ ବିଭିନ୍ନ କ୍ଷେତ୍ରରେ ସମର୍ଥନ କରିଆସିଛି। ଗାଜାରେ ଏବେ ୫୫, ୦୦୦ରୁ ଅଧିକ ଲୋକ ପ୍ରାଣ ହରାଇସାରିଛନ୍ତି। ଏବେ ସେଠାରେ ଭୋକରେ ଲୋକ ମରିବା ଆରମ୍ଭ କଲେଣି। ତେଣୁ ଇରାନ ସମର୍ଥନରେ ଭାରତକୁ ଏବେ ଖୋଲାଖୋଲ ମନ୍ତବ୍ୟ ଦେବା ଉଚିତ ବୋଲି ସୋନିଆ ତାଙ୍କ ଲେଖାରେ ଉଲ୍ଲେଖ କରିଛନ୍ତି।

ଇସ୍ରାଏଲ ଇରାନ ଉପରେ ଏକତରଫା ଓ ନିର୍ମମ ଭାବେ ଆକ୍ରମଣ କରିଛି। ଇସ୍ରାଏଲ ଇରାନର ସାର୍ବଭୌମତ୍ୱକୁ କ୍ଷୁର୍ଣ୍ଣ କରିଛି। ଏହା ବେଆଇନ ଓ ଆଞ୍ଚଳିକ ଶାନ୍ତିପ୍ରତି ବିପଦ ସୃଷ୍ଟି କରିଛି। ଇରାନ ଉପରେ ଚାଲିଥିବା ଆକ୍ରମଣକୁ କଂଗ୍ରେସ ଦୃଢ଼ ଭାବେ ନିନ୍ଦା କରୁଛି ବୋଲି ସେ କହିଛନ୍ତି। ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁଙ୍କ ନେତୃତ୍ୱରେ ଇସ୍ରାଏଲ୍ କେବଳ ଆତଙ୍କ, ଅଶାନ୍ତି ବୃଦ୍ଧି କରିଛି ଓ ଏହା ଅତ୍ୟନ୍ତ ଦୁର୍ଭାଗ୍ୟଜନକ। ସେହିପରି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଶାନ୍ତି ପ୍ରତିଷ୍ଠା ନେଇ ତାଙ୍କ ପ୍ରତିବଦ୍ଧତାରୁ ଓହରିଯାଇଛନ୍ତି। ଏପରି ସ୍ଥଳେ ପଶ୍ଚିମ ଏସିଆରେ କିପରି ଶାନ୍ତି ପ୍ରତିଷ୍ଠା ହେବ ସେ ନେଇ କୁଟନୈତିକ ପ୍ରୟାସ ଭାରତ ଜାରି ରଖିବା ଉଚିତ ବୋଲି ସେ କହିଛନ୍ତି।

## ପୁଣି ନିର୍ବାଚନ କମିସନ-ରାହୁଲ ମୁହାଁମୁହିଁ



■ ମତଦାନ କେନ୍ଦ୍ରର ଫୁଟେଜ ସାର୍ବଜନୀନ କରିହେବନି: ନିର୍ବାଚନ କମିସନର

■ ଯିଏ ଜବାବ ଦେବା କଥା ସିଏ ପ୍ରମାଣ ନଷ୍ଟ କରୁଛନ୍ତି : ରାହୁଲ

ନୂଆଦିଲ୍ଲୀ, ୨୧।୬ (ଏଜେନ୍ସି): ମତଦାନ କେନ୍ଦ୍ରରେ ହେଉଥିବା ୱେବକାଷ୍ଟିଂର ସିସିଟିଭି ଫୁଟେଜକୁ ସାର୍ବଜନୀନ କରାଯିବ ନାହିଁ ବୋଲି ଭାରତର ନିର୍ବାଚନ କମିସନ (ଇସିଆଇ) ସ୍ପଷ୍ଟ କରିଦେଇଛନ୍ତି। ଏହାକୁ ସାର୍ବଜନୀନ କଲେ ଭୋଟରଙ୍କ ପ୍ରତି ବିପଦ ସୃଷ୍ଟି ହେବ। ଏହାଦ୍ୱାରା ଭୋଟର ଏବଂ ଗୋଷ୍ଠୀଙ୍କୁ ଚିହ୍ନଟ କରିବା ସହଜ ହୋଇଯିବ। ଭୋଟ ଦେଉଥିବା ଏବଂ ନ ଦେଉଥିବା ବ୍ୟକ୍ତି ଉଭୟେ ଅସାମାଜିକଙ୍କ ଚାପ, ଭେଦଭାବ ଏବଂ ଧମକର ଶିକାର ହୋଇପାରନ୍ତି। ଏହା ସହିତ ସିସିଟିଭି ଫୁଟେଜ ସାର୍ବଜନୀନ କଲେ ଜନପ୍ରତିନିଧି ନିୟମରେ ଥିବା ବ୍ୟବସ୍ଥା ଏବଂ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶର ମଧ୍ୟ ଉଲ୍ଲଙ୍ଘନ ହେବ। ତେବେ ଏହି ସବୁ ଭିଡିଓ ଅନ୍ତରୀଣ ପର୍ଯ୍ୟବେକ୍ଷଣ ପାଇଁ ଉଦ୍ଦିଷ୍ଟ ଥାଏ। କିନ୍ତୁ ନିର୍ବାଚନ ସମ୍ବନ୍ଧିତ ଶୁଣାଣି ସମୟରେ ଯଦି କୋର୍ଟ ନିର୍ଦ୍ଦେଶ ଦିଅନ୍ତି ତେବେ ଏହାକୁ ସେୟାର କରାଯିବ ବୋଲି ଇସିଆଇଙ୍କ ପକ୍ଷରୁ ସ୍ପଷ୍ଟ କରିଦିଆଯାଇଛି। ମହାରାଷ୍ଟ୍ର ବିଧାନସଭା ନିର୍ବାଚନରେ ଜାଲିଆତି ହୋଇଥିବା ନେଇ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଦାବି କରିବା ପରେ ନିର୍ବାଚନ କମିଶନଙ୍କ ପକ୍ଷରୁ ଏହି ଜବାବ ଦିଆଯାଇଛି।

ଉଦାହରଣ ଦେଇ ଇସିଙ୍କ ପକ୍ଷରୁ କୁହାଯାଇଛି ଯେ ଯଦି କୌଣସି ରାଜନୈତିକ ଦଳକୁ ଏକ ବୁଥ୍‌ରେ କମ୍ ଭୋଟ ମିଳେ ତେବେ ସେହି ଦଳ ସିସିଟିଭି ଫୁଟେଜ ଆଧାରରେ କିଏ ଭୋଟ ଦେଇଛି ଏବଂ କିଏ ଦେଇନି ତାହା ସହଜରେ ଚିହ୍ନଟ କରିଦେବ। ଏହା ପରେ ଭୋଟ ଦେଇ ନ ଥିବା ଲୋକଙ୍କୁ ସମସ୍ୟାରେ ପକାଯାଇପାରେ। ଏହା ପୂର୍ବରୁ ଗତ ମାସରେ ନିର୍ବାଚନ ପ୍ରକ୍ରିୟାରେ ୪୫ ଦିନ ପରେ ୱେବକାଷ୍ଟିଂ ଏବଂ ଭିଡିଓ ଫୁଟେଜକୁ ନଷ୍ଟ କରିବା ପାଇଁ ଇସିଆଇ ରାଜ୍ୟ ନିର୍ବାଚନ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଯଦି ଏହି ଅବଧି ଭିତରେ କେହି ଫଳାଫଳକୁ କୋର୍ଟରେ ବିରୋଧ କରିନାହାନ୍ତି ତେବେ ତାହାକୁ ନଷ୍ଟ କରିବାକୁ କହିଥିଲେ।

ରାହୁଲ ଗାନ୍ଧୀ ଅଭିଯୋଗ କରିଥିଲେ ଯେ ଭୋଟର ତାଲିକା ମାଗିଲେ ମେସିନ-ରିଡାବୁଲ ଫର୍ମାଟ ଦେବନାହିଁ ବୋଲି କହୁଛନ୍ତି। ଆଇନ ବଦଳାଇ ସିସିଟିଭି ଫୁଟେଜକୁ ଛପାଇ ଦେଇଛନ୍ତି। ଏବେ ନିର୍ବାଚନର ଫଟୋ ଏବଂ ଭିଡିଓକୁ ବର୍ଷେ ନୁହେଁ, ବରଂ ୪୫ ଦିନରେ ନଷ୍ଟ କରିଦେବେ। ଯାହାଠାରୁ ଜବାବ ଚାହୁଁଥିଲୁ ସେ ପ୍ରମାଣ ନଷ୍ଟ କରୁଛନ୍ତି। ମ୍ୟାଚ୍ ଫିକ୍ସ ହୋଇଯାଇଛି ବୋଲି ସ୍ପଷ୍ଟ ଦେଖାଯାଉଛି। ଫିକ୍ସ ହୋଇଥିବା ନିର୍ବାଚନ ଗଣତନ୍ତ୍ର ପାଇଁ ବିପଦ। ଏହା ପରେ ନିର୍ବାଚନ କମିଶନଙ୍କ ଜବାବ ଆସିଥିଲା। ଏହାକୁ ଉତ୍ତର ଦେଇ ରାହୁଲ କହିଥିଲେ ଯେ ସାମ୍ବିଧାନିକ ସଂସ୍ଥା ଭାବେ ଗୁରୁତର ପ୍ରଶ୍ନର ଉତ୍ତର ଏଭଳି ଭାବେ ଦିଆଯାଏ ନାହିଁ। ଯଦି କିଛି ଲୁଚାଇବାକୁ ନାହିଁ ତେବେ ମୋ ପ୍ରଶ୍ନର ଉତ୍ତର ଦେଇ ପ୍ରମାଣ ରଖନ୍ତୁ ବୋଲି ରାହୁଲ କହିଥିଲେ।

## ଅଘଟଣରୁ ବର୍ତ୍ତିଲା ଆଉ ଏକ ଯାତ୍ରୀ ବିମାନ




■ ସରିଗଲା ଇନ୍ଧନ, ପାଇଲଟ୍‌ଙ୍କ ମେଡେ କଲ୍

■ ଇଣ୍ଡିଗୋ ବିମାନର ଜରୁରୀ ଅବତରଣ

ନୂଆଦିଲ୍ଲୀ, ୨୧।୬(ଏଜେନ୍ସି): ଅହମ୍ମଦାବାଦ ବିମାନ ଦୁର୍ଘଟଣାର ପାଖାପାଖି ଗୋଟିଏ ସପ୍ତାହ ପରେ ଆଉଏକ ବିମାନର ପାଇଲଟ୍ ମେଡେ କଲ୍ କରିଛନ୍ତି। ଗୌହାଟୀରୁ ଚେନ୍ନାଇ ଯାଉଥିବା ଇଣ୍ଡିଗୋ ବିମାନର ପାଇଲଟ୍ ଏହି ଇମର୍ଜେନ୍ସି କଲ୍ କରିଥିଲେ। ଜୁନ୍ ୧୯ରେ ଏହି ଘଟଣା ଘଟିଛି। ବିମାନରେ ଇନ୍ଧନ କମ୍ ଥିବା ଜାଣିପାରି ପାଇଲଟ ଏୟାର ଟ୍ରାଫ୍ କଣ୍ଟ୍ରୋଲ (ଏଟିସି)କୁ କଲ୍ କରିଥିଲେ। ବିମାନରେ ପାଇଲଟଙ୍କ ଜରୁରୀକାଳୀନ କଲ୍‌କୁ ମେଡେ କୁହାଯାଇଥାଏ। ଫଳରେ ଏହି ବିମାନକୁ ତୁରନ୍ତ ବେଙ୍ଗାଲୁରୁ ଏୟାରପୋର୍ଟରେ ଅବତରଣ କରାଯାଇଥିଲା। ଗୌହାଟୀରୁ ଟେକ୍‌ଅଫ୍ କରିବା ପରେ ଏହି ବିମାନରେ ଇନ୍ଧନ ପର୍ଯ୍ୟାପ୍ତ ପରିମାଣର ନଥିଲା ବୋଲି ପାଇଲଟ୍ ଜାଣିବାକୁ ପାଇଥିଲେ। ଫଳରେ ବିମାନକୁ ଚେନ୍ନାଇ ବଦଳରେ ବେଙ୍ଗାଲୁରୁ ଯାଇଥିଲା। ଏହି ବିମାନରେ ୧୬୮ ଜଣ ଯାତ୍ରୀ ଥିଲେ। ବେଙ୍ଗାଲୁରୁ ବିମାନ ବନ୍ଦରରେ ଇନ୍ଧନ ଭରିବା ପରେ ଏହି ବିମାନ ଚେନ୍ନାଇ ଯାତ୍ରା କରିଥିଲା। ଏହି ପାଇଲଟ୍‌ଙ୍କୁ ବର୍ତ୍ତମାନ ପାଇଁ ଦାୟିତ୍ୱରୁ ହଟାଇ ଦିଆଯାଇଛି। ଉଲ୍ଲେଖଥାଉ କି, ମେଡେ ହେଉଛି ଏକ ଫ୍ରେଞ୍ଚ୍ ଶବ୍ଦ। ଏହାର ଅର୍ଥ ମୋତେ ବଞ୍ଚାଅ ବା ରକ୍ଷାକର।

## ୨୨ଟି ରାଜ୍ୟରେ ପ୍ରବଳ ବର୍ଷା ନେଇ ସତର୍କତା

ନୂଆଦିଲ୍ଲୀ, ୨୧।୬(ଏଜେନ୍ସି): ମୌସୁମୀ ଦ୍ରୁତଗତିରେ ଉତ୍ତର ଭାରତରେ ବ୍ୟାପୀବାରେ ଲାଗିଛି। ଶୁକ୍ରବାର ଉତ୍ତରାଖଣ୍ଡ, ହିମାଚଳ ପ୍ରଦେଶ ଓ ଜମ୍ମୁ-କଶ୍ମୀର କିଛି ସ୍ଥାନରେ ମୌସୁମୀ ପହଞ୍ଚିଛି। ସାରା ଦେଶରେ ମୌସୁମୀ ତା'ର ଏଣ୍ଟ୍ରି ମାରିସାରିଛି। ଏବେ କେବଳ ଦିଲ୍ଲୀ, ହାରିୟାଣା, ଚଣ୍ଡିଗଡ଼ ଓ ପଞ୍ଜାବରେ ମୌସୁମୀ ପହଞ୍ଚିବା ବାକି ରହିଛି। ରାଜସ୍ଥାନର ୫୦ ପ୍ରତିଶତ ସ୍ଥାନରେ ମୌସୁମୀ ପହଞ୍ଚି ସାରିଛି। ଦେଶର ୨୨ଟି ରାଜ୍ୟରେ ପ୍ରବଳ ବର୍ଷା ହେବା ନେଇ ସତର୍କତା ଜାରି କରାଯାଇଛି। ଅଗାମୀ ଗୋଟିଏ ଦିନ ମଧ୍ୟରେ ହିମାଚଳ, ଉତ୍ତରାଖଣ୍ଡ, ଗୁଜରାଟ, ବିହାର, ଆସାମ, ମେଘାଳୟ, ହାରିୟାଣା, ଚଣ୍ଡିଗଡ଼, ଦିଲ୍ଲୀ, ଉତ୍ତରପ୍ରଦେଶ, ମହାରାଷ୍ଟ୍ର, କୋଙ୍କଣ- ଗୋଆରେ ବର୍ଷା ହେବାର ଅରେଞ୍ଜ ଆଲର୍ଟ ଜାରି କରାଯାଇଛି। ସେହିପରି ରାଜସ୍ଥାନ, ପଞ୍ଜାବ, ତେଲଙ୍ଗାନା, ଝାଡଖଣ୍ଡ, ଛତିଶଗଡ଼, ଓଡ଼ିଶା, କର୍ଣ୍ଣାଟକ ଉପକୂଳବର୍ତ୍ତୀ ସ୍ଥାନ, ବେଙ୍ଗଲ, ସିକିମ, କେରଳ ଓ ମଧ୍ୟ ପ୍ରଦେଶ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି ବୋଲି ପାଣିପାଗ କହିଛି।

## ଶାହରୁଖଙ୍କ ବାସଭବନରେ ଫରେଷ୍ଟ ବିଭାଗର ଯାଞ୍ଚ୍

ମୁମ୍ବାଇ, ୨୧।୬(ଏଜେନ୍ସି): ସ୍ଥାନୀୟ ବାନ୍ଦ୍ରାର ବ୍ୟାଣ୍ଡଷ୍ଟାଣ୍ଡ ଅଞ୍ଚଳରେ ଥିବା ବଲିଉଡ୍ ସୁପରଷ୍ଟାର ଶାହରୁଖ ଖାନ୍‌ଙ୍କ ବଙ୍ଗଳା 'ମନ୍ନତ'ରେ ବ୍ରିହାନମୁମ୍ବାଇ ମ୍ୟୁନିସପାଲ କର୍ପୋରେସନ (ବିଏମ୍‌ସି) ଓ ଫରେଷ୍ଟ ବିଭାଗ ଯାଞ୍ଚ୍ କରିଛି। କୋଷ୍ଟାଲ ରେଗୁଲେସନ ଜୋନ (ସିଆରଜେଡ୍) ନିୟମର ଉଲ୍ଲଂଘନ ହୋଇଥିବା ନେଇ ଶୁକ୍ରବାର ଏହି ଯାଞ୍ଚ୍ ହୋଇଛି। ବିନା ଅନୁମତିରେ ଏହି ବଙ୍ଗଳାରେ କୌଣସି ନିର୍ମାଣ କାର୍ଯ୍ୟ ହୋଇଛି କି ନା ସେ ନେଇ ଯାଞ୍ଚ କରାଯାଇଥିଲା ବୋଲି ବିଏମ୍‌ସି ଓ ଫରେଷ୍ଟ ବିଭାଗରେ ଅଧିକରୀମାନେ କହିଛନ୍ତି। ୨୭, ୦୦୦ ବର୍ଗଫୁଟ୍ ଏରିଆରେ ଥିବା ଏହି ବଙ୍ଗଳାରେ ପୁନର୍ଗଠନ କାର୍ଯ୍ୟ ଚାଲୁ ରହିଛି। ୬ ମହଲା ବିଶିଷ୍ଟ ଏହି ବଙ୍ଗଳାରେ ଦୁଇ ବର୍ଷ ହେବ ନିର୍ମାଣ କାର୍ଯ୍ୟ ଚାଲୁ ରହିଛି। ଏଥିରେ ଆଉ ଦୁଇଟି ମହଲା ସାମିଲ କରାଯିବାର ଯୋଜନା ରହିଛି। ଏଥିପାଇଁ ଶାହାରୁଖଙ୍କ ସମେତ ପତ୍ନୀ ଗୌରୀ ଓ ୩ ସନ୍ତାନ ଆର୍ଯ୍ୟନ, ସୁହାନା, ଅବରାମ ଅସ୍ଥାୟୀ ଭାବେ ମନ୍ନତଠାରୁ ୧୦ ମିନିଟ ଦୂର ଖାରରେ ଏକ ଡୁପ୍ଲେକ୍ସରେ ରହୁଛନ୍ତି। ଶାହରୁଖ ଏହି ବଙ୍ଗଳାକୁ ୨୦୦୧ରେ କ୍ରୟ କରିଥିଲେ। ତେବେ ୧୯୧୪ରୁ ମନ୍ନତର ଏକ ଐତିହାସିକ ପରମ୍ପରା ରହିଆସିଛି।

## ଚଳନ୍ତା ଟ୍ରେନ୍‌ରେ ଯୁବକକୁ ପିଟିପିଟି ହତ୍ୟା

ବାଗପତ, ୨୧।୬(ଏଜେନ୍ସି): ୟୁପିରେ ବାଗପତରେ ଚଳନ୍ତା ଟ୍ରେନ୍‌ରେ ଜଣେ ଯୁବକକୁ ପିଟି ପିଟି ହତ୍ୟା କରିବାର ଘଟଣା ସାମ୍ନାକୁ ଆସିଛି। ଯୁବକ ଜଣକ ସାହରାନପୁର- ଦିଲ୍ଲୀ ପାସେଞ୍ଜର ଟ୍ରେନ୍‌ରେ ବାଗପତ ଆସୁଥିଲେ। ଫଖରପୁର ଷ୍ଟେସନ ନିକଟରେ ସିଟ୍‌ରେ ବସିବାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା। ଏହାପରେ ୧୫ରୁ ୨୦ଜଣ ଲୋକ ସାଥି ହୋଇ ଯୁବକଙ୍କୁ ଗୋଇଠା, ମୁଥ ମାରିବା ସହ ବେଲ୍ଟରେ ପିଟିଥିଲେ। ବାଗପତଠାରୁ ୧୦ କିମି ଦୂରରେ ଥିବା ଖେକଡ଼ା ଷ୍ଟେସନରେ ଟ୍ରେନ ରହିବା ପରେ ଅଭିଯୁକ୍ତମାନେ ଓହ୍ଲାଇ ପଳାଇଯାଇଥିଲେ। ଟ୍ରେନ୍‌ରେ ଯାଉଥିବା ଯୁବକଙ୍କ ଜଣେ ବନ୍ଧୁ ଜିଆରିପି ଓ ତାଙ୍କ ପରିବାରକୁ ସୂଚନା ଦେଇଥିଲେ। ତାଙ୍କୁ ହସ୍ପିଟାଲ ନିଆଯାଇଥିଲେ ମଧ୍ୟ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଯୁବକଙ୍କ ନାମ ହେଉଛି ଦୀପକ ଓ ସେ ଦିଲ୍ଲୀରେ ଚାକିରି କରୁଥିଲେ। ସେ ଦିଲ୍ଲୀ ବାଗପତସ୍ଥିତ ନିଜ ଘରକୁ ଯାଉଥିଲେ। ଶୁକ୍ରବାର ଏହି ଘଟଣା ଘଟିଥିଲେ ମଧ୍ୟ ଶନିବାର ଏହାର ଭିଡିଓ ସାମ୍ନାକୁ ଆସିଛି।

## ବେଲୁନ୍ ଦୁର୍ଘଟଣାରେ ୮ ମୃତ

ସାଓପାଓଲୋ, ୨୧।୬(ଏଜେନ୍ସି): ବ୍ରାଜିଲ୍‌ରେ ହଟ୍ ଏୟାର ବେଲୁନ୍ ଦୁର୍ଘଟଣାରେ ୮ ଜଣ ଲୋକ ପ୍ରାଣ ହରାଇଛନ୍ତି। ଆକାଶରେ ଉଡୁଥିବା ବେଳେ ଏହି ବେଲୁନ୍‌ରେ ହଠାତ୍ ନିଆଁ ଲାଗିଯାଇଥିଲା। ଏହି ବେଲୁନରେ ସେତେବେଳେ ୨୧ଜଣ ଲୋକ ଥିଲେ। ଏମାନଙ୍କ ମଧ୍ୟରୁ ୮ ଜଣ ମୃତ୍ୟୁବରଣ କରିଛନ୍ତି। ନିଆଁ ଲାଗିବା ପରେ ବେଲୁଟି ସିଧା ତଳକୁ ଖସି ମାଟିରେ ପଡ଼ିଯାଇଥିଲା।

## ଟ୍ରମ୍ପଙ୍କୁ ନୋବେଲ ପାଇଁ ପାକ୍ ଯୁକ୍ତି ପଛର ରହସ୍ୟ

ଇସଲାମାବାଦ, ୨୧।୬: ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଚଳିତ ବର୍ଷ ଲାଗି ନୋବେଲ ଶାନ୍ତି ପୁରସ୍କାର ପ୍ରଦାନ କରିବାକୁ ଦାବି କରିଛି ପାକିସ୍ତାନ। ପାକିସ୍ତାନ ଏଭଳି ଦାବି କରୁଥିବାରୁ ଏହାର ସେନା ଅଧ୍ୟକ୍ଷ ଜେନେରାଲ ଅସିମ ମୁନିରଙ୍କୁ ହ୍ୱାଇଟ୍ ହାଉସ୍ ଡାକି ଟ୍ରମ୍ପ ମଧ୍ୟାହ୍ନ ଭୋଜନର ଆୟୋଜନ କରିବା ମଧ୍ୟ ସାରା ବିଶ୍ୱରେ ଚର୍ଚ୍ଚାର ବିଷୟ ହୋଇଛି। ପ୍ରଥମେ ଟ୍ରମ୍ପଙ୍କ ସପକ୍ଷରେ ଏଭଳି ଯୁକ୍ତି ରଖିଥିଲେ ଜେନେରାଲ ମୁନିର। ଏହାପରେ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ ମଧ୍ୟ ଯୁକ୍ତି କରିଛନ୍ତି। ଆଜି ପାକିସ୍ତାନ ସରକାର ଆଉ ଗୋଟିଏ ପାଦ ଆଗକୁ ଯାଇ ଟ୍ରମ୍ପଙ୍କୁ ନୋବେଲ ପୁରସ୍କାର ଦିଆଯାଉ ବୋଲି ସୁପାରିସ କରିଛନ୍ତି।

ଏହାକୁ ନେଇ ପାକିସ୍ତାନ ଭିତରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ପାକିସ୍ତାନର ଅନେକ ପୂର୍ବତନ କୁଟନୀତିଜ୍ଞ ଏବଂ ସାମାଜିକ କର୍ମୀ ସରକାରଙ୍କର ଏଭଳି ଆଭିମୁଖ୍ୟର ତୀବ୍ର ସମାଲୋଚନା କରିଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ଯେ ଗାଜାରେ ଇସ୍ରାଏଲ ଗଣହତ୍ୟା ଚଳାଇଛି ଏବଂ ଏହାକୁ ଟ୍ରମ୍ପ ଖୋଲାଖୋଲି ସମର୍ଥନ କରୁଛନ୍ତି। ପୂର୍ବରୁ ଗାଜା ନରସଂହାରକୁ ନିନ୍ଦା କରିଥିବା ପାକିସ୍ତାନ କିଭଳି ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ପାଇଁ ଯୁକ୍ତି କରୁଛି। ପୁଣି ଇରାନ ଉପରେ ଇସ୍ରାଏଲର ଆକ୍ରମଣକୁ ମଧ୍ୟ ଟ୍ରମ୍ପ କେବଳ ସମର୍ଥନ କରୁନାହାନ୍ତି, ଇରାନ ଉପରେ ଆମେରିକା ଆକ୍ରମଣ କରିବ ବୋଲି କହୁଛନ୍ତି। ହିଂସା ଓ ନରସଂହାରରେ ବିଶ୍ୱାସ କରୁଥିବା ଜଣେ ରାଷ୍ଟ୍ର ନେତାଙ୍କୁ ନୋବେଲ ପୁରସ୍କାର ପାଇଁ ପାକିସ୍ତାନ ପ୍ରସ୍ତାବ ଦେବା ନିନ୍ଦନୀୟ ବୋଲି ସେମାନେ କହିଛନ୍ତି। ପର୍ବୂତନ କୂଟନୀତିଜ୍ଞ ତଥା ସାମାଜିକ କର୍ମୀ ମଲିହା ଲୋଧି ଏବଂ ସିନେଟର ଅଲ୍ଲମା ରଜା ନସିରଙ୍କ ସମେତ ଅନେକ ସାମାଜିକ କର୍ମୀ ଏଭଳି ମତ ପ୍ରକାଶ କରିଛନ୍ତି। ସେହିଭଳି ବିଶ୍ୱ ବିଦେଶ ନୀତି ବିଶେଷଜ୍ଞ



ଡେରେକ୍ ଗ୍ରସମ୍ୟାନ୍ କହିଛନ୍ତି ଯେ ବିଶ୍ୱ ଦରବାରରେ ପାକିସ୍ତାନର ଯାହା କିଛି ସମ୍ମାନ ଥିଲା, ତାହା ଏଭଳି ନୋବେଲ ଦାବି ଯୋଗୁଁ କ୍ଷୁଣ୍ଣ ହୋଇଛି।

ଅନ୍ୟପକ୍ଷରେ ପାକିସ୍ତାନ ସରକାରଙ୍କର ଯୁକ୍ତି ହେଉଛି ଯେ ଭାରତ ଓ ପାକିସ୍ତାନ ମଧ୍ୟରେ ଯୁଦ୍ଧବିରତିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିବାରୁ ଟ୍ରମ୍ପଙ୍କୁ ନୋବେଲ ପୁରସ୍କାର ମିଳିବା ଉଚିତ। ଟ୍ରମ୍ପ ମଧ୍ୟ ବାରମ୍ବାର କହି ଆସୁଛନ୍ତି ଯେ ଦୁଇ ଦେଶ ମଧ୍ୟରେ ସେ ଅସ୍ତ୍ରବିରତି କରାଇଥିଲେ। କିନ୍ତୁ ସେ ଶ୍ରେୟ ନେବାକୁ ଚାହାନ୍ତି। ଅନ୍ୟପକ୍ଷରେ ଭାରତ ସରକାର କହିଆସୁଛନ୍ତି ଯେ ଅସ୍ତ୍ରବିରତିରେ ତାଙ୍କର କୌଣସି ଭୂମିକା ନାହିଁ। ପାକିସ୍ତାନୀ ସେନା ଅନୁରୋଧ କରିବାରୁ ଭାରତ ଅପେରସନ ସିନ୍ଦୂରକୁ ଅଟକାଇଛି। ତଥାପି ଅସ୍ତ୍ରବିରତି ପାଇଁ ଟ୍ରମ୍ପ ଶ୍ରେୟ ନିଜ ଉପରକୁ ନେବା ଏବଂ ତାଙ୍କୁ ପାକିସ୍ତାନ ପ୍ରଶଂସା କରିବା ପଛରେ କି ରହସ୍ୟ ରହିଛି ତାହାକୁ ନେଇ କୁଟନୈତିକମାନଙ୍କ ମଧ୍ୟରେ ଆଲୋଚନା ଆରମ୍ଭ ହୋଇଛି। ଅନେକ ବିଦେଶ ନୀତି ବିଶାରଦଙ୍କ ମତେରେ ପାକିସ୍ତାନର ଏଭଳି ଟ୍ରମ୍ପ ପ୍ରଶଂସା ପଛରେ ଭିନ୍ନ ଉଦ୍ଦେଶ୍ୟ ରହିଛି ଏବଂ ତାହା ହେଉଛି କଶ୍ମୀର ପ୍ରସଙ୍ଗ। ଦୁଇ ଦେଶ ମଧ୍ୟରେ ଯୁଦ୍ଧବିରତି ପରେ ଟ୍ରମ୍ପ କହିଥିଲେ ଯେ କଶ୍ମୀର ବିବାଦର ସମାଧାନ କ୍ଷେତ୍ରରେ ସେ ମଧ୍ୟସ୍ଥତା କରିବାକୁ ପ୍ରସ୍ତୁତ ଅଛନ୍ତି। ଟ୍ରମ୍ପଙ୍କ ଏହି ପ୍ରସ୍ତାବ କଶ୍ମୀର ବିବାଦକୁ ବିଶ୍ୱ ସ୍ତରକୁ ନେବାରେ ପାକିସ୍ତାନକୁ ଖୋରାକ ଯୋଗାଇଛି। ତେଣୁ ଭାରତକୁ ଅଡୁଆରେ ପକାଇବା ଲାଗି ପାକିସ୍ତାନ ଏହାକୁ ସୁବର୍ଣ୍ଣ ସୁଯୋଗ ବୋଲି ଧରିନେଇଛି। କେବଳ କଶ୍ମୀର ପ୍ରସଙ୍ଗକୁ ଜୀବତ ରଖିବା ଲାଗି ଟ୍ରମ୍ପଙ୍କୁ ନୋବେଲ ପାଇଁ ସୁପାରିସ କରିବା ପଛରେ ଏହା ହେଉଛି ପାକିସ୍ତାନର ଅସଲି ଚାଲ ବୋଲି ସେମାନେ ମତ ଦେଇଛନ୍ତି।

## ଅହମଦାବାଦ୍ ଦୁର୍ଘଟଣା : ତିନି ଅଧିକାରୀଙ୍କୁ ହଟାଇଲା ଏୟାର ଇଣ୍ଡିଆ

ନୂଆଦିଲ୍ଲୀ, ୨୧।୬(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ପାଇଁ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏକ କଡ଼ା ପଦକ୍ଷେପ ନେଇଛି। ଡିଜିସିଏ ଏୟାର ଇଣ୍ଡିଆର ୩ ଜଣ ବରିଷ୍ଠ ଅଧିକାରୀଙ୍କୁ ହଟାଇବାକୁ ନିଷ୍ପତ୍ତି ନେଇଛି। ଡିଜିସିଏ ଡିଭିଜନାଲ ଭାଇସ୍ ପ୍ରେସିଡେଣ୍ଟ ଚୂଡା ସିଂ, କ୍ରୁ ଶେଡଲିଂ କରୁଥିବା ଚିଫ୍ ମ୍ୟାନେଜର ପିଙ୍କି ମିତ୍ତଲ ଓ କ୍ରୁ ଶେଡ୍ଲିଂ ପ୍ଲାନିଂ କରୁଥିବା ପାୟଲ ଆରୋଡାଙ୍କୁ ଦାୟିତ୍ୱରୁ ହଟାଇଛି। ଆଭିଏସନ ସେଫ୍ଟି ପ୍ରୋଟୋକଲର ଗମ୍ଭୀର ଉଲ୍ଲଂଘନ ଅଭିଯୋଗରେ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି।



ଡିଜିସିଏର ନିର୍ଦ୍ଦେଶକୁ ଯଥାଶୀଘ୍ର ଲାଗୁ କରାଯାଇଛି ବୋଲି ଏୟାର ଇଣ୍ଡିଆ ତରଫରୁ କୁହାଯାଇଛି। ଏବେ କମ୍ପାନୀର ଚିଫ୍ ଅପରେସନାଲ ଅଧିକାରୀ ଆଗାମୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ଇଣ୍ଟିଗ୍ରେଟେଡ ଅପରେସନ କଣ୍ଟ୍ରୋଲ ସେଣ୍ଟରର ଦାୟିତ୍ୱରେ ରହିବେ ବୋଲି କୁହାଯାଇଛି। ଶୁକ୍ରବାର ଏହି ନିର୍ଦ୍ଦେଶ ଦିଆଯାଇଥିଲେ ମଧ୍ୟ ଶନିବାର ଏ ବିଷୟରେ ସୂଚନା ଦିଆଯାଇଛି। ଜୁନ୍ ୧୨ରେ ବିମାନ ଦୁର୍ଘଟଣାକୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ଅହମଦାବାଦ୍‌ରୁ ଲଣ୍ଡନ ଯାଉଥିବା ଏଆଇ-୧୭୧ ଟେକ୍‌ଅଫ୍ କରିବାର ମାତ୍ର କେତେ ସେକେଣ୍ଡ ମଧ୍ୟରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ଫଳରେ ବିମାନ ଏକ ମେଡିକାଲ କଲେଜ ହଷ୍ଟେଲ୍ ଛାତରେ ମାଡ଼ ହୋଇଥିଲା। ଏଥିରେ ମୋଟ୍ ଉପରେ ୨୭୦ଜଣ ଲୋକ ପ୍ରାଣ ହରାଇଥିଲେ।



# ନଡ଼ିଆ ଷଢ଼େଇର କାରିଗର ଉଦ୍ୟୋଗୀ ମାରିଆ

ନଡ଼ିଆକୁ ଶୁଭ ଫଳ ବୋଲି କୁହାଯାଏ। ଏହାର ପ୍ରତ୍ୟେକ ଅଂଶର ଗୁରୁତ୍ୱ ରହିଛି। ସେହିପରି ନଡ଼ିଆ କତାରୁ ପାପୋଛ, ଘର ସାଜଉପକରଣ ଆଦି ପ୍ରସ୍ତୁତ କରାଯାଏ। ହେଲେ ଅଧିକାଂଶ ଲୋକେ ନଡ଼ିଆକୁ ବ୍ୟବହାର କରି ସାରିବା ପରେ ଏହାର ଷଢ଼େଇକୁ ଆବର୍ଜନା ତଥା ଅଦରକାରୀ କହି ଏଣେତେଣେ ଫୋପାଡ଼ି ଦିଅନ୍ତି, କିନ୍ତୁ ଏହି ଅଦରକାରୀ ଷଢ଼େଇକୁ ସଂଗ୍ରହ କରି ସେଥିରୁ ଭଳିକି ଭଳି ଘରକରଣା ଜିନିଷ ପ୍ରସ୍ତୁତ କରି ଜଣେ ସଫଳ ଉଦ୍ୟୋଗୀ ହୋଇପାରିଛନ୍ତି, କେରଳର ମାରିଆ କୁରିୟାକୋସ। ସେ ଏହାଦ୍ୱାରା ନିଜେ ସ୍ୱାବଲମ୍ବୀ ହେବା ସହ ଅନ୍ୟ ମହିଳାଙ୍କୁ ରୋଜଗାର ଦେଇଛନ୍ତି।






### ବ୍ୟବସାୟ ପ୍ରତି ଆଗ୍ରହ

ମାରିଆ କୁରିଆକୋସ କେରଳ ତ୍ରିଶୂରରେ ରୁହନ୍ତି। ସେ ୨୦୧୬ ମସିହାରେ ଅର୍ଥଶାସ୍ତ୍ରରେ ସ୍ନାତକ କରି ଉଚ୍ଚ ଶିକ୍ଷା ପାଇଁ ବିଦେଶ ଯାଇଥିଲେ। ପାଠପଢ଼ା ପରେ ସେ ଏକ କର୍ପୋରେଟ୍ କମ୍ପାନୀରେ ଚାକିରି କରୁଥିଲେ; କିନ୍ତୁ ଚାକିରିରେ ତାଙ୍କୁ ସନ୍ତୋଷ୍ଟି ମିଳି ନ ଥିଲା। ସେ କିଛି ଭିନ୍ନ ତଥା ନୂଆ କରିବାକୁ ଚାହୁଁଥିଲେ। ଏଥିପାଇଁ ୨୦୧୯ ମସିହାରେ ଚାକିରି ଛାଡ଼ି ସେ ବ୍ୟବସାୟ କରିବାକୁ ଭାବିଥିଲେ। ଏ ନେଇ ବହୁ ଗବେଷଣା କରିଥିଲେ। ତ୍ରିଶୂରରେ ନଡ଼ିଆ ତେଲ ପ୍ରସ୍ତୁତ ହେଉଥିବା ମିଲ୍‌କୁ ସେ ବୁଲିବାକୁ ଯାଇଥିଲେ। ସେଠାରେ ନଡ଼ିଆରୁ ତେଲ ପ୍ରସ୍ତୁତ ପରେ ପଡ଼ି ରହୁଥିବା ଷଢ଼େଇକୁ ସେ ଦେଖିଥିଲେ। ସେହି ଷଢ଼େଇକୁ ଉପଯୋଗ କରି ସେଥିରୁ ଘରକରଣା ସହ ଘରସଜ୍ଜା ଉପକରଣ ତିଆରି କରିବାକୁ ସ୍ଥିର କରିଥିଲେ।

### ୨୦୧୯ ରେ ଆରମ୍ଭ 'ଥେଙ୍ଗା କୋକୋ'

ମଲୟାଲମରେ ଥେଙ୍ଗା ଶବ୍ଦର ଅର୍ଥ ନଡ଼ିଆ। ମାରିଆ କୁରିଆକୋସ ୨୦୧୯ ମସିହାରେ 'ଥେଙ୍ଗା କୋକୋ' ନାମରେ ଏକ ବ୍ୟବସାୟ ଆରମ୍ଭ କରିଥିଲେ। ଏଥିରେ ସେ ନଡ଼ିଆ ଷଢ଼େଇକୁ ବ୍ୟବହାର କରି ବିଭିନ୍ନ ଘରକରଣା ସାମଗ୍ରୀ ପ୍ରସ୍ତୁତ କରି ବିକ୍ରି କରୁଥିଲେ। ପରବର୍ତ୍ତୀ ସମୟରେ ବହୁ ପରୀକ୍ଷା ନିରୀକ୍ଷା କରି ସେ ଷଢ଼େଇକୁ ଉପଯୋଗ କରି ରୋଷେଇ ସମାଗ୍ରୀ ଯଥା - କପ୍, ପିଠାଖଡ଼ିକା, ଡଙ୍କି, ଗିନା, ଥାଳି ଆଦି ପ୍ରସ୍ତୁତ କରିଥିଲେ। ଏଥିସହ ଗୃହ ସାଜପୋକରଣ ଫୁଲଦାନି, ଧୂପକାଠି ଦାନୀ, କଳସ, ମହମବତୀ, ଝୁମର୍ ଆଦି ଭଳିକି ଭଳି ଜିନିଷ ତିଆରି କରିଥିଲେ। ଏହା ପରିବେଶ ଅନୁକୂଳ ହୋଇଥିବାରୁ ଏହି ଜିନିଷର ଚାହିଦା ବୃଦ୍ଧି ପାଇଥିଲା। ପରବର୍ତ୍ତୀ ସମୟରେ ସେ ଅନ୍ୟ ମହିଳାଙ୍କୁ ନିୟୋଜିତ କରି ସାମଗ୍ରୀ ପ୍ରସ୍ତୁତ କରିଥିଲେ।

### ପ୍ରାକୃତିକ ଜିନିଷରେ ତିଆରି


ମାରିଆ ନଡ଼ିଆ ଷଢ଼େଇରୁ ନିର୍ମିତ ଉତ୍ପାଦଗୁଡ଼ିକରେ କୌଣସି ରାସାୟନିକ ଜିନିଷ ବ୍ୟବହାର କରୁ ନ ଥିଲେ। ସେ କେବଳ ପ୍ରାକୃତିକ ପଦାର୍ଥ ବ୍ୟବହାର କରି ଏହି ସାମଗ୍ରୀ ପ୍ରସ୍ତୁତ କରିଥିଲେ। ଷଢ଼େଇ ନିର୍ମିତ ଜିନିଷରେ ଚମକ ଆଣିବା ପାଇଁ ସେ ନଡ଼ିଆ ତେଲ ବ୍ୟବହାର କରିଥାନ୍ତି। ଏହାଦ୍ୱାରା ଜିନିଷ ଅଧିକ ସୁନ୍ଦର ଓ ଆକର୍ଷଣୀୟ ଦିଶିଥାଏ। ସେ ପ୍ରଥମେ ଏହାକୁ ଅନ୍‌ଲାଇନ୍‌ରେ ବିକ୍ରି କରିବା ଆରମ୍ଭ କରିଥିଲେ। ଦେଖୁ ଦେଖୁ ବ୍ୟବସାୟ ବୃଦ୍ଧି ହେଲା। ଏବେ ଥେଙ୍ଗା ଏକ ବିଶ୍ୱସ୍ତରୀୟ ବ୍ରାଣ୍ଡ ପାଲଟିଛି।

### ବିଦେଶରେ ରହିଛି ଚାହିଦା

ନଡ଼ିଆ ଷଢ଼େଇରୁ ନିର୍ମିତ ଜିନିଷ କେବଳ ଭାରତରେ ନୁହେଁ, ବିଦେଶରେ ମଧ୍ୟ ଏହି ସାମଗ୍ରୀର ବେଶ୍ ଚାହିଦା ରହିଛି। ସ୍ପେନ୍, ଡେନ୍‌ମାର୍କ, ଅଷ୍ଟ୍ରେଲିଆ, ବ୍ରିଟେନ୍ ଭଳି ଦେଶରେ ଏହି ବ୍ୟବସାୟ ଲୋକପ୍ରିୟ ହୋଇଛି। ଏବେ ଏହି କମ୍ପାନୀରେ ୪୦ରୁ ଅଧିକ ମହିଳା କାର୍ଯ୍ୟ କରି ପରିବାର ପ୍ରତିପୋଷଣ କରିପାରୁଛନ୍ତି।

# ଚଷମା ପିନ୍ଧୁଥିଲେ, ଏପରି କରନ୍ତୁ ମେକ୍‌ଅପ୍

ଅନେକ ମହିଳା ଆଖିକୁ ସୂର୍ଯ୍ୟକିରଣରୁ ସୁରକ୍ଷା ଦେବା ତଥା ଷ୍ଟାଇଲ୍ ପାଇଁ ଚଷମା ପିନ୍ଧିଥାନ୍ତି। ଅବଶ୍ୟ ଏହା ବ୍ୟକ୍ତିତ୍ୱକୁ ସୁନ୍ଦର କରିଥାଏ। ତେବେ ଚଷମା ପିନ୍ଧୁଥିବା ମହିଳାମାନେ ମେକ୍‌ଅପ୍ କରିବା ସମୟରେ ବିଶେଷ ଦିଗ ପ୍ରତି ଧ୍ୟାନ ଦେବା ଆବଶ୍ୟକ।



### ଭ୍ରୂଲତା ପ୍ରତି ଧ୍ୟାନ ଦିଅନ୍ତୁ

ଭ୍ରୂଲତାରେ ପେନ୍‌ସିଲ୍ କିମ୍ବା ପାଉଡର୍ ଲଗାଇ ଏକ ଆକାର ଦିଅନ୍ତୁ। ଏହା ମୁହଁର ସୌନ୍ଦର୍ଯ୍ୟ ବୃଦ୍ଧି କରି ଆଖିକୁ ଆକର୍ଷଣୀୟ କରିଥାଏ।

### ମ୍ୟାଟ୍ ଫାଉଣ୍ଡେସନ୍

ସାଧାରଣତଃ ଚଷମା ଲଗାଇଲେ ଏହା ନାକ ପାଖରେ ଅଟକି ଥାଏ। ଏହାଦ୍ୱାରା ଫାଉଣ୍ଡେସନ୍, କନ୍‌ସିଲର୍ ବାହାରି ଯିବାର ଆଶଙ୍କା ଥାଏ। ତେଣୁ ଏହାକୁ ରୋକିବା ପାଇଁ ହାଲୁକା ମ୍ୟାଟ୍ ଫାଉଣ୍ଡେସନ୍ ଲଗାଇପାରିବେ।

### ଆଖି ହାଇଲାଇଟ୍

ସେହିପରି ଚଷମା ଫ୍ରେମ୍ ଅନୁଯାୟୀ ଆଖି ମେକ୍‌ଅପ୍ କରିବା ଭଲ। ଫ୍ରେମ୍ ପତଳା ଥିଲେ ପତଳା ସେପ୍‌ରେ ଆଇ ଲାଇନର୍ ଲଗାନ୍ତୁ। ସେହିପରି ମୋଟା ଫ୍ରେମ୍ ଥିଲେ, ମୋଟା ଆଇଲାଇନର୍ ଲଗାଇପାରିବେ। ଏହା ଦ୍ୱାରା ଆଖି ବଡ଼ ଓ ସୁନ୍ଦର ଦିଶିଥାଏ।

### ବୋଲ୍‌ଡ ଲିପ୍‌ଷ୍ଟିକ୍

ଆଖି ମେକ୍‌ଅପ୍ କରିବାକୁ ଚାହୁଁ ନ ଥିଲେ, ଓଠରେ ବୋଲ୍‌ଡ ଲିପ୍‌ଷ୍ଟିକ୍ ଲଗାଇପାରିବେ। ଏହା ଦ୍ୱାରା ଲୁକ୍ ବାଲାନ୍ସ ହୋଇଥାଏ।

### ପ୍ରାଇମର୍ ସେଟିଙ୍ଗ ସ୍ପ୍ରେ

ମେକ୍‌ଅପ୍‌କୁ ଦୀର୍ଘ ସମୟ ରଖିବା ପାଇଁ ଆଖି ପ୍ରାଇମର୍ ତଥା ସେଟିଙ୍ଗ ସ୍ପ୍ରେ ବ୍ୟବହାର କରିପାରିବେ।

# କକ୍‌ଟେଲ୍ ରିଙ୍ଗ୍

ମହିଳାମାନେ ସୁନ୍ଦର ଓ ଆକର୍ଷଣୀୟ ଦିଶିବା ପାଇଁ ବିଭିନ୍ନ ଅଳଙ୍କାର ପିନ୍ଧିଥାନ୍ତି। ସମୟନୁସାରେ ଏଥିରେ ଭିନ୍ନତା ଦେଖିବାକୁ ମିଳିଥାଏ। ସେହିପରି ଏବେ ଟ୍ରେଣ୍ଡରେ ରହିଛି କକ୍‌ଟେଲ୍ ରିଙ୍ଗ୍। ଏଥିରେ ଉଭୟ ଆଧୁନିକ ଓ ପାରମ୍ପରିକ ଟଚ୍ ରହିଛି। ଏବର ମହିଳାଙ୍କ ମଧ୍ୟରେ ଏହି ରିଙ୍ଗ୍‌ର ଖୁବ୍ ଚାହିଦା ରହିଛି। ଜାଣିବା ସେ ବିଷୟରେ...



- ବର୍ତ୍ତମାନ ସମୟରେ କକ୍‌ଟେଲ୍ ରିଙ୍ଗ୍ ମହିଳାଙ୍କର ପ୍ରଥମ ପସନ୍ଦ ପାଲଟିଛି। ଏହା ବଜେଟ୍ ଅନୁସାରେ ଭିନ୍ନ ଡିଜାଇନର ମିଳିଥାଏ। ନିଜ ଲୁକ୍‌ରେ ସାମାନ୍ୟ ପରିବର୍ତ୍ତନ ଆଣିବାକୁ ଚାହୁଁଥିଲେ, ଏହି ରିଙ୍ଗ୍ ପିନ୍ଧିପାରିବେ।
- ସେହିପରି ରୟାଲ୍ କକ୍‌ଟେଲ୍ ରିଙ୍ଗ୍ ଉଭୟ ପାରମ୍ପରିକ ଓ ଆଧୁନିକ ଆଉଟ୍‌ଫିଟ୍‌କୁ ମାନିଥାଏ। ସେହିପରି କାଜୁଆଲ୍ ଆଉଟ୍‌ଫିଟ୍‌ରେ ଏହାକୁ କ୍ୟାରି କଲେ ଏକ ବୋଲ୍‌ଡ ଲୁକ୍ ମିଳିଥାଏ।
- ଟ୍ରାଇବାଲ୍ କକ୍‌ଟେଲ୍ ରିଙ୍ଗ୍‌କୁ ସମସ୍ତେ ପିନ୍ଧିପାରିବେ। କାଜୁଆଲ୍ ଲୁକ୍‌କୁ ଏହି ଡିଜାଇନ୍ ଭଲ ମାନିଥାଏ। ଅଫିସିଆଲ୍ ଲୁକ୍‌ରେ ନିଜକୁ ଭିନ୍ନ ଲୁକ୍ ଦେବାକୁ ଚାହୁଁଥିଲେ ଏହା ପିନ୍ଧିପାରିବେ।

# ଶୁଷ୍କ ତ୍ୱଚାର ଘରୋଇ ଉପଚାର

ସାଧାରଣତଃ ଶୁଷ୍କ ତଥା ରୁକ୍ଷ ତ୍ୱଚାକୁ ସତେଜ କରିବା ପାଇଁ ମହିଳାମାନେ ଟୋନର୍ ଲଗାଇଥାନ୍ତି। କିନ୍ତୁ ବଜାରରେ ମିଳୁଥିବା ଟୋନର୍‌ରେ ବହୁ ରସାୟନିକ ଉପାଦାନ ରହିଥାଏ। ଏହା ତ୍ୱଚାକୁ କ୍ଷତି ପହଞ୍ଚାଇଥାଏ। ତେଣୁ ଚାହିଁଲେ ଘରେ ଥିବା ପ୍ରାକୃତିକ ଜିନିଷକୁ ଉପଯୋଗ କରି ଟୋନର୍ ପ୍ରସ୍ତୁତ କରିପାରିବେ। ଏହା ତ୍ୱଚାରେ ଆର୍ଦ୍ରତା ବଜାୟ ରଖିବା ସହ ଚମକ ଆଣିଥାଏ। ଜାଣିବା ସେ ବିଷୟରେ...

### ଗୋଲାପ ଜଳ ଓ ଗ୍ଲିସେରିନ୍

ଗୋଲାପଜଳ ତ୍ୱଚାକୁ ଥଣ୍ଡା ରଖୁଥିବା ବେଳେ, ଗ୍ଲିସେରିନ୍ ତ୍ୱଚାରେ ଆର୍ଦ୍ରତା ବଜାୟ ରଖିଥାଏ। ତେଣୁ ଏହାକୁ ମିଶାଇ ଟୋନର୍ ପ୍ରସ୍ତୁତ କରିପାରିବେ। ଏଥିପାଇଁ ଗୋଟିଏ ପାତ୍ରରେ ତିନିଚାମଚ ଗୋଲାପଜଳ ଓ ଏକ ଚାମଚ ଗ୍ଲିସେରିନ୍ ମିଶାଇ ଏକ ବୋତଲରେ ରଖନ୍ତୁ। ଏହାକୁ ମୁହଁ ଧୋଇବା ପରେ ଲଗାନ୍ତୁ।

### କାକୁଡ଼ି – ଆଲୋଭେରା

କାକୁଡ଼ି, ଆଲୋଭେରା ତ୍ୱଚାକୁ ଥଣ୍ଡା ରଖିବା ସହ ହାଇଡ୍ରେଟ୍ ରଖିବାରେ ସହାୟକ ହୋଇଥାଏ। ଏହି ଟୋନର ପ୍ରସ୍ତୁତ କରିବା ପାଇଁ ଫାଳେ କାକୁଡ଼ିକୁ ଗ୍ରେଟେଡ୍ କରି ସେଥିରେ ଦୁଇଚାମଚ ଆଲୋଭେରା ଜେଲ୍ ମିଶାନ୍ତୁ। ଏହାକୁ ଫ୍ରିଜ୍‌ରେ ରଖି ତ୍ୱଚାରେ ଲଗାନ୍ତୁ।

### ଗ୍ରୀନ୍-ଟି ଓ ନିମ୍ବ ପତ୍ର


ଗ୍ରୀନ୍- ଟିରେ ଆଣ୍ଟିଅକ୍ସିଡାଣ୍ଟ ଗୁଣ ରହିଥାଏ। ସେହିପରି ନିମ୍ବରେ ଆଣ୍ଟିବ୍ୟାକ୍ଟେରିଆଲ୍ ଗୁଣ ରହିଥାଏ। ତେଣୁ ଗୋଟିଏ ପାତ୍ରରେ ପାଣିଦେଇ ସେଥିରେ ଗ୍ରୀନ୍ ଟି ଓ ନିମ୍ବପତ୍ର ପକାଇ ଫୁଟାନ୍ତୁ। ଥଣ୍ଡା ହୋଇଯିବା ପରେ ଗୋଟିଏ ବୋତଲକୁ ଢାଳି ଦିଅନ୍ତୁ। ଏହାକୁ ପ୍ରତିଦିନ ତ୍ୱଚାରେ ଲଗାନ୍ତୁ।





# ଶରୀର ଦୁର୍ଗନ୍ଧ ଦୂରେଇବାକୁ...

ବର୍ଷାଦିନେ ଆର୍ଦ୍ରତା ଯୋଗୁଁ ଝାଳ ଅଧିକ ବୋହିଥାଏ। ଫଳରେ ଦେହରୁ ଦୁର୍ଗନ୍ଧ ବାହାରେ। ତେବେ ଏହି ଝାଳ ଦୁର୍ଗନ୍ଧରୁ ରକ୍ଷା ପାଇବା ପାଇଁ କେତେକ ଘରୋଇ ଉପାୟକୁ ଆପଣାଇପାରିବେ।



- ଶରୀର ଦୁର୍ଗନ୍ଧ ଦୂର କରିବାର ସୁବଠୁ ଭଲ ଉପାୟ ହେଉଛି, ଗୋଲାପ ଜଳ। ଗୋଧାଇବା ପାଣିରେ ଗୋଲାପ ଜଳ ମିଶାନ୍ତୁ। ଏହା ଦ୍ୱାରା ଶରୀରରୁ ଦୁର୍ଗନ୍ଧ ଦୂର ହେବ।
- ଶରୀରର ଯେଉଁ ଅଂଶରୁ ଦୁର୍ଗନ୍ଧ ଆସୁଛି, ସେହି ସ୍ଥାନରେ ଆଳୁକୁ ବ୍ୟବହାର କରିପାରିବେ। ଆଳୁକୁ କାଟି ଶରୀର ଦୁର୍ଗନ୍ଧ ହେଉଥିବା ସ୍ଥାନରେ ଘଷିଲେ ସମସ୍ୟା ଦୂର ହୁଏ।
- ଗାଧୋଇବା ପାଣିରେ ଫିଟିକିରି ମିଶାଇପାରିବେ। ଏଥିରେ କିଛି ପୋଦିନା ପତ୍ର ମଧ୍ୟ ବାଟି ପକାଇପାରିବେ।
- ଗୋଲାପ ଜଳରେ ଟି-ଟ୍ରି ଅଏଲ୍ ମିଶାଇ କାଖରେ ଲଗାଇଲେ ଦୁର୍ଗନ୍ଧ ବାହାରି ନ ଥାଏ।
- ସେହିପରି ବେକିଂ ସୋଡାରେ ପାଣି ମିଶାଇ ସେଥିରେ ଲେମ୍ବୁ ରସ ମିଶାନ୍ତୁ। ଦଶ ମିନିଟ୍ ପର୍ଯ୍ୟନ୍ତ କାଖରେ ଲଗାଇ ଧୋଇ ଦିଅନ୍ତୁ। ଝାଳ ଦୁର୍ଗନ୍ଧ ଦୂର ହେବ।

# ଅର୍ଗାନିକ ହେୟାର୍ କଲର୍‌ର ଫାଇଦା



ଅଧିକାଂଶ ମହିଳା ବଜାରର ମିଳୁଥିବା ରଙ୍ଗକୁ ବ୍ୟବହାର କରି ହେୟାର୍ କଲର୍ କରିଥାନ୍ତି। ହେଲେ ଏଥିରେ ଅଧିକ ମାତ୍ରାରେ ଆମୋନିଆ, ପେରକ୍ସାଇଡ୍ ଭଳି ରସାୟନ ରହିଥାଏ। ଯାହା କେଶକୁ ଦୁର୍ବଳ ଓ ରୁକ୍ଷ କରିଥାଏ; କିନ୍ତୁ ପ୍ରାକୃତିକ ରଙ୍ଗରେ କୌଣସି ପ୍ରକାର ରସାୟନ ନଥାଏ। ଏହା କେଶକୁ ମଜଭୂତ କରି କେଶଝଡ଼ା ରୋକିଥାଏ।

- ପ୍ରାକୃତିକ ରଙ୍ଗରେ ଅଁଳା, ମେହେନ୍ଦୀ ଭଳି ତତ୍ତ୍ୱ ରହିଥାଏ। ଏହା କେଶକୁ ରଙ୍ଗିନ୍ କରିବା ସହ ପୋଷଣ ଦେଇଥାଏ। ଏହା ଦ୍ୱାରା କେଶ ମଜଭୂତ ରହିଥାଏ।
- ରସାୟନିକ ରଙ୍ଗ ଦ୍ୱାରା ଅନେକ ସମୟରେ କେଶମୂଳ କୁଣ୍ଡାଇ ହୋଇଥାଏ; କିନ୍ତୁ ପ୍ରାକୃତିକ ରଙ୍ଗ ନରମ ହୋଇଥାଏ। ଏହା କେଶମୂଳକୁ ସୁସ୍ଥ ରଖିବାରେ ସହାୟକ ହୋଇଥାଏ।
- ଏହା କହରା କେଶରେ ପ୍ରାକୃତିକ ଚମକ ଆଣିଥାଏ। ଏହା କେଶକୁ ଘନକଳା ଓ ମଜଭୂତ କରିଥାଏ।
- ପ୍ରାକୃତିକ ରଙ୍ଗ ସର୍ବଦା ପରିବେଶ ଅନୁକୂଳ ହୋଇଥାଏ। ତେଣୁ ଏହା କେଶକୁ କୌଣସି ପ୍ରକାର କ୍ଷତି ପହଞ୍ଚାଏ ନାହିଁ।

## ମୋ ହାଣ୍ଡିଶାଳରୁ...

# ଅଣ୍ଡା କୋର୍‌ମା

### ଆବଶ୍ୟକ ସାମଗ୍ରୀ

ସିଝା ଅଣ୍ଡା - ଚାରୋଟି, କଟା ପିଆଜ - ଏକ କପ୍, ଅଦାରସୁଣ ପେଷ୍ଟ - ଏକ ଚାମଚ, କାଜୁ - ଚାରି, ପାଞ୍ଚଟି, ଦହି - ଅଧା କପ୍, ହଳଦୀ ଗୁଣ୍ଡ - ଏକ ଚାମଚ, ଲଙ୍କା ଗୁଣ୍ଡ - ଏକ ଚାମଚ, ଜିରା ଗୁଣ୍ଡ - ଏକ ଚାମଚ, ଧନିଆଗୁଣ୍ଡ- ଏକ ଚମଚା, ଗରମମସଲା- ଏକ ଚାମଚ, ଡାଲଚିନି - ଛୋଟ ଖଣ୍ଡେ, ଜିରା - ଅଳ୍ପ, ଲୁଣ - ସ୍ୱାଦ ଅନୁସାରେ, ତେଲ - ଆବଶ୍ୟକତା ଅନୁସାରେ।

### ପ୍ରସ୍ତୁତି ପ୍ରଣାଳୀ

ଗ୍ୟାସ୍ ଲଗାଇ କଡ଼େଇ ବସାଇ ତେଲ ଦିଅନ୍ତୁ। ଏହାପରେ କଟା ପିଆଜ ଦେଇ ଭାଜନ୍ତୁ। ପିଆଜ ନାଲି ହୋଇଯିବା ପରେ ଏହାକୁ ଏକ ପାତ୍ରକୁ କାଢ଼ି ଦିଅନ୍ତୁ। ଥଣ୍ଡା ହୋଇଗଲେ ଜାର୍‌ରେ ପିଆଜ, କାଜୁ, କଞ୍ଚାଲଙ୍କା, ଦହି ଦେଇ ବାଟନ୍ତୁ। ଏହାପରେ ଚୁଲାରେ କଡ଼େଇ ବସେଇ ତେଲ ଦେଇ ହଳଦୀ, ଲଙ୍କା ଗୁଣ୍ଡ ପକାଇ ସିଝାଅଣ୍ଡା ଭାଜନ୍ତୁ। ଭାଜି ହୋଇଯିବା ପରେ ଏକ ପ୍ଲେଟ୍‌କୁ କାଢ଼ି ଦିଅନ୍ତୁ। ସେହି କଡ଼େଇରେ ଅଳ୍ପ ତେଲ ଦେଇ ଡାଲଚିନି, ଜିରା, ଅଦାରସୁଣ ପେଷ୍ଟ ପକାଇ ଲଙ୍କା, ହଳଦୀ, ଜିରା ଗୁଣ୍ଡ ପକାନ୍ତୁ। ଏହାପରେ ବାଟି ରଖିଥିବା ମସଲା ଦେଇ କଷନ୍ତୁ। ସେଥିରେ ଅଳ୍ପ ପାଣି ଦେଇ ଆବଶ୍ୟକ ଅନୁସାରେ ଲୁଣ ମିଶାଇ କିଛି ସମୟ ଘୋଡ଼ାଇ ଦିଅନ୍ତୁ। ଏହାପରେ ଭଜା ଅଣ୍ଡା ଦେଇ ଅଳ୍ପ ସମୟ ଘୋଡ଼େଇ ଦିଅନ୍ତୁ। ପ୍ରସ୍ତୁତ ହୋଇଗଲା 'ଅଣ୍ଡା କୋର୍‌ମା'।



■ ଏଫ୍ଆଇଏଚ୍ ପ୍ରୋ ଲିଗ୍

## ୟୁରୋପ୍ ଲେଗ୍‌ରେ ଭାରତୀୟ ମହିଳା ଦଳର ୫ମ ପରାଜୟ

**ଅନ୍ତୱର୍ପ, ୨୧।୬ (ଏଜେନ୍ସି):** ଚଳିତ ଏଫ୍ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ହକି ଦଳ ୟୁରୋପ୍ ଲେଗ୍‌ରେ ତଥାପି ବିଜୟ ହାସଲ କରିପାରି ନାହିଁ। ଶନିବାର ଏଠାରେ ଖେଳାଯାଇଥିବା ଏକ ମ୍ୟାଚରେ ଭାରତ ୧-୫ ଗୋଲ୍‌ରେ ଶକ୍ତିଶାଳୀ ବେଲ୍‌ଜିୟମ ମହିଳା ହକି ଦଳ ନିକଟରୁ ପରାସ୍ତ ହୋଇଛି। ଭାରତ ପକ୍ଷରୁ ଦୀପିକା ଏକମାତ୍ର ଗୋଲ୍‌ଟି ଦେଇଥିଲେ। ସେହିଭଳି ବେଲ୍‌ଜିୟମ ପାଇଁ ହେଲେନ ବ୍ରାଜେଅର୍ ୨ଟି ଏବଂ ଲୁସି ବ୍ରେନି, ଆମ୍ବ୍ରି ବାଲେଙ୍ଗଇନ ଓ ଚାର୍ଲୋଟେ ଏଙ୍ଗଲବେର୍ଟ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଏହି ମ୍ୟାଚରେ ଭାରତ ୧୭ଟି ପେନାଲ୍ଟି କର୍ଣ୍ଣର ସୁଯୋଗ ବେଲ୍‌ଜିୟମକୁ ଦେଇଥିଲା। ଯାହାର ଫାଇଦା ଉଠାଇ ବେଲ୍‌ଜିୟମ ସହଜରେ ବିଜୟୀ ହୋଇଥିଲା। ଚଳିତ ୟୁରୋପ ଲେଗ୍‌ରେ ଭାରତୀୟ ମହିଳା ଦଳର ଏହା କ୍ରମାଗତ ୫ମ ପରଜାୟ। ଏଥିପୂର୍ବରୁ ଭାରତୀୟ ମହିଳା ଦଳ ଅଷ୍ଟ୍ରେଲିଆ ଓ ଆର୍ଜେଣ୍ଟିନା ନିକଟରୁ ଦୁଇଥର ଲେଖାଏ ପରାସ୍ତ ହୋଇଥିଲା। ରବିବାର ଭାରତ ପୁଣିଥରେ ବେଲ୍‌ଜିୟମ ସହ ଖେଳିବାର କାର୍ଯ୍ୟସୂଚୀ ରହିଛି। ଅପରପକ୍ଷରେ ଶନିବାର ଭାରତୀୟ ପୁରୁଷ ହକି ଦଳ ମଧ୍ୟ ସମାନ ବେଲ୍‌ଜିୟମ ନିକଟରୁ ପରାସ୍ତ ହୋଇଛି। ରାତିରେ ଅନୁଷ୍ଠିତ ଏହି ମ୍ୟାଚରେ ବେଲ୍‌ଜିୟମ ପୁରୁଷ ଦଳ ୫-୨ ଗୋଲ୍‌ରେ ବିଜୟୀ ହୋଇଥିଲା। ଚଳିତ ପ୍ରୋ ଲିଗ୍‌ରେ ଭାରତର ଏହା ୧୫ତମ ମ୍ୟାଚରୁ ୧୦ମ ପରାଜୟ ଥିଲା।

■ ଫିଡେ ଲାଇଭ ରେଟିଂ

## ଗୁକେଶଙ୍କୁ ପଛରେ ପକାଇ ଶ୍ରେଷ୍ଠ-୫ରେ ପ୍ରଜ୍ଞାନନ୍ଦ

**ନୂଆଦିଲ୍ଲୀ,୨୧।୬(ଏଜେନ୍ସି):** ଚେସ୍ ଗ୍ରାଣ୍ଡମାଷ୍ଟର ରମେଶ ବାବୁ ପ୍ରଜ୍ଞାନନ୍ଦ ଫିଡେ ଲାଇଭ ଚେସ୍ ରେଟିଂରେ ଶ୍ରେଷ୍ଠ-୫ରେ ପ୍ରବେଶ କରିଛନ୍ତି। ସେ ଏହି କ୍ରମରେ ବିଶ୍ୱ ଚାମ୍ପିଅନ ଭାରତୀୟ ଗ୍ରାଣ୍ଡ ମାଷ୍ଟର ଡି ଗୁକେଶଙ୍କୁ ପଛରେ ପକାଇଛନ୍ତି। ଗୁକେଶ ଷଷ୍ଠ ସ୍ଥାନରେ ରହିଛନ୍ତି। ପ୍ରଜ୍ଞାନନ୍ଦଙ୍କ ଲାଇଭ ଚେସ୍ ରେଟିଂ ୨୭୭୭.୨ରେ ପହଞ୍ଚିଛି। ସେହିପରି ଗୁକେଶ ୨୭୭୬.୬ ପଏଣ୍ଟ ସହ ସାମାନ୍ୟ ପଛରେ ରହିଛନ୍ତି। ୧୯ ବର୍ଷୀୟ ପ୍ରଜ୍ଞାନନ୍ଦ ଏବେ ଉଜବେକିସ୍ତାନର ତାସକେଣ୍ଟରେ ଚାଲିଥିବା ଉଜଚେସ୍ କପ୍ ମାଷ୍ଟର୍ସରେ ଅଂଶଗ୍ରହଣ କରିଛନ୍ତି। ଫିଡେ ଲାଇଭ ଚେସ୍ ରେଟିଂର ଶ୍ରେଷ୍ଠ ୧୦ରେ ୩ ଜଣ ଭାରତୀୟ ସ୍ଥାନୀତ ହୋଇଛନ୍ତି। ପ୍ରଜ୍ଞାନନ୍ଦ ଓ ଗୁକେଶଙ୍କୁ ବାଦ୍ ଦେଲେ ୨୧ ବର୍ଷୀୟ ଭାରତର ଅର୍ଜୁନ ଏରିଗାଇସି ଚତୁର୍ଥ ସ୍ଥାନରେ ରହିଛନ୍ତି। ଏହାପୂର୍ବରୁ ଗତଥର ପ୍ରକାଶିତ ରେଟିଂରେ ଶ୍ରେଷ୍ଠ-୧୦ରେ ୪ ଜଣ ଭାରତୀୟ ସାମିଲ ରହିଥିଲେ। ଅର୍ଜୁନ, ପ୍ରଜ୍ଞାନନ୍ଦ, ଗୁକେଶଙ୍କୁ ବାଦ୍ ଦେଲେ ଅରବିନ୍ଦ ଚିଦାମ୍ବରମ ଟପ୍-୧୦ରେ ସାମିଲ ଥିଲେ। ଏବେ ଅରବିନ୍ଦ ଟପ୍-୧୦ରୁ ବାଦ୍ ପଡି ୧୫ତମ ସ୍ଥାନକୁ ଖସିଛନ୍ତି।

## କିଟ୍‌ରେ ଯୋଗଦିବସ ପାଳିତ



**ଭୁବନେଶ୍ୱର, ୨୧।୬ (ସମିସ):** ଏଗାରତମ ଅନ୍ତର୍ଜାତୀୟ ଯୋଗ ଦିବସ ଶନିବାର କିଟ୍ ଓ କିସ୍ ବିଶ୍ୱବିଦ୍ୟାଳୟ ପରିସରରେ ପାଳିତ ହୋଇଯାଇଛି। ଦିଲ୍ଲୀ ବିଶ୍ୱବିଦ୍ୟାଳୟର ପ୍ରଫେସର ଧର୍ମେନ୍ଦ୍ର କୁମାର ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ସେହିଭଳି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମ୍ମାନିତ ଅତିଥିଭାବେ ଉପସ୍ଥିତ ରହି ଯୋଗର ଉପକାରିତା ଉପରେ ମତ ରଖିଥିଲେ। ଏଥିସହ ନିରନ୍ତର ଯୋଗ କରିବାକୁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ କିଟ୍‌ର ସ୍କୁଲ ଅଫ୍ ସ୍ପୋର୍ଟ୍ସ ଆଣ୍ଡ ୟୋଗିକ ସାଇନ୍ସର ଅଧ୍ୟାପକ ଓ ଛାତ୍ରଛାତ୍ରୀଙ୍କ ସମେତ ବିଶ୍ୱବିଦ୍ୟାଳୟର ସମସ୍ତ ବରିଷ୍ଠ କର୍ମକର୍ତ୍ତା, ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କିଟ୍ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସରଣଜିତ୍ ସିଂହ, ରେଜିଷ୍ଟ୍ରାର ଜ୍ଞାନରଞ୍ଜନ ମହାନ୍ତି, ବିଶ୍ୱବିଦ୍ୟାଳୟର କ୍ରୀଡ଼ା ନିର୍ଦ୍ଦେଶକ ଡ. ଗଗନେନ୍ଦୁ ଦାଶ ପ୍ରମୁଖ ଉପସ୍ଥିତ ରହିଥିଲେ।

**ଲିଡ୍ସ ଟେଷ୍ଟ ୨ୟ ଦିନ**

# ପନ୍ତଙ୍କ ଶତକ ସତ୍ତ୍ୱେ ଭାରତ ୪୭୧ରେ ସୀମିତ

**ଲିଡ୍ସ, ୨୧।୬ (ଏଜେନ୍ସି):**

ଘରୋଇ ଇଂଲଣ୍ଡ ବିପକ୍ଷରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟର ପ୍ରଥମ ପାଳିରେ ଭାରତ ୪୭୧ ରନ କରି ଅଲ୍ଆଉଟ୍ ହୋଇଯାଇଛି। ଦ୍ୱିତୀୟ ଦିବସରେ ୱିକେଟ୍‌କିପର ଋଷଭ ପନ୍ତ ଦମ୍‌ଦାର ଶତକୀୟ ପାଳି ଖେଳିବାରୁ ଭାରତର ସ୍କୋର ୪୫୦ ରନ ଅତିକ୍ରମ କରିଥିଲା। ଭାରତୀୟ ପାଳିରେ ଏହା ୩ୟ ଶତକ ଥିଲା। ପୂର୍ବରୁ ପ୍ରଥମ ଦିବସରେ ଅଧିନାୟକ ଶୁବମନ ଗିଲ୍ ୧୪୭ ଓ ଓପନର୍ ଯଶସ୍ୱୀ ଜୟସ୍ୱାଲ ୧୦୧ ରନର ଶତକୀୟ ପାଳି ଖେଳିଥିଲେ।

ଜବାବରେ ପ୍ରଥମ ପାଳି ଆରମ୍ଭ କରିଥିବା ଘରୋଇ ଇଂଲଣ୍ଡ ଶେଷ ଖବର ସୁଦ୍ଧା ୧୮ ଓଭରରେ ଗୋଟିଏ ୱିକେଟ୍ ହରାଇ ୮୯ ରନ ସଂଗ୍ରହ କରିଛି। ବେନ୍ ଡକେଟ୍ଟ ୪୫ ଓ ଓଲି ପୋପ୍ ୩୯ ରନ କରି ଅପରାଜିତ ରହିଛନ୍ତି। ପୂର୍ବରୁ ପାଳିର ପ୍ରଥମ ଓଭରରେ ଓପନର୍ ଜାକ୍ କ୍ରଲୀ ୪ ରନ କରିଥିବାବେଳେ ଯଶପ୍ରୀତ ବୁମ୍‌ରାଙ୍କ ବଲରେ ସ୍ଲିପ୍ ଅଞ୍ଚଳରେ କରୁନ ନାୟାରଙ୍କ ହାତରେ କ୍ୟାଚ୍ ଆଉଟ୍ ହୋଇଥିଲେ। ଡକେଟ୍ଟ ଓ ପୋପ୍‌ଙ୍କ ମଧ୍ୟରେ ଅସମାପ୍ତ ଦ୍ୱିତୀୟ ୱିକେଟ୍‌ରେ ୮୫ ରନ ଭାଗୀଦାରି ହୋଇଛି।

### ୪୧ ରନରେ ଶେଷ ୭ ୱିକେଟ୍

ପୂର୍ବଦିନର ଅସମାପ୍ତ ପ୍ରଥମ ଇନିଂସ ସ୍କୋର ୩୫୯/୩ରୁ ଶନିବାର ଭାରତ ଖେଳ ଆରମ୍ଭ କରିଥିଲା। ଦୁଇ ଅପରାଜିତ ବ୍ୟାଟର୍ ଅଧିନାୟକ ଗିଲ୍ ୧୨୭ ଓ ପନ୍ତ ୬୫ ରନରୁ ଆଜି ସକାଳେ ସତର୍କତାର ସହ ବ୍ୟାଟିଂ କରିଥିଲେ। ତେବେ ଅଧିନାୟକ ଗିଲ୍ ନିଜ ସ୍କୋରରେ ଆଉ ୨୦ ରନ ଯୋଡ଼ି ସ୍ପିନର ସୋଏବ ବସିରଙ୍କ ବଲ୍‌ରେ ଆଉଟ୍ ହୋଇଥିଲେ। ୧୪୭ ରନର ପାଳିରେ ସେ ୧୯ ଚୌକା ଓ ଗୋଟିଏ ଛକା ମାରିଥିଲେ। ଆଉଟ୍ ହେବା ପୂର୍ବରୁ ପନ୍ତଙ୍କ ସହ ୪ର୍ଥ ୱିକେଟ୍‌ରେ ଗିଲ୍ ୨୦୯ ରନର ଭାଗୀଦାରି ଗଢ଼ିଥିଲେ। ଏହାପରେ ବ୍ୟାଟିଂ କରିବାକୁ ଆସିଥିବା କରୁନ ନାୟାର ସମ୍ପୂର୍ଣ୍ଣ ନିରାଶ



ଚାରୋଟି ଲେଖାଏଁ ୱିକେଟ୍ ନେଇଥିବା ଇଂଲଣ୍ଡର ଜୋଶ ଟଙ୍ଗ୍ ଓ ବେନ୍ ଷ୍ଟୋକ୍

କରିଥିଲେ। ଦୀର୍ଘ ୮ ବର୍ଷର ବ୍ୟବଧାନ ପରେ ଟେଷ୍ଟ ମ୍ୟାଚ୍ ଖେଳିବାର ସୁଯୋଗ ପାଇଥିବା କରୁନ ଖାତା ଖୋଲିବା ପୂର୍ବରୁ ବେନ୍ ଷ୍ଟୋକ୍‌ଙ୍କ ବଲରେ ପ୍ୟାଭିଲିୟନ ଫେରିଥିଲେ। ସେହିଭଳି ପରେ ପରେ ପନ୍ତ ମଧ୍ୟ ୧୩୪ ରନ କରି ଦ୍ରୁତ ବୋଲର ଜୋଶ ଟଙ୍ଗ୍‌ଙ୍କ ପ୍ରଥମ ଶିକାର ବନିଥିଲେ। ପନ୍ତ ତାଙ୍କ ୧୭୮ ବଲ୍ ପାଳିରେ ୧୨ ଚୌକା ଓ ୬ ଛକା ମାରିଥିଲେ। ଏହାପରେ ଭାରତୀୟ ନିମ୍ନକ୍ରମର ବ୍ୟାଟିଂ ବିଫଳତା ଯୋଗୁ ଦଳ ୪୭୧ ରନରେ ଅଲ୍ଆଉଟ୍ ହୋଇଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ରବୀନ୍ଦ୍ର ଜାଡେଜା ୧୧, ପ୍ରସିଦ୍ଧ କ୍ରିଷ୍ଣା ଓ ଶାର୍ଦ୍ଦୁଳ ଠାକୁର ୧ ରନ ଲେଖାଏ କରିଥିବାବେଳେ ବୁମ୍‌ରା ଖାତା ଖୋଲିପାରି ନ ଥିଲେ। ମହମ୍ମଦ ସିରାଜ ୩ ରନ କରି ଅପରାଜିତ ରହିଥିଲେ। ବୋଲିଂରେ ଷ୍ଟୋକ୍ ଓ ଟଙ୍ଗ ୪ଟି ଲେଖାଏ ୱିକେଟ୍ ନେଇଥିଲେ। ଏକଦା ୪୩୦ ରନରେ ୩ ୱିକେଟ୍ ହରାଇଥିବା ଭାରତ ପରବର୍ତ୍ତୀ ୪୧ ରନରେ ଶେଷ ୭ ୱିକେଟ୍ ହରାଇ ଅଲ୍ଆଉଟ୍ ହୋଇଥିଲା। ଫଳରେ ୫୦୦ ରନ ଅତିକ୍ରମ କରିବାର ସୁଯୋଗକୁ ଦଳ ହରାଇଥିଲା। ସେହିଭଳି ଟେଷ୍ଟ ମ୍ୟାଚର ଗୋଟିଏ ପାଳିରେ ୩ଟି ଶତକ ସହ ସର୍ବନିମ୍ନ ଦଳୀୟ ସ୍କୋର କରିବାରେ ଏହା ଏକ ଅଲୋଡ଼ା ରେକର୍ଡ ହୋଇଛି। ପୂର୍ବରୁ ୨୦୧୬ରେ ଇଂଲଣ୍ଡ ବିପକ୍ଷରେ ଦକ୍ଷିଣ ଆଫ୍ରିକା ୩ଜଣ ବ୍ୟାଟର୍‌ଙ୍କ ଶତକ ସତ୍ତ୍ୱେ ୪୭୫ ରନରେ ସୀମିତ ରହିଥିଲା।

**୧୪୮ ବର୍ଷ ଟେଷ୍ଟ ଇତିହାସରେ ପ୍ରଥମ**

ଇଂଲଣ୍ଡ ବିପକ୍ଷ ପ୍ରଥମ ଟେଷ୍ଟ ମ୍ୟାଚର ପ୍ରଥମ ପାଳିରେ ଭାରତ ୪୭୧ ରନ କରି ଅଲ୍ଆଉଟ୍ ହୋଇଯାଇଛି। ଭାରତୀୟ ପାଳିରେ ୩ଟି ଶତକ ଦେଖିବାକୁ ମିଳିଥିଲା। ଅଧିନାୟକ ଗିଲ୍ ସର୍ବାଧିକ ୧୪୭ ରନ କରିଥିବାବେଳେ ଉପ-ଅଧିନାୟକ ଋଷଭ ପନ୍ତ ୧୩୪ ରନର ପାଳି ଖେଳିଥିଲେ। ସେହିଭଳି ଓପନର୍ ଯଶସ୍ୱୀ ଜୟସ୍ୱାଲ ମଧ୍ୟ ୧୦୧ ରନ କରିଥିଲେ। ତେବେ ଟେଷ୍ଟ କ୍ରିକେଟ୍‌ର ୧୪୮ ବର୍ଷ ଇତିହାସରେ ପ୍ରଥମଥର ଲାଗି ଏକବିରଳ ଘଟଣା ଦେଖିବାକୁ ମିଳିଛି। ଟେଷ୍ଟ କ୍ରିକେଟ୍‌ରେ ପ୍ରଥମଥର ଲାଗି ଅଧିନାୟକ ଓ ଉପ-ଅଧିନାୟକ ଭାବେ ପଦାର୍ପଣ କରି ପ୍ରଥମ ପାଳିରେ ଶତକ ହାସଲ କରିବାରେ ଉଭୟ ପ୍ରଥମ ଅଧିନାୟକ ଓ ଉପ-ଅଧିନାୟକ ଯୋଡ଼ି ହୋଇଛନ୍ତି। ଗିଲ୍ ଓ ପନ୍ତ ପ୍ରଥମଥର ଲାଗି ଯଥାକ୍ରମେ ଭାରତୀୟ ଟେଷ୍ଟ ଦଳର ଅଧିନାୟକ ଓ ଉପ-ଅଧିନାୟକ ଭାର ଏହି ଟେଷ୍ଟରେ ସମ୍ଭାଳିଛନ୍ତି।

## ଶତକରେ ଧୋନିଙ୍କୁ ଟପିଲେ ଋଷଭ



ଶତକୀୟ ପାଳି ଅବସରରେ ଭାରତୀୟ ୱିକେଟ୍‌କିପର ଋଷଭ ପନ୍ତ ଏକାଧିକ କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ଟେଷ୍ଟ କ୍ରିକେଟ୍‌ରେ ପନ୍ତଙ୍କ ଏହା ୭ମ ଶତକ ଥିଲା। ଏଥିସହ ଭାରତୀୟ ୱିକେଟ୍‌କିପର ଭାବେ ଟେଷ୍ଟରେ ସର୍ବାଧିକ ଶତକ ଅର୍ଜନ କରିବାର ପନ୍ତ ପୂର୍ବତନ ଅଧିନାୟକ ମହେନ୍ଦ୍ର ସିଂ ଧୋନିଙ୍କୁ ପଛରେ ପକାଇଦେଇଛନ୍ତି। ଧୋନି ୯୦ ଟେଷ୍ଟ ଖେଳି ୬ ଶତକ ଓ ୩୩ ଅର୍ଦ୍ଧଶତକ ହାସଲ କରିଥିଲେ। ପନ୍ତ କିନ୍ତୁ ନିଜର ୪୪ତମ ଟେଷ୍ଟ ମ୍ୟାଚରେ ୭ମ ଶତକ ଅର୍ଜନ କରିଛନ୍ତି। ଏଥିସହ ସେ ଟେଷ୍ଟରେ ସର୍ବାଧିକ ଶତକ ହାସଲକାରୀ ଭାରତୀୟ ୱିକେଟ୍‌କିପର ହୋଇଛନ୍ତି। ଏହି ତାଲିକାରେ ପନ୍ତ ଓ ଧୋନିଙ୍କ ପଛକୁ ଋଦ୍ଧିମାନ ଶାହ (୩ଟି ଶତକ) ୩ୟ ସ୍ଥାନରେ ରହିଛନ୍ତି। ବିଶ୍ୱରେ ଟେଷ୍ଟରେ ସର୍ବାଧିକ ଶତକ ହାସଲକରିଥିବା ୱିକେଟ୍‌କିପର ଭାବେ ଅଷ୍ଟ୍ରେଲିଆର ଆଦାମ ଗିଲ୍‌କ୍ରିଷ୍ଟ ଶୀର୍ଷରେ ରହିଛନ୍ତି। ସେ ୧୭ଟି ଟେଷ୍ଟ ଶତକ ହାସଲ କରିଥିଲେ। ଆଣ୍ଡି ଫ୍ଲାୱାର (୧୨), ଲିସ୍ ଆମିସ୍ (୮), ଏବି ଡି ଭିଲର୍ସ (୭), ମ୍ୟାଟ୍ ପ୍ରାୟର (୭), କୁମାର ସାଙ୍ଗାକାରା (୭), ବିଜେ ୱାଟଲିଂ (୭) ଓ ପନ୍ତ (୭) ତାଲିକାରେ ପଛକୁ ସ୍ଥାନ ପାଇଛନ୍ତି।

## ଜୁନ ୨୩ରେ ଆଇଓସି ପାଳନ କରିବ 'ଲେଟ୍ସ ମୁଭ୍'

**ଭୁବନେଶ୍ୱର, ୨୧।୬ (ସମିସ):** ଅଭିନବ ବିନ୍ଦ୍ରା ଫାଉଣ୍ଡେସନ ଓ ରିଲାଏନ୍ସ ଫାଉଣ୍ଡେସନ ସହ ସହଭାଗୀତାରେ ଅନ୍ତର୍ଜାତୀୟ ଅଲିମ୍ପିକ କମିଟି (ଆଇଓସି)ର ବିଶ୍ୱସ୍ତରୀୟ ଅଭିଯାନ 'ଲେଟ୍ସ ମୁଭ' ଜୁନ ୨୩ରେ ଭାରତରେ ପାଳିତ ହେବ। ଏହି ଦିନ ଅଲିମ୍ପିକ ଦିବସ ପଡୁଥିବାବେଳେ ଲେଟ୍ସ ମୁଭର ନୂତନ ସଂସ୍କରଣ 'ଲେଟ୍ସ ମୁଭ +୧' ସାରା ଦେଶରେ ପାଳନ କରାଯିବ। ସାରା




ଦେଶର ଲୋକମାନଙ୍କ ଶାରୀରିକ ଓ ମାନସିକ ସୁସ୍ଥତା ବୃଦ୍ଧି ପାଇଁ କ୍ରୀଡ଼ାର ଶକ୍ତିକୁ ଅନୁଭବ କରିବା ଏବର୍ଷର ବିଷୟବସ୍ତୁ ରହିଛି। ଅଲିମ୍ପିକ ମୁଲ୍ୟବୋଧର ଶିକ୍ଷା କାର୍ଯ୍ୟକ୍ରମ (ଓଭିଇପି)ର ଅଂଶ ଭାବରେ ସାରା ଦେଶର ସ୍କୁଲଗୁଡ଼ିକୁ ଏହି ଆନ୍ଦୋଳନରେ ଯୋଗଦେବାକୁ ଆମନ୍ତ୍ରଣ କରାଯାଇଛି। ୧୪୫୦ ସ୍କୁଲର ପିଲା ଏଥିରେ ଭାଗନେଇ ଅଲିମ୍ପିଆନ ତଥା ପ୍ରସିଦ୍ଧ ତୀରନ୍ଦାଜ ଅତନୁ ଦାସ ଓ ଦୀପିକା କୁମାରୀଙ୍କ ସହ ଭାବବିନିମୟ କରିବାର ସୁଯୋଗ ପାଇବେ। ସେହିଭଳି ଅଭିନବ ବିନ୍ଦ୍ରା ଫାଉଣ୍ଡେସନ ରହିଥିବା ଓଡ଼ିଶା, ଆସାମ, ଚଣ୍ଡିଗଡ଼ରେ ଏଥର ୧୨ ନିୟୁତରୁ ଉର୍ଦ୍ଧ୍ୱ ସ୍କୁଲ ପିଲା ଭାଗନେବେ ବୋଲି ଆଶା କରାଯାଉଛି। ଏହି ଅବସରରେ ୨୦୦୮ ବେଜିଂ ଅଲିମ୍ପିକ ସ୍ୱର୍ଣ୍ଣ ବିଜେତା ଅଭିନବ ବିନ୍ଦ୍ରା କହିଛନ୍ତି, 'ଚଣ୍ଡିଗଡ଼, ଓଡ଼ିଶା ଓ ଆସାମରେ ଅଲିମ୍ପିକ ମୂଲ୍ୟବୋଧ ଶିକ୍ଷା କାର୍ଯ୍ୟକ୍ରମ ଏବଂ ଭାରତରେ ପ୍ରଥମଥର 'ଲେଟ୍ସ ମୁଭ' ଅଭିଯାନ ମାଧ୍ୟମରେ ଆମେ ଲକ୍ଷ୍ୟ ରଖିଛୁ କ୍ରୀଡ଼ା ଜରିଆରେ ପରବର୍ତ୍ତୀ ପିଢ଼ିକୁ ପ୍ରେରଣା, ଉନ୍ନତି ଓ ସଶକ୍ତକରିପାରିବୁ।

## ପ୍ୟାରିସ୍ ଡାଏମଣ୍ଡ ଲିଗ୍‌ରେ ନୀରଜଙ୍କ ବାଜିମାତ୍

**୮୮.୧୬ମିଟର ସହ ବର୍ଷର ପ୍ରଥମ ମେଜର୍ ଟାଇଟଲ୍**

**ପ୍ୟାରିସ୍,୨୧।୬(ଏଜେନ୍ସି):** ଦୁଇଥର ଅଲିମ୍ପିକ୍ସ ପଦକ ହାସଲ କରିଥିବା ଭାରତୀୟ ଆଥଲେଟିକ ସୁପରଷ୍ଟାର ନୀରଜ ଚୋପ୍ରା ପ୍ୟାରିସ ଡାଏମଣ୍ଡ ଲିଗ୍‌ରେ ବାଜି ମାରିଛନ୍ତି। ୨୭ ବର୍ଷୀୟ ନୀରଜ ପ୍ରଥମ ରାଉଣ୍ଡରେ ୮୮.୧୬ ମିଟର ଜାଭେଲିନ୍ ଫିଙ୍ଗି ବିଜୟ ସୁନିଶ୍ଚିତ କରିଥିଲେ। ସେ ଜର୍ମାନୀର ଜିଲିଆନ ୱେବେରଙ୍କୁ ପଛରେ ପକାଇ ପ୍ରଥମ ସ୍ଥାନରେ ରହିଥିଲେ। ୱେବେର ୮୭.୮୮ ମିଟର ଥ୍ରୋ କରି ଦ୍ୱିତୀୟ ସ୍ଥାନରେ ରହିଥିଲେ। ଶୁକ୍ରବାର ବିଳମ୍ବିତ ରାତିରେ ଅନୁଷ୍ଠିତ ଜାଭେଲିନ ଥ୍ରୋ ପ୍ରତିଯୋଗିତାରେ ବ୍ରାଜିଲର ଲୁଇଜ୍ ମୌରିସିଓ ଡି ସଲ୍‌ଭା ୮୬.୬୨ ମିଟର ଥ୍ରୋ କରି ତୃତୀୟ ସ୍ଥାନରେ ରହିଥିଲେ। ଗତ ମେ ୧୭ରେ ଅନୁଷ୍ଠିତ ଦୋହା ଡାଇମଣ୍ଡ ଲିଗ୍‌ରେ ନୀରଜ କ୍ୟାରିୟରରେ ପ୍ରଥମଥର ପାଇଁ ୯୦ମି ପାର କରିଥିଲେ। ଏଥିରେ ସେ ୯୦.୨୩ ମିଟର ଥ୍ରୋ କରିଥିଲେ ମଧ୍ୟ ଦ୍ୱିତୀୟ ସ୍ଥାନରେ ରହିଥିଲେ। ୱେବେର ୯୧.୦୬ ମିଟର ଥ୍ରୋ କରି ପ୍ରଥମ ସ୍ଥାନରେ ରହିଥିଲେ। ଏବେ ପ୍ୟାରିସରେ ୱେବେରଙ୍କଠାରୁ ନୀରଜ




ମଧୁର ପ୍ରତିଶୋଧ ନେଇଛନ୍ତି। ଏଥିସହ ସେ ଚଳିତ ବର୍ଷ ପ୍ରଥମଥର ପାଇଁ କୌଣସି ମେଜର ପ୍ରତିଯୋଗିତାରେ ବିଜୟୀ ହୋଇଛନ୍ତି। ପୁଣି ଗତ ଦୁଇବର୍ଷ ମଧ୍ୟରେ ନୀରଜ ପ୍ରଥମଥର ପାଇଁ ଡାଇମଣ୍ଡ ଲିଗ୍‌ରେ ବିଜୟ ହାସଲ କରିଛନ୍ତି।

### ୩ଟି ପ୍ରୟାସ ଫାଉଲ ଥିଲା

ପ୍ୟାରିସ୍‌ରେ ୬ଟି ଥ୍ରୋରୁ ନୀରଜଙ୍କ ୩ଟି ଫାଉଲ୍ ଥିଲା। ସେ ପ୍ରଥମ ଥ୍ରୋରେ ହିଁ ୮୮.୧୬ ମିଟର ଥ୍ରୋ କରିଥିଲେ। ଦ୍ୱିତୀୟ ରାଉଣ୍ଡରେ ସେ ୮୫.୧୦ ମିଟର ଥ୍ରୋ କରିଥିଲେ। ଏହାପରେ ତୃତୀୟ, ଚତୁର୍ଥ ଓ ୫ମ ରାଉଣ୍ଡ ଥ୍ରୋ ଫାଉଲ ଥିଲା। ଅନ୍ତିମ ତଥା ଷଷ୍ଠ ପ୍ରୟାସରେ ସେ ୮୨.୮୯ ମିଟର ଥ୍ରୋ କରିଥିଲେ। ଡାଇମଣ୍ଡ ଲିଗ୍‌ରେ ନୀରଜଙ୍କ ପ୍ରଦର୍ଶନ ଉଚ୍ଚକୋଟୀର ରହିଛି। ୨୦୦୨ରେ ସେ ସ୍ୱର୍ଣ୍ଣ, ୨୦୨୩ ଓ ୨୦୨୪ରେ ରୌପ୍ୟ ପଦକ ହାସଲ କରିଥିଲେ। ବେଙ୍ଗାଲୁରୁରେ ଜୁଲାଇ ୫ରେ ଆୟୋଜନ ହୋବାକୁ ଯାଉଥିବା ନୀରଜ ଚୋପ୍ରା କ୍ଲାସିକ୍ ଜାଭେଲିନ୍ ଥ୍ରୋରେ ସେ ଅଂଶଗ୍ରହଣ କରିବେ।

**ଗଲ୍‌ରେ ସାଣ୍ଟୋଙ୍କ ଦ୍ୱିତୀୟ ଶତକ**

# ମାଥ୍ୟୁସଙ୍କ ବିଦାୟୀ ଟେଷ୍ଟ ଅମୀମାଂସିତ

**ଗଲ୍,୨୧।୬(ଏଜେନ୍ସି):**

ଗଲ୍ ଅନ୍ତର୍ଜାତୀୟ ଷ୍ଟାଡିୟମରେ ଶ୍ରୀଲଙ୍କା ଓ ଭ୍ରମଣକାରୀ ବାଂଲାଦେଶ ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟ ମ୍ୟାଚ୍ ଅମୀମାଂସିତ ରହିଛି। ଟସ୍ ଜିତି ବାଂଲାଦେଶ ପ୍ରଥମ ଇନିଂସରେ ୧୫୩. ୪ ଓଭରରେ ୪୯୫ ରନକରି ଅଲଆଉଟ ହୋଇଥିଲା। ଜବାବରେ ଶ୍ରୀଲଙ୍କା ପ୍ରଥମ ଇନିଂସରେ ୧୩୧.୨ ଓଭରରେ ୪୮୫ ରନକରି ଆଉଟ ହୋଇ ୧୦ ରନ ପଛରେ ପଡିଥିଲା। ଏହାପରେ ଦ୍ୱିତୀୟ ଇନିଂସ ଆରମ୍ଭ କରି ବାଂଲାଦେଶ ଶନିବାର ପଞ୍ଚମ ଦିବସରେ ୮୭ ଓଭରରେ ୬ ୱିକେଟ ହରାଇ ୨୮୫ ରନ କରି ପାଳି ଘୋଷଣା କରିଥିଲା। ଫଳରେ ଶ୍ରୀଲଙ୍କା ସମ୍ମୁଖରେ ୨୯୬ ରନର ବିଜୟ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲା। ଜବାବରେ ଦ୍ୱିତୀୟ ଇନିଂସ ଆରମ୍ଭ କରି ଶ୍ରୀଲଙ୍କା ମ୍ୟାଚ୍ ଶେଷ ହେବା ବେଳକୁ ୩୨ ଓଭରରେ ୪ ୱିକେଟ ହରାଇ ୭୨ ରନ ସଂଗ୍ରହ କରିଥିଲା।



କାମିନ୍ଦୁ ମେଣ୍ଡିସ୍ ଓ ଅଧିନାୟକ ଧନଞ୍ଜୟ ଡିସିଲ୍‌ଭା ୧୨ ଲେଖାଏ ରନ୍ କରି ଅପରାଜିତ ରହିଥିଲେ। ଓପନର ପଥୁମ ନିଶାଙ୍କା ୨୪ ରନ କରି ଆଉଟ ହୋଇଥିବାବେଳେ ଅନ୍ୟମାନେ ବିଫଳ ହୋଇଥିଲେ। ବାଂଲାଦେଶର ତାଇଜୁଲ ଇସ୍‌ଲାମ ୩ ୱିକେଟ ନେଇଥିଲେ। ବର୍ଷା ଯୋଗୁ ୫ମ ଦିବସର ଖେଳ ବାଧାପ୍ରାପ୍ତ ହୋଇଥଲା। ପ୍ରଥମ ଇନିଂସରେ ୧୪୮ ଓ ଦ୍ୱିତୀୟରେ ଅପରାଜିତ ୧୨୫ ରନର ଶତକୀୟ ପାଳି ଖେଳିଥିବା ବାଂଲାଦେଶ ଅଧିନାୟକ ନାଜମୁଲ ହୋସେନ ସାଣ୍ଟୋ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ସିରିଜ ଦ୍ୱିତୀୟ ତଥା ଅନ୍ତିମ ଟେଷ୍ଟ ଆସନ୍ତା ୨୫ ତାରିଖରୁ କଲମ୍ବୋରେ ଆରମ୍ଭ ହେବ। ଏହାପରେ ଦୁଇଦେଶ ମଧ୍ୟରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ଓ ଟି-୨୦ ସିରିଜ ଖେଳାଯିବ।




ବିଶ୍ୱର ଅନ୍ୟତମ ଶ୍ରେଷ୍ଠ ଅଲ୍‌ରାଉଣ୍ଡର ଶ୍ରୀଲଙ୍କାର ଆଞ୍ଜେଲୋ ମାଥ୍ୟୁସ ବାଂଲାଦେଶ ବିପକ୍ଷ ପ୍ରଥମ ମ୍ୟାଚ୍ ଖେଳି ଟେଷ୍ଟ କ୍ରିକେଟ୍‌କୁ ଅଲ୍‌ବିଦା କରିଛନ୍ତି। ଏହି ମ୍ୟାଚ୍ ତାଙ୍କ କ୍ୟାରିୟରର ଶେଷ ଟେଷ୍ଟ ହେବ ବୋଲି ୩୮ ବର୍ଷୀୟ ମାଥ୍ୟୁସ ପୂର୍ବରୁ ଘୋଷଣା କରିଥିଲେ। ଶନିବାର ସେ ଶ୍ରୀଲଙ୍କାର ୨ୟ ପାଳିରେ ୪୫ ବଲ୍ ସାମ୍ନା କରି ମାତ୍ର ୮ ରନ କରି ଆଉଟ୍ ହୋଇଥିଲେ। ବିଦାୟୀ ପାଳିରେ ନିରାଶ କରିଥିଲେ ମଧ୍ୟ ମାଥ୍ୟୁସ ପ୍ୟାଭିଲିୟନ ଫେରିବାବେଳେ ଘରୋଇ ଦର୍ଶକଙ୍କ ସାମ୍ନାରେ ବେଶ୍ ଭାବବିହ୍ୱଳ ହୋଇପଡ଼ିଥିଲେ। ଏହି ସମୟରେ ଫିଲ୍ଡରେ ଥିବା ବାଂଲାଦେଶ ଖେଳାଳିମାନେ ମାଥ୍ୟୁସଙ୍କ ନିକଟରୁ ଆସି ତାଙ୍କ ସହ ହାତ ମିଳାଇ ବିଦାୟ ଦେଇଥିଲେ। ଉଲ୍ଲେଖଯୋଗ୍ୟ, ଏହି ଗଲ୍ ଷ୍ଟାଡିୟମରେ ହିଁ ୨୦୦୯ରେ ପାକିସ୍ତାନ ବିପକ୍ଷରେ ଖେଳି ମାଥ୍ୟୁସ ତାଙ୍କ ଟେଷ୍ଟ କ୍ୟାରିୟର ଆରମ୍ଭ କରିଥିଲେ। ୧୧୮ ଟେଷ୍ଟ ମ୍ୟାଚ୍ ଖେଳି ସେ ୪୪.୪୦ ହାରରେ ୮୨୧୪ ରନ କରିଛନ୍ତି। ଯେଉଁଥିରେ ୧୬ ଶତକ ଓ ୪୫ ଅର୍ଦ୍ଧଶତକ ଲିପିବଦ୍ଧ ରହିଛି। ସେହିଭଳି ସେ ଟେଷ୍ଟରେ ମଧ୍ୟ ୩୩ ୱିକେଟ୍ ନେଇଛନ୍ତି।

■ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ

## ଭୁବନେଶ୍ୱର-ଏ ଓ କଟକ-ଏ ଫାଇନାଲ ଆଜି

**କଟକ,୨୧।୬(ସମିସ):** ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଆନୁକୂଲ୍ୟରେ ଆୟୋଜିତ ୧୯ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଫାଇନାଲରେ ଭୁବନେଶ୍ୱର-ଏ ଓ କଟକ-ଏ ପ୍ରବେଶ କରିଛନ୍ତି। ବାରବାଟୀ ଷ୍ଟାଡିୟମରେ ରବିବାର ଫାଇନାଲ ମୁକାବିଲା ହେବ। ଶନିବାର ବାରବାଟୀ ଷ୍ଟାଡିୟମରେ ପ୍ରଥମ ସେମିଫାଇନାଲରେ ଭୁବନେଶ୍ୱର-ଏ ଓ ସୁନ୍ଦରଗଡ଼ ମଧ୍ୟରେ ମୁକାବିଲା ହୋଇଥିଲା। ଭୁବନେଶ୍ୱର-ଏ ୬ ରନରେ ବିଜୟୀ ହୋଇ ପ୍ରଥମ ଦଳ ଭାବେ ଫାଇନାଲରେ ସ୍ଥାନ ସୁରକ୍ଷିତ କରିଥିଲା। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଭୁବନେଶ୍ୱର ଦଳ ୧୨୧ ରନରେ ଅଲଆଉଟ ହୋଇଥିଲା। ଶ୍ରେୟାଂଶୁ ପଟ୍ଟନାୟକ ସର୍ବାଧିକ ୩୫ ରନ କରିଥିଲେ। ସୁନ୍ଦରଗଡ଼ର ଓମ ବେହେରାଙ୍କୁ ୬ଟି ୱିକେଟ ମିଳିଥିଲା। ତେବେ ୧୨୨ରନର ବିଜୟ ଲକ୍ଷ୍ୟକୁ ପିଛା କରିଥିବା ସୁନ୍ଦରଗଡ଼ ୨୨.୨ ଓଭର ଖେଳ ଶେଷ ସୁଦ୍ଧା ୫ ୱିକେଟ ବିନିମୟରେ ୬୫ ରନ କରିଥିବା ବେଳେ ବର୍ଷା ଯୋଗୁଁ ମ୍ୟାଚ୍ ସ୍ଥଗିତ ରହିଥିଲା। ପରବର୍ତ୍ତୀ ସମୟରେ ଖେଳ ଆରମ୍ଭ ହୋଇ ନପାରିବା ଯୋଗୁଁ ଡିଏଲଏସ୍ ପଦ୍ଧତିରେ ଭୁବନେଶ୍ୱର-ଏକୁ ବିଜୟୀ ଘୋଷିତ କରାଯାଇଛି।



ଓମ ବେହେରା



ପ୍ରଜ୍ଞା କୁମାର ପତ୍ରି

୧୫ ରନ ବ୍ୟୟ କରି ୩ ୱିକେଟ ସଫଳତା ପାଇଥିବା ବିଜୟୀ ଦଳର ପ୍ରଜ୍ଞା କୁମାର ପତ୍ରିଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଛି। ରେଭେନ୍ସା ଗ୍ରାଉଣ୍ଡରେ କଟକ-ଏ ଓ ଭୁବନେଶ୍ୱର-ବି ମଧ୍ୟରେ ଖେଳାଯିବାକୁ ଥିବା ଦ୍ୱିତୀୟ ସେମିଫାଇନାଲ ମ୍ୟାଚ୍ ବର୍ଷା ଯୋଗୁଁ ସମ୍ପୂର୍ଣ୍ଣ ବାଧାପ୍ରାପ୍ତ ହୋଇଥିବା ବେଳେ ନକଆଉଟ ପର୍ଯ୍ୟାୟ ପଏଣ୍ଟ ଆଧାରରେ କଟକ-ଏ'କୁ ବିଜୟୀ ଘୋଷିତ କରାଯାଇଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS